୭୯ତମ
ସ୍ୱାଧୀନତା ଦିବସ ଅବସରରେ
'ସକାଳ' ପରିବାର ତରଫରୁ
ହାର୍ଦ୍ଦିକ ଶୁଭେଚ୍ଛା ।

ସ୍ୱାଧୀନତା ଦିବସ ଉପଲକ୍ଷେ
୧୫ ତାରିଖ 'ସକାଳ'
କାର୍ଯ୍ୟାଳୟ ଛୁଟି ରହୁଥିବାରୁ
ପରବର୍ତ୍ତୀ ସଂସ୍କରଣ
୧୭ ତାରିଖ (ରବିବାର)
ପ୍ରକାଶ ପାଇବ



- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

PANIKOILI | •VOLUME- 43 •ISSUE-52 •FRIDAY •15 AUGUST 2025 •PAGE-12 •₹ 6.00

•ବର୍ଷ-୪୩ •ସଂଖ୍ୟା-୫୨ •ଶୁକ୍ରବାର •୧୫ ଅଗଷ୍ଟ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦



DADLS-41



## ୭୯ତମ ସ୍ୱାଧୀନତା ଦିବସର ଅଭିନନ୍ଦନ ଓ ଶୁଭେଚ୍ଛା

## ବିକଶିତ ଭାରତ@୨୦୪୭ ମାର୍ଗରେ ଓଡ଼ିଶାର ସମାବେଶୀ ବିକାଶ

### ସୁରକ୍ଷିତ ହେଉଛି ଓଡ଼ିଆ ଅସ୍ମିତା, ବିକଶିତ ହେଉଛି ଐତିହ୍ୟ

ପୁରୀର ପ୍ରସିଦ୍ଧ 'ସାହିଯାତ'କୁ ମିଳିଛି **୧୬ ଲକ୍ଷ** ଟଙ୍କାର ଅନୁଦାନ

'ବରପୁତ୍ର ଐତିହ୍ୟ ଗ୍ରାମ' ଯୋଜନାର ଶୁଭାରମ୍ଭ

### ସଶକ୍ତ ମହିଳା, ବିକଶିତ ଓଡ଼ିଶା

'ସୁଭଦ୍ରା' ଯୋଜନାରେ **୧ କୋଟି** ମହିଳା ଉପକୃତ, କୋଟିଆ ପଞ୍ଚାୟତରୁ ୧୭୮୩

**୧୭ ଲକ୍ଷ** 'ଲକ୍ଷପତି ଦିଦି' ସୃଷ୍ଟି କରି ସାରା ଦେଶରେ ସବୁଠୁ ଆଗରେ ଓଡ଼ିଶା

### କୃଷି ଓ କୃଷକଙ୍କ କଲ୍ୟାଣରେ ସମର୍ପିତ ଲୋକଙ୍କ ସରକାର

ଗୋପାଳକଙ୍କୁ ପ୍ରୋତ୍ସାହିତ କରୁଛି 'ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନା'

'ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ' ଯୋଜନାରେ **୧୧୭ ପ୍ରକାର** କୃଷି ଉଦ୍ୟୋଗ ପାଇଁ **୧ କୋଟି** ଟଙ୍କା ଯାଏଁ ରିହାତି

### ଲୋକଙ୍କ ସରକାରରେ ସ୍ୱାସ୍ଥ୍ୟ ସେବାକୁ ଗୁରୁତ୍ୱ

ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା, ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଏବଂ ଆୟୁଷ୍ମାନ୍ ବୟୋ ବନ୍ଦନା ଯୋଜନା କାର୍ଯ୍ୟକାରୀ

### ସୁଲଭ ଓ ସୁରକ୍ଷିତ ଯାତାୟାତ ଏବଂ ଉନ୍ନତ ପରିବହନ ଓ ପର୍ଯ୍ୟଟନ ବ୍ୟବସ୍ଥା

ଭୁବନେଶ୍ୱରରୁ ଆବୁଧାବିକୁ ସିଧାସଳଖ ବିମାନ ଚଳାଚଳ ଆରମ୍ଭ

ସୁବର୍ଣ୍ଣପୁରରୁ-ପୁରୁଣାକଟକକୁ ରେଳ ସଂଯୋଗ

୧୦୦ ଗୋଟି ଇ-ବସ୍ ସେବାର ଶୁଭାରମ୍ଭ

### ଲୋକଙ୍କ ସରକାରରେ ସାମାଜିକ ସୁରକ୍ଷାକୁ ପ୍ରାଧାନ୍ୟ

କାର୍ଯ୍ୟରତ ପଞ୍ଚାୟତିରାଜ ପ୍ରତିନିଧିଙ୍କ ମୃତ୍ୟୁରେ **୨ ଲକ୍ଷ** ଟଙ୍କାର ଅନୁକମ୍ପାମୂଳକ ସହାୟତା ରାଶି ଓ ଅକ୍ଷମତା କ୍ଷେତ୍ରରେ **୧ ଲକ୍ଷରୁ ୨ ଲକ୍ଷ** ଟଙ୍କା ପର୍ଯ୍ୟନ୍ତ ଆର୍ଥିକ ସହାୟତା

ପରିମଳ (ସ୍ୱରେଜ ଓ ସେପ୍ଟିକ୍ ଟାଙ୍କି ସଫେଇ) କର୍ମଚାରୀଙ୍କ ପାଇଁ **୧୦ ଲକ୍ଷ** ଟଙ୍କାର ଜୀବନ ବୀମା, କର୍ମକ୍ଷେତ୍ରରେ ଜୀବନହାନି ହେଲେ **୩୦ ଲକ୍ଷ** ଟଙ୍କାର ସହାୟତା ରାଶି

### ସବୁ ଜିଲ୍ଲାରେ ଶିଳ୍ପ, ସବୁ ଜିଲ୍ଲାରେ ଉଦ୍ୟୋଗୀ

ଘରୋଇ ପୁଞ୍ଜିନିବେଶରେ ଦେଶରେ ଓଡ଼ିଶା ୧ ନମ୍ବର ୨୦୨୫ ଏପ୍ରିଲରୁ ଜୁନ ମଧ୍ୟରେ ସାରା ଦେଶର ମୋଟ ଘରୋଇ ପୁଞ୍ଜିନିବେଶର ୪୦% ଓଡ଼ିଶାରେ

DMF ପାଣ୍ଠି ସଂଗ୍ରହରେ ମଧ୍ୟ ସାରା ଦେଶରେ ସବୁଠୁ ଆଗରେ ଓଡ଼ିଶା

### ଲୋକଙ୍କ ସରକାରରେ ସୁଶାସନ ଓ ସୁରକ୍ଷାକୁ ପ୍ରାଧାନ୍ୟ, ନ୍ୟାୟିକ ବ୍ୟବସ୍ଥା ସୁଦୃଢ଼

ଦୁର୍ନୀତି ଓ ଦୁର୍ନୀତିଗ୍ରସ୍ତଙ୍କ ପ୍ରତି ସରକାରଙ୍କ 'ଶୂନ୍ୟ ସହନଶୀଳ' ନୀତି ଅବଲମ୍ବନ ପ୍ରଶସ୍ତ କରୁଛି ସୁଶାସନ ଓ ଗରିବ କଲ୍ୟାଣ

ଲୋକଙ୍କ ସରକାରରେ ସୁଦୃଢ଼ ହେଉଛି ସହାୟତା ବ୍ୟବସ୍ଥା, ଜରୁରୀକାଳୀନ ପ୍ରଶମନ ପାଇଁ 'ଡାଏଲ ୧୧୨ ଯୋଜନା'ର ସମ୍ପ୍ରସାରଣ

### ଯୁବ ସଶକ୍ତିକରଣ ପାଇଁ ଉତ୍ସର୍ଗୀକୃତ ଲୋକଙ୍କ ସରକାର

ସରକାରୀ ଚାକିରି ଆବେଦନ ବୟସ ସୀମା **୩୨ ରୁ ୪୨** କୁ ବୃଦ୍ଧି

ଗତ ଏକ ବର୍ଷରେ ବିଭିନ୍ନ ସରକାରୀ ପଦବୀରେ ମିଳିଛି **୨୮ହଜାରରୁ** ଅଧିକ ନିଯୁକ୍ତି, ଚଳିତବର୍ଷ ଆଉ **୪୦ ହଜାର** ସରକାରୀ ଚାକିରୀ ଦେବାର ଲକ୍ଷ୍ୟ

### ଜନଜାତି ଉନ୍ନତିରେ ଲୋକଙ୍କ ସରକାର

'ମାଧୋ ସିଂ ହାତ ଖର୍ଚ୍ଚ ଯୋଜନା'ରେ **୩ ଲକ୍ଷ** ଯୋଗ୍ୟ ଆଦିବାସୀ ଛାତ୍ରଛାତ୍ରୀଙ୍କୁ ମିଳୁଛି ବାର୍ଷିକ **୫ ହଜାର** ଟଙ୍କା

'ଆମେ ପଢ଼ିବା ଆମ ଭାଷାରେ' ଯୋଜନାରେ **୧୭ଟି** ଆଦିବାସୀ ଭାଷାରେ ମିଳୁଛି ମାତୃଭାଷା ଆଧାରିତ ପ୍ରାଥମିକ ଶିକ୍ଷା

### ସୁଦୃଢ଼ ହେଉଛି ଶିକ୍ଷା ବ୍ୟବସ୍ଥା ସୁନିଶ୍ଚିତ ହେଉଛି ଭବିଷ୍ୟତ

ଗୁଣାତ୍ମକ ଶିକ୍ଷାର ସୁନିଶ୍ଚିତତା ପାଇଁ ପ୍ରଥମ ପର୍ଯ୍ୟାୟରେ **୮୩୫** 'ଗୋଦାବରୀଶ ମିଶ୍ର ଆଦର୍ଶ ବିଦ୍ୟାଳୟ'

ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ 'ମାଗଣା ଛାତ୍ରାବାସ ସୁବିଧା'

### ବିକଶିତ ଓଡ଼ିଶା ପାଇଁ ବିକଶିତ ଗାଁ ଓ ସମୃଦ୍ଧ ସହର

'ପିଏମ୍-ଆବାସ' ଓ 'ଅନ୍ତ୍ୟୋଦୟ ଗୃହ ଯୋଜନାରେ **୨.୬୫ ଲକ୍ଷ** ଲୋକଙ୍କୁ ମିଳିଛି ପକ୍କା ଘର

ମହାନଗର ନିଗମରେ ପରିଣତ ହେବ ପୁରୀ ପୌରପାଳିକା

### ପରିବେଶ ଅନୁକୂଳ ବିକାଶକୁ ପ୍ରାଧାନ୍ୟ ଦେଉଛନ୍ତି ଲୋକଙ୍କ ସରକାର

ଅକ୍ଷୟ ଶକ୍ତି ବ୍ୟବହାରରେ ଅଗ୍ରଣୀ ଓଡ଼ିଶା

ସୌରଶକ୍ତିସମ୍ପନ୍ନ ହୋଇଛି **୬୦୩ଟି** ସରକାରୀ କୋଠା

### ଲୋକଙ୍କ ସରକାରରେ ସୁନିଶ୍ଚିତ ହେଉଛି ଛାତ୍ରୀଙ୍କ ସୁରକ୍ଷା

ଉଚ୍ଚ ଶିକ୍ଷାନୁଷ୍ଠାନରେ ଛାତ୍ରୀଙ୍କ ସୁରକ୍ଷା, ଆତ୍ମରକ୍ଷା ଓ ସଶକ୍ତିକରଣ ସୁନିଶ୍ଚିତତା ପାଇଁ ଐତିହାସିକ ପଦକ୍ଷେପ 'ଶକ୍ତିଶ୍ରୀ'

ଛାତ୍ରୀଙ୍କ ସାଥି 'ଶକ୍ତିଶ୍ରୀ ମୋବାଇଲ ଆପ୍'

### ଓଡ଼ିଆ ଅସ୍ମିତାର ପରିଚୟ ବୁଣାକାରଙ୍କୁ ମିଳୁଛି ସମ୍ମାନ

ଓଡ଼ିଶାରେ ବୟନ ଶିଳ୍ପର ଅଭିବୃଦ୍ଧି ପାଇଁ 'ଓଡ଼ିଶା ଟେକ୍ସ-୨୦୨୫'ରେ **୧୬୦**ରୁ ଅଧିକ ଉଦ୍ୟୋଗପତିଙ୍କ ସହିତ **୩୩ ଏମଓୟୁ** ସ୍ୱାକ୍ଷରିତ, **୮ ହଜାର କୋଟି** ପୁଞ୍ଜି ନିବେଶ ପ୍ରସ୍ତାବ ପ୍ରାପ୍ତ-**୫୩,୩୦୦** ନିଯୁକ୍ତି ସୁଯୋଗ ସୃଷ୍ଟି

### ଲୋକଙ୍କ ସରକାରରେ ତ୍ୱରାନ୍ୱିତ ହେଉଛି ସାମଗ୍ରିକ ବିକାଶଧାରା

ଦୁର୍ଗମ ତଥା ପଛୁଆ ଅଞ୍ଚଳର ଉତ୍ପାଦକୁ ରାଜ୍ୟ ଓ ଜାତୀୟସ୍ତରରେ ପ୍ରୋତ୍ସାହିତ କରିବ 'ଆକାଂକ୍ଷା ହାଟ'

'ଡିଜିଟାଲ ଇ-ମାର୍କେଟ ପ୍ଲେସ'ରେ ଉପଲବ୍ଧ ହେବ ଆକାଂକ୍ଷୀ ଜିଲ୍ଲାର ଉତ୍ପାଦ

ସୂଚନା ଓ ଲୋକସମ୍ପର୍କ ବିଭାଗ, ଓଡ଼ିଶା ସରକାର

OIPR-15001/13/0954/2526

୭୯ତମ ସ୍ୱାଧୀନତା ଦିବସ ଅବସରରେ 'ସକାଳ' ପରିବାର ତରଫରୁ ହାର୍ଦ୍ଦିକ ଶୁଭେଚ୍ଛା ।

ସ୍ୱାଧୀନତା ଦିବସ ଉପଲକ୍ଷେ ୧୫ ତାରିଖ 'ସକାଳ' କାର୍ଯ୍ୟାଳୟ ଛୁଟି ରହୁଥିବାରୁ ପରବର୍ତ୍ତୀ ସଂସ୍କରଣ ୧୭ ତାରିଖ (ରବିବାର) ପ୍ରକାଶ ପାଇବ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

PANIKOILI | •VOLUME- 43 •ISSUE-52 •FRIDAY •15 AUGUST 2025 •PAGE-12 •₹ 6.00

୭୯ତମ ସ୍ୱାଧୀନତା ଦିବସ

•ବର୍ଷ-୪୩ •ସଂଖ୍ୟା-୫୨ •ଶୁକ୍ରବାର •୧୫ ଅଗଷ୍ଟ ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


### ଏସ୍ଆଇଆର୍ ମାମଲା: ଇସିଙ୍କୁ ସୁପ୍ରିମ୍‌କୋର୍ଟଙ୍କ ନିର୍ଦ୍ଦେଶ

# ୬୫ ଲକ୍ଷ ଭୋଟରଙ୍କ ତଥ୍ୟ ସାର୍ବଜନୀନ କର

■ **ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି):** ବିହାରରେ ନିର୍ବାଚନ କମିସନ ପକ୍ଷରୁ ଚାଲିଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍ଆଇଆର୍) ପ୍ରକ୍ରିୟାକୁ ନେଇ କଠୋର ଆଭିମୁଖ୍ୟ ଗ୍ରହଣ କରିଛନ୍ତି ସୁପ୍ରିମ କୋର୍ଟ। ତାଲିକା ସଂଶୋଧନ ବେଳେ ଯେଉଁ ୬୫ ଲକ୍ଷ ଭୋଟରଙ୍କ ନାମ କଟାଯାଇଛି ସେମାନଙ୍କ ସଂପର୍କରେ ସଂପୂର୍ଣ୍ଣ ତଥ୍ୟ ଲୋଡ଼ିଛନ୍ତି। ଏହି ଭୋଟରଙ୍କ ନାମ ତାଲିକା ସହିତ ସେମାନେ କାହିଁକି ବାଦ୍ ପଡ଼ିଛନ୍ତି, ତାହାର କାରଣ ଦର୍ଶାଇବା ଲାଗି କୁହାଯାଇଛି। ଏହାର ପୂର୍ଣ୍ଣାଙ୍ଗ ବିବରଣୀ ଆଞ୍ଚଳିକ ଭାଷାର ସମ୍ବାଦପତ୍ର ସହିତ ଜାତୀୟ ସମ୍ବାଦପତ୍ର, ଟିଭି ଓ ରେଡିଓ ପ୍ରକାଶ ଓ ପ୍ରସାର କରିବା ଲାଗି ସର୍ବୋଚ୍ଚ ଅଦାଲତ କମିସନଙ୍କୁ କହିଛନ୍ତି।

ବିହାରରେ ଏସ୍ଆଇଆର୍ ପାଇଁ ଜୁନ୍ ୨୪ରେ ନିର୍ବାଚନ କମିସନ ନେଇଥିବା ନିଷ୍ପତ୍ତିକୁ ଚାଲେଞ୍ଜ କରି ଆଗତ ପିଟିସନ ଉପରେ ଶୁଣାଣି କରି ଜଷ୍ଟିସ ସୂର୍ଯ୍ୟକାନ୍ତ ଏବ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କୁ ନେଇ ଗଠିତ ବେଞ୍ଚ ଆଜି ନିର୍ବାଚନ କମିସନଙ୍କୁ ଉପରୋକ୍ତ ନିର୍ଦ୍ଦେଶ ଦେଇଛନ୍ତି। ଏହି ଆଦେଶ କାର୍ଯ୍ୟକାରୀ ହୋଇଛି କି ନାହିଁ ଏବଂ ଯଦି ହୋଇଛି କେତେ ହୋଇଛି ତାହାର କଂପ୍ଲାୟନ୍ସ ରିପୋର୍ଟ ମାମଲାର ପରବର୍ତ୍ତୀ ଶୁଣାଣି (ଅଗଷ୍ଟ ୨୨ ତାରିଖ) ପୂର୍ବରୁ ଦାଖଲ କରିବାକୁ କହିଛନ୍ତି।



### ସମ୍ବାଦପତ୍ର, ଟିଭି ଓ ରେଡିଓରେ ବାଦ୍ ପଡ଼ିଥିବା ଭୋଟରଙ୍କ ବିବରଣୀ ପ୍ରକାଶ କର

### ଆଧାର କାର୍ଡ ଦେଖାଇ ନାମ ସାମିଲ କରିପାରିବେ ଭୋଟର

କୋର୍ଟ କହିଛନ୍ତି ଯେ ଭୋଟର ତାଲିକାରେ ଯେଉଁମାନଙ୍କୁ ମୃତ ଦର୍ଶାଯାଇଛି କିମ୍ବା ଯେଉଁମାନେ ଅନ୍ୟ ରାଜ୍ୟକୁ ପଳାଇଛନ୍ତି ବୋଲି କୁହାଯାଉଛି ସେମାନଙ୍କର ତାଲିକା ସମସ୍ତ ପଞ୍ଚାୟତ ସ୍ତରୀୟ ଅଫିସ, ଜିଲ୍ଲା ସ୍ତରୀୟ ରିଟର୍ଣ୍ଣି ଅଫିସର କାର୍ଯ୍ୟାଳୟରେ ଲଗାଇବାକୁ ହେବ। ଟିଭି, ରେଡିଓ, ଇଂରାଜୀ ସମ୍ବାଦପତ୍ର ସମେତ ଆଞ୍ଚଳିକ ଭାଷା ସମ୍ବାଦପତ୍ରରେ ଏହି ତଥ୍ୟ ସଂପର୍କରେ ସୂଚନା ଦେବାକୁ ପଡ଼ିବ। ଏହାସହିତ କୋର୍ଟ ଆଉ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଶୁଣାଇ କହିଛନ୍ତି ଯେ ଯେଉଁ ଭୋଟରଙ୍କର ନାମ ▶ପୃଷ୍ଠା-୭

### ଫାଟିଲା ବାଦଲ; ଧସିଲା ପାହାଡ଼

# ୪୦ ମୃତ, ୨୦୦ ନିଖୋଜ

■ **ଶ୍ରୀନଗର, ୧୪।୮ (ଏଜେନ୍ସି):** ଜମ୍ମୁ-କଶ୍ମୀରର କିସ୍ତୱାର ଜିଲ୍ଲାରେ ଆଜି ବାଦଲଫଟା ବର୍ଷା ଯୋଗୁଁ ବଡ଼ ଧରଣର ବିପର୍ଯ୍ୟୟ ଘଟି ୪୦ ଜଣ ଲୋକ ପ୍ରାଣ ହରାଇଥିବା ବେଳେ ୨୦୦ରୁ ଅଧିକ ଲୋକ ନିଖୋଜ ଥିବା ଆଶଙ୍କା କରାଯାଉଛି। ବର୍ତ୍ତମାନ ସୁଦ୍ଧା ୧୨୦ ଜଣଙ୍କୁ ଉଦ୍ଧାର କରାଯାଇଛି। ସେମାନଙ୍କ ମଧ୍ୟରୁ ୩୮ ଜଣଙ୍କ ଅବସ୍ଥା ସଙ୍କଟାପନ୍ନ ରହିଛି। ଉଦ୍ଧାର କାର୍ଯ୍ୟ ଚାଲିଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ମୃତକଙ୍କ ମଧ୍ୟରେ ଦୁଇ ଜଣ ସିଆଇଏସଏଫ୍ ଯବାନ ରହିଥିବା ଜଣାପଡ଼ିଛି।

### କିସ୍ତୱାରରେ ପ୍ରକୃତିର ତାଣ୍ଡବ

ମିଳିଥିବା ସୂଚନା ଅନୁଯାୟୀ ଆଜି ଅପରାହ୍ଣ ୧୨ଟା ୩୦ରେ ବାଦଲ ଫଟା ବର୍ଷା କାରଣରୁ କିସ୍ତୱାର ଜିଲ୍ଲାର ଚୋସିତି ଗ୍ରାମ ଧ୍ୱଂସ ହୋଇଯାଇଛି। ପାର୍ବତ୍ୟ ଅଞ୍ଚଳରେ ଥିବା ଏହି ଗ୍ରାମରେ ହଜାର ହଜାର ଶ୍ରଦ୍ଧାଳୁ ଏକ ଧାର୍ମିକ କାର୍ଯ୍ୟକ୍ରମ ପାଇଁ ଏକତ୍ରିତ ହେଉଥିବା ବେଳେ ଏଭଳି ବିପର୍ଯ୍ୟୟ ଘଟିଛି। ପାହାଡରୁ ବୋହି ଆସିଥିବା ପାଣି ଓ ଆବର୍ଜନାରେ ଅନେକ ଲୋକ ଭାସି ଯାଇଛନ୍ତି। ମଚାଇଲ ମାତା ମନ୍ଦିର ଯିବା ଲାଗି ଶ୍ରଦ୍ଧାଳୁ ବିଭିନ୍ନ ଗାଡ଼ିରେ ଆସି ଏଠାରେ ଏକାଠି ହୋଇଥିଲେ। ଏଠାରୁ ସେମାନେ ଚାଲି ଚାଲି ମନ୍ଦିର ଯାଇଥାନ୍ତେ। ବର୍ଷା ବେଳେ ଏହି ଗାଁରେ ଲଙ୍ଗରରେ ଶ୍ରଦ୍ଧାଳୁମାନେ ଏକାଠି ଖାଉଥିଲେ। ସେମାନଙ୍କୁ ସୁରକ୍ଷା ଦେବାଲାଗି ପାଖରେ ନିରାପତ୍ତା ଯବାନଙ୍କର କ୍ୟାମ୍ପ ମଧ୍ୟ ଲାଗିଥିଲା। ଏହି କ୍ୟାମ୍ପ ମଧ୍ୟ ଭାସିଯାଇଛି।

ଖବର ପାଇଁ ଉଦ୍ଧାରକାରୀ ଦଳ ଘଟଣାସ୍ଥଳରେ ପହଞ୍ଚିଛନ୍ତି। ୨୦୦ରୁ ୩୦୦ ଲୋକ ଫସିଥିବା ଆଶଙ୍କା କରାଯାଉଛି ବୋଲି ଡେପୁଟି କମିସନର ପଙ୍କଜ ଶର୍ମା କହିଛନ୍ତି। ଏନ୍‌ଡିଆରଏଫ୍‌ର ଦୁଇଟି ଦଳକୁ ▶ପୃଷ୍ଠା-୭



# ବାନ୍ଧବୀଙ୍କୁ ସଂଜ୍ଞାହୀନ କରି ଦୁଷ୍କର୍ମ

■ **ତେଲକୋଇ, ୧୪।୮ (ସମିସ):** ବାନ୍ଧବୀଙ୍କୁ ମାଡ଼ ମାରି ସଂଜ୍ଞାହୀନ କରିବା ପରେ ଦୁଷ୍କର୍ମ ଏବଂ ପରେ ଯୁବତୀଙ୍କୁ ସ୍ୱାସ୍ଥ୍ୟକେନ୍ଦ୍ରରେ ଛାଡ଼ି ପଳାଇଲା ପୁରୁଷ ବନ୍ଧୁ। କେନ୍ଦୁଝର ଜିଲ୍ଲା ତେଲକୋଇ ଥାନା ଅଞ୍ଚଳରୁ ଏଭଳି ଏକ ଲଜ୍ଜାଜନକ ଘଟଣା ପଦାକୁ ଆସିଛି। ପୀଡ଼ିତାଙ୍କ ଅଭିଯୋଗ ଆଧାରରେ ତେଲକୋଇ ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଛି।

ପୀଡ଼ିତାଙ୍କ ଅଭିଯୋଗ ଅନୁଯାୟୀ, ହୃଦାନନ୍ଦ ପାତ୍ର (୨୨) ନାମକ ଜଣେ ଯୁବକଙ୍କ ସହ ତାଙ୍କର ପ୍ରେମ ସଂପର୍କ ଥିଲା। ବୁଧବାର



### ମେଡିକାଲରେ ଛାଡ଼ି ପଳାଇଲା

ସେ ନିଜର ସ୍ୱାସ୍ଥ୍ୟ ଖରାପ ଥିବା ବାହାନା କରି ତାଙ୍କୁ ଫୋନ୍ କରି ତେଲକୋଇକୁ ଡାକିଥିଲା। ପରେ ସେ ଯୁବତୀଙ୍କୁ ଏକ ଗାଡ଼ିରେ ଦେଉଳଡିହା ରାସ୍ତାର ହାତୀପୋଷ୍ଟର୍ ଆଡ଼କୁ ନେଇ ଯାଇଥିଲା। ସେଠାରେ ତାଙ୍କ ସହ ଶାରୀରିକ ସମ୍ପର୍କ ରଖିବାକୁ ବାଧ କରିଥିଲା। କିନ୍ତୁ ଯୁବତୀଜଣଙ୍କ ବାରଣ କରିବାରୁ ଏକ ବାଡ଼ିରେ ପିଟି ତାଙ୍କୁ ଲହୁଲୁହାଣ କରିଥିଲା। ପରେ ଯୁବତୀଙ୍କ ପିନ୍ଧିଥିବା ଚୁନୁରିରେ ତାଙ୍କ ବେକକୁ ଜୋରରେ ଭିଡ଼ି ଘୋଷାଡ଼ି ଘୋଷାଡ଼ି ଜଙ୍ଗଲ ମଧ୍ୟକୁ ନେଇ ଯାଇଥିଲା। ଯୁବତୀଜଣଙ୍କ ଚିତ୍କାର କରିବାରୁ ତାଙ୍କ ମୁଣ୍ଡକୁ ଏକ ପଥରରେ ଛେଚି ଦେଇଥିଲା। ଯୁବତୀଜଣଙ୍କ ସଂଜ୍ଞାହୀନ ହୋଇପଡ଼ିବା ପରେ ହୃଦାନନ୍ଦ ▶ପୃଷ୍ଠା-୭

### ଲଘୁଚାପ ସକ୍ରିୟ

# ଲାଗି ରହିବ ବର୍ଷା

■ **ଭୁବନେଶ୍ୱର, ୧୪।୮ (ସମିସ):** ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଜାରି ରହିଛି। ବିଶେଷ କରି ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ବର୍ଷାର ପ୍ରଭାବ ଅଧିକ ରହିଥିବା ବେଳେ ଆଭ୍ୟନ୍ତରୀଣ ଓ ଉତ୍ତର ଓଡ଼ିଶାରେ କୋହଲା ପାଗ ସାଙ୍ଗକୁ କାଁ ଭାଁ ବର୍ଷା ଅନୁଭୂତ ହେଉଛି। ଶୁକ୍ରବାର ଗଜପତି, ରାୟଗଡ଼ା, କୋରାପୁଟ, ନବରଙ୍ଗପୁର ଆଦି ଜିଲ୍ଲାର କିଛି ସ୍ଥାନରେ ପ୍ରବଳ ବର୍ଷା ଆଶଙ୍କା ରହିଛି। ବାକି ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଜପତି, ଗଞ୍ଜାମ, ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୁଳ, ଢେଙ୍କାନାଳ, କେନ୍ଦୁଝର ଓ ମୟୂରଭଞ୍ଜରେ ମଧ୍ୟ ବର୍ଷା ଆଶଙ୍କା ରହିଛି। ଅନ୍ୟପଟେ ଗୁରୁବାର ଗୋପାଳପୁରରେ ସର୍ବାଧିକ ୪୨ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ବାରିପଦାରେ ୨୫, ନୟାଗଡ଼ରେ ୧୯, ▶ପୃଷ୍ଠା-୭







# ରାଜ୍ୟରେ ବର୍ଷକୁ ମରୁଛନ୍ତି ୮୪ ହାତୀ



■ ୧୫ ବର୍ଷରେ ଯାଇଛି ୧୨୧୪ ହାତୀଙ୍କ ଜୀବନ
■ ୨୦୨୪ରେ ବିଦ୍ୟୁତ୍ ଆଘାତରେ ୩୨ଟି ମୃତ୍ୟୁ

ଭୁବନେଶ୍ୱର,୧୪।୮ (ସମିସ): ହାତୀମୃତ୍ୟୁ ରୋକିବାକୁ ଅନେକ ଯୋଜନା କାର୍ଯ୍ୟକାରୀ କରାଯାଇଥିଲେ ହେଁ ରାଜ୍ୟରେ ହାତୀ ମୃତ୍ୟୁ ସଂଖ୍ୟା ଦୃଷ୍ଟାନ୍ତମୂଳକ ଭାବେ ବଢ଼ି ଚାଲିବା ଚିନ୍ତାର କାରଣ ହୋଇଛି। ୨୦୧୦-୧୧ରୁ ୨୦୨୪-୨୫ ଅର୍ଥାତ ୧୫ ବର୍ଷ ମଧ୍ୟରେ ରାଜ୍ୟରେ ୧୨୧୪ ହାତୀଙ୍କ ଜୀବନ ଯାଇଛି। 'ୱାଇଲ୍ଡ ଲାଇଫ୍ ସୋସାଇଟି ଅଫ୍ ଓଡ଼ିଶା' ପକ୍ଷରୁ ପ୍ରକାଶିତ ତଥ୍ୟରେ ଦଶନ୍ଧିୱାରୀ ହାତୀ ମୃତ୍ୟୁ ସଂଖ୍ୟାରେ ଦ୍ରୁତ ବୃଦ୍ଧି ଘଟିଥିବା ଦର୍ଶାଯାଇଛି। ୨୦୨୪-୨୫ରେ ବିଦ୍ୟୁତ୍ ଆଘାତ ଯୋଗୁଁ ୩୨ ହାତୀଙ୍କ ଜୀବନ ଯାଇଛି। ଯାହାକି କୌଣସି ବର୍ଷରେ ଏକ୍ଷେତ୍ରରେ ସର୍ବାଧିକ ହାତୀ ମୃତ୍ୟୁ ବୋଲି ଏହି ରିପୋର୍ଟରେ ଉଲ୍ଲେଖ ରହିଛି।

ରିପୋର୍ଟ ଅନୁସାରେ, ୧୯୯୦-୨୦୦୦ ମସିହା ଅର୍ଥାତ୍ ପ୍ରଥମ ଦଶନ୍ଧିରେ ବାର୍ଷିକ ହାରାହାରି ୩୩ଟି ହାତୀଙ୍କ ମୃତ୍ୟୁ ହେଉଥିଲା। ଦ୍ୱିତିୟ ଦଶନ୍ଧିରେ ଏହି ସଂଖ୍ୟା ୪୬କୁ ବୃଦ୍ଧି ପାଇଥିବା ବେଳେ ଗତ ଦଶନ୍ଧି ଅର୍ଥାତ ୨୦୧୦-୨୦୨୫ ମଧ୍ୟରେ ବାର୍ଷିକ ହାରାହାରି ୮୪ ଟି ଲେଖାଏଁ ହାତୀଙ୍କ ଜୀବନ ଯାଉଛି। ୧୫ ବର୍ଷ ମଧ୍ୟରେ ୧୨୧୪ ହାତୀଙ୍କ ପ୍ରାଣ ହାନୀ ହୋଇଥିବା ବେଳେ ଏଥିରେ ୪୬୦ ଅର୍ଥାତ ସଂଖ୍ୟାର ୩୮ ପ୍ରତିଶତ ହାତୀଙ୍କ ଜୀବନ ଅସ୍ୱାଭାବିକ ଭାବେ ଯାଇଛି। ୨୬୦ ହାତୀର ମୃତ୍ୟୁର କାରଣ ଜଣାପଡ଼ି ନ ଥିବା ବେଳେ ବିଦ୍ୟୁତ୍ ଆଘାତ ଯୋଗୁଁ ସର୍ବାଧିକ ୨୨୦ ହାତୀଙ୍କ ଜୀବନ ଯାଇଛି।

ସେହିପରି ଶିକାର ଯୋଗୁଁ ୧୨୧, ରେଳ ଦୁର୍ଘଟଣାରେ ୪୫, ରାସ୍ତା ଦୁର୍ଘଟଣାରେ ୭ଟି ହାତୀଙ୍କ ଜୀବନ ଯାଇଥିବା ରିପୋର୍ଟରେ ଉଲ୍ଲେଖ ରହିଛି। ହାତୀ ମୃତ୍ୟୁକୁ ନେଇ ଟାଟା ପାୱାରର ଅବହେଳାକୁ ଅନେକାଂଶରେ ଦାୟୀ କରାଯାଇଛି। ମୁଣ୍ଡ ଉପରେ ଯାଇଥିବା ବିଦ୍ୟୁତ୍ ତାର ଦୁର୍ବଳ ବିଦ୍ୟୁତ୍ ଖୁଣ୍ଟି ଯୋଗୁଁ ହାତୀ ପ୍ରାଣ ହରାଉଛନ୍ତି।

ବିଦ୍ୟୁତ୍ ଆଘାତଜନିତ ହାତୀ ମୃତ୍ୟୁ କମାଇବାକୁ ୨୦୧୦ରେ ପରିବେଶ ମନ୍ତ୍ରଣାଳୟ ପକ୍ଷରୁ ଏକ ତଦନ୍ତ କମିଟି ଗଠନ କରାଯିବା ସହ ଅନେକ ସୁପାରିସ କରାଯାଇଥିଲା। ହେଲେ ଏଥିରୁ ଅଧିକାଂଶ ପରାମର୍ଶ ବର୍ତ୍ତମାନ ପର୍ଯ୍ୟନ୍ତ ଲାଗୁ କରାଯାଇ ନାହିଁ। ବଡ଼ କଥା ହେଉଛି ଯେ ଗତ ୧୫ ବର୍ଷ ମଧ୍ୟରେ ବିଦ୍ୟୁତ୍ ଆଘାତରେ ୨୨୦ ହାତୀଙ୍କ ଜୀବନ ଯାଇଥିବାବେଳେ ଏହି ସମୟ ମଧ୍ୟରେ ବନ୍ୟପ୍ରାଣୀ (ସଂରକ୍ଷଣ)ଆଇନ୍, ୧୯୭୨ ଅନୁଯାୟୀ ଜଣେ ହେଲେ ଦୋଷୀ ସାବ୍ୟସ୍ତ ହୋଇନାହାନ୍ତି। ଯାହାକୁ ନେଇ 'ୱାଇଲ୍ଡ ଲାଇଫ୍ ସୋସାଇଟି ଅଫ୍ ଓଡ଼ିଶା' ସମ୍ପାଦକ ଡଃ ବିଶ୍ୱଜିତ ମହାନ୍ତି ଉଦ୍‌ବେଗ ପ୍ରକାଶ କରିବା ସହ ବନ ବିଭାଗର ବିଫଳତା ଯୋଗୁଁ ହାତୀଙ୍କ ସୁରକ୍ଷାରେ ତ୍ରୁଟି ହେଉଥିବା ସେ କହିଛନ୍ତି।

ଅନ୍ୟପଟେ ରାଜ୍ୟରେ ବର୍ତ୍ତମାନ ହାତୀଙ୍କ ସଂଖ୍ୟା ସ୍ଥିର ଥିବା ପରିଲକ୍ଷିତ ହୋଇଛି। ୧୯୭୯ ମସିହାରେ ରାଜ୍ୟରେ ୨୦୪୪ ହାତୀ ଥିଲେ। ମୁଖ୍ୟତଃ ମୟୂରଭଞ୍ଜ, କେନ୍ଦୁଝର, ସମ୍ବଲପୁର, ଅନୁଗୁଳ, ସୁନ୍ଦରଗଡ଼ ଏବଂ କଟକ ପରି ସମୃଦ୍ଧ ଜଙ୍ଗଲ ଆଦିରେ ହାତୀଙ୍କ ସଂଖ୍ୟା ସୀମିତ ଥିଲା। ହେଲେ ଏବେ ହାତୀଙ୍କ ସଂଖ୍ୟା ୨୪ଟି ଜିଲ୍ଲାକୁ ବ୍ୟାପ୍ତ ହୋଇଥିଲେ ମଧ୍ୟ ସଂଖ୍ୟାରେ କୌଣସି ବୃଦ୍ଧି ହୋଇପାରୁ ନାହିଁ। ୨୦୨୪ ମସିହାରେ ହୋଇଥିବା ଶେଷ ହାତୀ ଗଣନା ଅନୁଯାୟୀ ଓଡ଼ିଶାରେ ୨୦୯୮ଟି ହାତୀ ଥିଲେ। ଅଧିକାଂଶ ହାତୀ ବାସ କରୁଥିବା ଭାରତୀୟ ରାଜ୍ୟ ତୁଳନାରେ ଓଡ଼ିଶାରେ ଅଧିକ ହାତୀଙ୍କର ପ୍ରାଣହାନୀ ହେଉଛି। ଚିନ୍ତାର କାରଣ ଏହା ଯେ ସମ୍ପୃକ୍ତ ରାଜ୍ୟଗୁଡ଼ିକରେ ଓଡ଼ିଶା ତୁଳନାରେ ଦୁଇଗୁଣ କିମ୍ବା ତିନିଗୁଣ ଅଧିକ ହାତୀ ରହୁଥିଲେ ମଧ୍ୟ ଓଡ଼ିଶାର ମୃତ୍ୟୁ ସଂଖ୍ୟା ଅନ୍ୟ ରାଜ୍ୟ ତୁଳନାରେ ଅଧିକ ରହୁଛି।

### ବନ କର୍ମଚାରୀଙ୍କୁ ମାସିକିଆ 'ଫୁଟ୍ ପାଟ୍ରୋଲିଂ' ଟାର୍ଗେଟ୍

## ଡିଏଫ୍ଓ ଚାଲିବେ ୧୫ କିମି, ସ୍କ୍ୱାଡ୍‌ଙ୍କୁ ୧୦୦ କିମି

ଭୁବନେଶ୍ୱର,୧୪।୮ (ସମିସ): ରାଜ୍ୟରେ ବନ୍ୟପ୍ରାଣୀ ଓ ଜଙ୍ଗଲ ସୁରକ୍ଷାର ସୁନିଶ୍ଚିତ ପାଇଁ ବନ ବିଭାଗ ଏକ ଅଭିନବ ଉପାୟ ଆପଣାଇଛି। ବନ ବିଭାଗ ଅଧୀନରେ କାର୍ଯ୍ୟରତ ସମସ୍ତ କ୍ଷେତ୍ରସ୍ତରୀୟ ଅଧିକାରୀଙ୍କ ପାଇଁ ମାସିକ 'ଫୁଟ୍ ପାଟ୍ରୋଲିଂ' ଧାର୍ଯ୍ୟ କରାଯାଇଥିବା ବେଳେ ଏହାକୁ ପାଳନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଏହି ନିୟମ ଅନୁଯାୟୀ ରାଜ୍ୟର ସମସ୍ତ ପ୍ରୋଟେକ୍ସନ ସ୍କ୍ୱାର୍ଡଙ୍କୁ ମାସିକ ୧୦୦ କିମି ପାଦରେ ଚାଲି ଚାଲି ପାଟ୍ରୋଲିଂ ଟାର୍ଗେଟ୍ ଦିଆଯାଇଥିବା ବେଳେ ଫରେଷ୍ଟ ଗାର୍ଡଙ୍କୁ ୭୫ କିମି, ଫରେଷ୍ଟରଙ୍କୁ ୭୫ କିମି, ଫରେଷ୍ଟ ରେଞ୍ଜ ଅଫିସରଙ୍କୁ ୫୦ କିମି, ଏସିଏଫ୍‌ଙ୍କୁ ୨୫ କିମି, ଡିଏଫ୍ଓଙ୍କୁ ୧୫ କିମି ଓ ଆର୍‌ସିସିଏଫଙ୍କୁ ଅତି କମ୍‌ରେ ୧୦ କିମି ଚାଲି ଚାଲି ପାଟ୍ରୋଲିଂ କରିବା ବାଧ୍ୟତାମୂଳକ ଦର୍ଶାଯାଇଛି। ଏହି ଫୁଟ୍ ପାଟ୍ରୋଲିଂ ପରିମାଣ ଓଏଫ୍ଏମ୍ଏସ୍ ଆପ୍‌ରେ ରେକର୍ଡ ହେବା ସହ ନିଜ ନିଜ ଅଧିକାରୀଙ୍କ ଦ୍ୱାରା ଅନୁମୋଦନ ହେବା ଆବଶ୍ୟକ। ସେହିପରି ପାଟ୍ରୋଲିଂ କରୁଥିବା କ୍ଷେତ୍ରସ୍ତରୀୟ କର୍ମଚାରୀମାନେ ସମ୍ବେଦନଶୀଳ ଅଞ୍ଚଳକୁ ଗସ୍ତ କରିବେ। ଯୁଗ୍ମ ଓ ଆକସ୍ମିକ ପାଟ୍ରୋଲିଂ ପାଇଁ କୁହାଯାଇଥିବା ବେଳେ ମାସିକ ପାଟ୍ରୋଲିଂ ରିପୋର୍ଟ ରେଞ୍ଜ, ବନଖଣ୍ଡ ଓ ସର୍କଲ ସ୍ତରରେ ସମୀକ୍ଷା ହେବ ବୋଲି କୁହାଯାଇଛି। କୌଣସି ପ୍ରକ୍ସି ପାଟ୍ରୋଲିଂକୁ ଦୃଷ୍ଟି ଦିଆଯିବା ସହ ଏଥିପାଇଁ ବରଦାସ୍ତ କରାଯିବ ନାହିଁ ବୋଲି ବିଭାଗ ପକ୍ଷରୁ ଜାରି ଚିଠିରେ ଦର୍ଶାଯାଇଛି।

### ■ ନିଜକୁ ବାଇକ୍‌ରେ ବାନ୍ଧି କେନାଲକୁ ପଶିଗଲେ

## ଯୁବକ ମୃତ

ସାରସକଣା,୧୪।୮ (ସମିସ): ସାରସକଣା ବ୍ଲକ ଝାରପୋଖରିଆ ଥାନା ଅନ୍ତର୍ଗତ ଶୀର୍ଷା ପଞ୍ଚାୟତର ଚାଉଳଘେରି ଗ୍ରାମ ନିକଟ ଦେଇ ଯାଇଥିବା ସୁବର୍ଣ୍ଣରେଖା କେନାଲ ଭିତରୁ ଆଜି ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର ହୋଇଛି। ଯୁବକଜଣଙ୍କ ହେଲେ, ଶାଳବଣି ଗ୍ରାମର ବିଜୟ ମହାନ୍ତଙ୍କ ପୁଅ ରତିକାନ୍ତ ମହାନ୍ତ। ଆଜି ଦିନ ବେଳେ ସେ ନିଜକୁ ଦଉଡ଼ିରେ ବାଇକ ସହ ବାନ୍ଧି କେନାଲକୁ ପଶି ଯାଇଥିଲେ। ସ୍ଥାନୀୟ ଲୋକଙ୍କଠାରୁ ଖବର ପାଇ ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ତାଙ୍କୁ ଉଦ୍ଧାର କରିଥିଲା। କିନ୍ତୁ ସେତେବେଳକୁ ତାଙ୍କର ମୃତ୍ୟୁ ହୋଇସାରିଥିଲା। ତେବେ କେଉଁ କାରଣରୁ ସେ ଏପରି ଚରମ ପଦକ୍ଷେପ ନେଇଛନ୍ତି, ତାହା ଜଣାପଡ଼ିନାହିଁ।

### କେନ୍ଦ୍ର ଓବିସି ତାଲିକାରେ ସାମିଲ ପ୍ରସଙ୍ଗ

## ଆସନ୍ତା ୨୦ରେ ଜନଶୁଣାଣି କରିବେ ରାଷ୍ଟ୍ରୀୟ ପଛୁଆ ବର୍ଗ ଆୟୋଗ

**ତାଲିକାରେ ଯୋଡ଼ିହେବାକୁ ଅପେକ୍ଷାରେ ଏକାଧିକ ଜାତି**

ଭୁବନେଶ୍ୱର,୧୩।୮ (ସମିସ): କେନ୍ଦ୍ର ଓବିସି ତାଲିକାରେ ଓଡ଼ିଶାର ବିଭିନ୍ନ ଜାତିକୁ ଯୋଡ଼ିବା ପାଇଁ ଜନଶୁଣାଣି ଆସନ୍ତା ୨୦ ତାରିଖରେ ଅନୁଷ୍ଠିତ ହେବ। ରାଷ୍ଟ୍ରୀୟ ପଛୁଆ ବର୍ଗ ଆୟୋଗ (ଏନସିବିସି) ଅଧ୍ୟକ୍ଷ ହଂସରାଜ ଗଙ୍ଗାରାମ ଆହିରଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱରରେ ସାର୍ବଜନୀନ ଶୁଣାଣି ହେବ। ଏନେଇ ଏନସିବିସିଙ୍କ କାର୍ଯ୍ୟାଳୟ ପକ୍ଷରୁ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କୁ ଚିଠି ଲେଖି ଅବଗତ କରାଯାଇଛି।

ସୂଚନାଯୋଗ୍ୟ ଯେ କେନ୍ଦ୍ର ଓବିସି ତାଲିକାରେ ରାଜ୍ୟର ବିଭିନ୍ନ ଜାତି, ସମ୍ପ୍ରଦାୟଙ୍କୁ ଯୋଡ଼ିବା ପାଇଁ ଏନସିବିସିକୁ ରାଜ୍ୟ ଏସସି, ଏସଟି ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆବର୍ଗ କଲ୍ୟାଣ ବିଭାଗ ପକ୍ଷରୁ ରିପୋର୍ଟ ପ୍ରଦାନ କରାଯାଇଥିଲା। ସେହିପରି ବିଭିନ୍ନ ବ୍ୟକ୍ତିବିଶେଷ, ସଂଗଠନ ମଧ୍ୟ ତାଲିକାରେ ସାମିଲ ଓ ବାଦ୍ ଦେବା ନେଇ ଆୟୋଗଙ୍କ ନିକଟରେ ଦାବି ରଖିଥିଲେ। ଏହାକୁ ଦୃଷ୍ଟିରେ ରଖି ଆସନ୍ତା ୨୦ ତାରିଖରେ ଆୟୋଗ ଭୁବନେଶ୍ୱରରେ ଜନଶୁଣାଣି କରିବାକୁ ନିଷ୍ପତ୍ତି ନେଇଛନ୍ତି। ଏଥିରେ ବିଭିନ୍ନ ଜାତି, ସମ୍ପ୍ରଦାୟର ପ୍ରତିନିଧିମାନେ ଉପସ୍ଥିତ ରହି ନିଜର ଦାବି ରଖିପାରିବେ। ଶୁଣାଣିରେ ଓଡ଼ିଶା ସରକାରଙ୍କ ରିପୋର୍ଟ ସହ ଅନ୍ୟାନ୍ୟ ବ୍ୟକ୍ତିଗତ ଆବେଦନଗୁଡ଼ିକୁ ବିଚାର କରାଯିବ। ଶୁଣାଣି ସମୟରେ ମୁଖ୍ୟ ଶାସନ ସଚିବ ସମସ୍ତ ପୂର୍ଣ୍ଣାଙ୍ଗ ତଥ୍ୟ ସହ ଆବଶ୍ୟକୀୟ କାଗଜପତ୍ର ସାଙ୍ଗରେ ଆଣି ଆସିବାକୁ ଚିଠିରେ ଉଲ୍ଲେଖ କରାଯାଇଛି।


ସୂଚନାଯୋଗ୍ୟ ଯେ ରାଜ୍ୟରେ ବର୍ତ୍ତମାନ ୨୧୧ ପ୍ରକାରର ଜାତି ପଛୁଆ ବର୍ଗର ସୁବିଧା ସୁଯୋଗ ଉପଭୋଗ କରୁଛନ୍ତି। ମାତ୍ର କେନ୍ଦ୍ର ସ୍ତରରେ ସେମାନଙ୍କ ମଧ୍ୟରୁ ଅଧିକାଂଶ ଏହି ସୁବିଧା ପାଇପାରୁ ନାହାନ୍ତି। ବର୍ଷ ବର୍ଷ ଧରି ସେମାନେ ଓବିସି ତାଲିକାରୁ ବଞ୍ଚିତ ହୋଇ ଆସୁଥିବା ବେଳେ କେନ୍ଦ୍ରୀୟ ତାଲିକାରେ ସାମିଲ ହେବାକୁ ବିଭିନ୍ନ ସମୟରେ ଦାବି କରି ଆସୁଛନ୍ତି।









### କାର୍ଯ୍ୟକ୍ଷେତ୍ରରେ ବିଶିଷ୍ଟ ସେବା

# ଓଡ଼ିଶାର ୨ଜଣଙ୍କୁ ମିଳିବ ରାଷ୍ଟ୍ରପତି ପଦକ

ଭୁବନେଶ୍ୱର,୧୪।୮(ସମିସ): ସ୍ୱାଧୀନତା ଦିବସ ଅବସରରେ ଦେଶରେ ବୀରତା ଏବଂ ସେବା କ୍ଷେତ୍ରରେ ଉତ୍କର୍ଷ ହାସଲ କରିଥିବା ବ୍ୟକ୍ତିବିଶେଷମାନଙ୍କୁ ସମ୍ମାନିତ କରାଯିବ। ତନ୍ମଧ୍ୟରୁ କାର୍ଯ୍ୟ କ୍ଷେତ୍ରରେ ବିଶିଷ୍ଟ ସେବା ପାଇଁ ଓଡ଼ିଶାରୁ ୨ ଜଣଙ୍କୁ ରାଷ୍ଟ୍ରପତି ପଦକ ମିଳିବ। ସେମାନେ ହେଲେ, ଏଏସ୍‌ପି ରବୀନ୍ଦ୍ର ପଣ୍ଡା ଏବଂ କମାଣ୍ଡାଣ୍ଟ ନରେଶ ପଟେଲ। ସେହିପରି ଭାବେ ଓଡ଼ିଶାରୁ ୯ଜଣ ସାହସିକତା ପଦକ ପାଇବାକୁ ଯୋଗ୍ୟ ବିବେଚିତ ହୋଇଥିବା ବେଳେ ୧୧ଜଣଙ୍କୁ ଉଲ୍ଲେଖନୀୟ ସେବା ପାଇଁ ପଦକ ମିଳିବ। ଏନେଇ ଗୃହ ମନ୍ତ୍ରାଳୟ ପକ୍ଷରୁ ତାଲିକା ପ୍ରକାଶ ପାଇଛି।

**୯ ଜଣଙ୍କୁ ସାହସିକତା, ୧୧ ଜଣଙ୍କୁ ଉଲ୍ଲେଖନୀୟ ସେବା ପଦକ**

ଓଡ଼ିଶାର ଯେଉଁ ୯ଜଣ ସାହସିକତା ପୁରସ୍କାର ପାଇବେ, ସେମାନଙ୍କ ମଧ୍ୟରେ ସବ୍-ଇନ୍ସପେକ୍ଟର୍ ଅମରେଶ ଚନ୍ଦ୍ର ନରେନ୍ଦ୍ର, କନେଷ୍ଟବଳ ଜିତେନ୍ଦ୍ର କୁମାର ନାୟକ, ଓଏସିଏଫ୍ ଅର୍ଜୁନ ମଲ୍ଲିକ, ଓଏସିଏଫ୍ ଯୁଧିଷ୍ଠିର ମଲ୍ଲିକ, ହାବିଲଦାର ଅଶ୍ୱିନୀ କୁମାର ବାଗ, କମାଣ୍ଡୋ ଡମ୍ବରୁଧର ଭୋଇ, ନବୀନ କୁମାର ସାହୁ, ପ୍ରଦୀନ ଶେଷ୍ଟ ଏବଂ ଅଭିମନ୍ୟୁ ମାଝୀ ରହିଛନ୍ତି। ସେହିପରି ୧୧ଜଣ ଅଧିକାରୀଙ୍କୁ ଉଲ୍ଲେଖନୀୟ ସେବା ପାଇଁ ମଧ୍ୟ ପୁଲିସ ପଦକ ପ୍ରଦାନ କରାଯିବ। ଅଧିକାରୀମାନେ ହେଲେ, ସହକାରୀ ମହାନିରୀକ୍ଷକ ମହେଶ୍ୱର ସେଠୀ, ଅତିରିକ୍ତ ପୁଲିସ ଅଧୀକ୍ଷକ ପ୍ରଦୀପ କୁମାର ପ୍ରଧାନ, ଅତିରିକ୍ତ ପୁଲିସ ଅଧୀକ୍ଷକ ଦେବେନ୍ଦ୍ର ନାରାୟଣ ଦାଶ, ଉପ ପୁଲିସ ଅଧୀକ୍ଷକ ଆଶିଷ କୁମାର ରାଉତ, ଇନ୍ସପେକ୍ଟର୍ ଏ. ଶ୍ରୀନିବାସ ଦୋରା, ଉପ ପୁଲିସ ଅଧୀକ୍ଷକ ହେମାମାଳନୀ ନାୟକ, କମାଣ୍ଡାଣ୍ଟ ସୂର୍ଯ୍ୟନାରାୟଣ ମଲ୍ଲିକ, ଇନ୍ସପେକ୍ଟର୍ ସନ୍ତୋଷ କୁମାର ମିର୍ଦ୍ଧା, ସହକାରୀ ସବ-ଇନ୍ସପେକ୍ଟର୍ ଅରୁଣ କୁମାର ସାମନ୍ତ, ସହକାରୀ ସବ-ଇନ୍ସପେକ୍ଟର୍ ଅରବିନ୍ଦ ଦାସ ଏବଂ କନେଷ୍ଟବଳ ଚିନ୍ମୟୀ ରାଉତ।

ସୂଚନାଯୋଗ୍ୟ, ଗୃହ ମନ୍ତ୍ରଣାଳୟ ପକ୍ଷରୁ ୧,୦୯୦ ଜଣ ପୁଲିସ, ଅଗ୍ନିଶମ, ହୋମଗାର୍ଡ, ନାଗରିକ ପ୍ରତିରକ୍ଷା ଏବଂ ସୁଧାର ସେବା କର୍ମଚାରୀଙ୍କୁ ସାହସିକତା ତଥା ସେବା ପଦକ ପ୍ରଦାନ ପାଇଁ ନାମ ଘୋଷଣା କରାଯାଇଛି। ତନ୍ମଧ୍ୟରୁ ବିଶିଷ୍ଟ ସେବା ପାଇଁ ୯୯ଜଣଙ୍କୁ ରାଷ୍ଟ୍ରପତି ପଦକ, ୨୩୩ ଜଣଙ୍କୁ ସାହସିକତା ପଦକ ଏବଂ ପ୍ରଶଂସନୀୟ ସେବା ପାଇଁ ୭୫୮ଜଣଙ୍କୁ ପଦକ ମିଳିବ।

### ରାଜ୍ୟରେ କୁକୁର କାମୁଡ଼ା ଉଦ୍‌ବେଗଜନକ

# ୬ ମାସରେ ଦେଢ଼ଲକ୍ଷ ନେଲେଣି ଆଣ୍ଟିରାବିଜ୍

ଭୁବନେଶ୍ୱର, ୧୪।୮(ସମିସ): ରାଜ୍ୟରେ କୁକୁର କାମୁଡ଼ା ଆହତଙ୍କ ସଂଖ୍ୟା ଉଦ୍‌ବେଗଜନକ ଭାବେ ବଢ଼ିବାରେ ଲାଗିଛି। ଏହି ସଂଖ୍ୟା ଭୁବନେଶ୍ୱରରେ ସବୁଠାରୁ ଅଧିକ। କୁକୁର ବନ୍ଧ୍ୟାକରଣ ପାଇଁ ଲାଗିଥିବା ହାଇକୋର୍ଟଙ୍କ କଟକଣା ଉଠିଯିବା ପରେ ବି ଅପରେସନ୍ ବିଳମ୍ବିତ ହେଉଥିବାରୁ ଏହି ସଂଖ୍ୟା ଆହୁରି ବଢ଼ିବ ବୋଲି ଆଶଙ୍କା ପ୍ରକାଶ ପାଇଛି। ଅନ୍ୟପଟେ ଭୁବନେଶ୍ୱର ସମେତ ଉପକଣ୍ଠ ଓ ପଡ଼ୋଶୀ ଜିଲ୍ଲାର ଆହତ ଭୁବନେଶ୍ୱର ଉପରେ ନିର୍ଭର କରୁଥିବାରୁ କ୍ୟାପିଟାଲ ହସ୍‌ପିଟାଲ୍ ଉପରେ ଚାପ ମଧ୍ୟ ବଢ଼ିଛି। ବଡ଼କଥା ହେଉଛି, ଗତ ବର୍ଷକ ଭିତରେ ସାରା ରାଜ୍ୟରେ ପାଖାପାଖି ଦେଢ଼ଲକ୍ଷ ଲୋକଙ୍କୁ ଆଣ୍ଟିରାବିଜ୍ ଟିକା ଦିଆଯାଇଛି। ଏହାର ପାଖାପାଖି ୮୫ ପ୍ରତିଶତ ଲୋକଙ୍କୁ କୁକୁର କାମୁଡ଼ା ପାଇଁ ଏହି ଇଞ୍ଜେକ୍ସନ୍ ଦିଆଯାଇଛି। ଏଥିରୁ ଜଣାଯାଇଛି ଯେ ରାଜ୍ୟରେ ମାସକୁ ୧୫ରୁ ୨୦ ହଜାର ଲୋକ କୁକୁର କାମୁଡ଼ାର ଶିକାର ହେଉଛନ୍ତି।

୨୦୨୧ ମସିହାରେ ସାରା ରାଜ୍ୟରେ ୫୯ ହଜାର ୮୫ ଆଣ୍ଟିରାବିଜ୍ ଟିକା ଦିଆଯାଇଥିଲା। ୨୦୨୨ରେ ଏହି ସଂଖ୍ୟା ୬୪ ହଜାର ୬୪୨ରେ ପହଞ୍ଚିଥିଲା। ୨୦୨୩ରେ ୮୮ହଜାର ୧୪୮ଜଣଙ୍କୁ ଆଣ୍ଟି-ରାବିଜ୍ ଦିଆଯାଇଥିବା ବେଳେ ୨୦୨୪ରେ ୧ଲକ୍ଷ ୧୦ ହଜାର ଲୋକଙ୍କୁ ଦିଆଯାଇଥିଲା। ଗତ ୪ ବର୍ଷର ଏହି ଅଲୋଡ଼ା ରେକର୍ଡ ଚଳିତବର୍ଷର ମାତ୍ର ୬ ମାସରେ ଭାଙ୍ଗି ଯାଇଛି। ମାତ୍ର ୬ମାସରେ ରାଜ୍ୟବ୍ୟାପୀ ଦେଢ଼ଲକ୍ଷ ଲୋକ ଏହି ଇଞ୍ଜେକସନ୍ ନେଇସାରସଲେଣି।

ବିଶେଷକରି, ଭୁବନେଶ୍ୱରରେ କୁକୁର କାମୁଡ଼ା ବହୁ ପରିମାଣରେ ବୃଦ୍ଧି ପାଇଛି। ହାଇକୋର୍ଟଙ୍କ କଟକଣା ଯୋଗୁଁ ପାଖାପାଖି ୨ବର୍ଷ ହେବ କୁକୁର ବନ୍ଧ୍ୟାକରଣ ବନ୍ଦ ରହିଥିଲା। ତେଣୁ ଓଡ଼ିଶାରେ କୁକୁର କାମୁଡ଼ା ସଂଖ୍ୟା ବଢ଼ିବା ସ୍ୱାଭାବିକ ବୋଲି ବିଶେଷଜ୍ଞମାନେ କହିଛନ୍ତି। ଗତ ମେ’ ମାସରୁ କଟକଣା ଉଠିଥିଲେ ମଧ୍ୟ ବିଏମ୍‌ସି ଏହି କାର୍ଯ୍ୟକ୍ରମକୁ ତ୍ୱରିତ ବେଗରେ କରିପାରୁନି। ଫଳରେ ଏହି ସଂଖ୍ୟା ଆଗକୁ ଆହୁରି ବଢ଼ିପାରେ ବୋଲି ଆଶଙ୍କା ପ୍ରକାଶ ପାଇଛି।

**୫ ବର୍ଷରେ ବଢ଼ିଲାଣି ୫ଗୁଣ, ରାଜ୍ୟବ୍ୟାପୀ ଆଲୋଡ଼ନ**

ଏଣେ, ଏଥିଯୋଗୁଁ କ୍ୟାପିଟାଲ୍ ହସ୍ପିଟାଲ ଉପରେ ଚାପ ବଢ଼ିବାରେ ଲାଗିଛି। ରାଜଧାନୀ ଓ ଆଖପାଖ ଜିଲ୍ଲା ହସ୍ପିଟାଲରେ ଆଣ୍ଟିରାବିଜ୍ ଇଞ୍ଜେକସନ୍ ମିଳୁ ନଥିବାରୁ ପୁରୀ, ନୟାଗଡ଼, ଖୋର୍ଦ୍ଧା ଆଦି ଜିଲ୍ଲାମାନଙ୍କରୁ ରୋଗୀମାନେ ଏଠାକୁ ଆସୁଛନ୍ତି। ନେଉଳ, ବିରାଡ଼ି ଓ କୁକୁର କାମୁଡ଼ା ପାଇଁ ଏହି ଆଣ୍ଟିରାବିଜ୍ ଇଞ୍ଜେକସନ୍ ଦିଆଯାଉଛି। ଆଣ୍ଟିରାବିଜ୍ ଦିଆଯାଇଥିବା ଆହତମାନଙ୍କ ମଧ୍ୟରେ ପ୍ରାୟ ୮୫ ପ୍ରତିଶତ କୁକୁର କାମୁଡ଼ା ପାଇଁ ଦିଆଯାଇଛି।

ବିଶେଷଜ୍ଞଙ୍କ କହିବା ଅନୁସାରେ, ସହରାଞ୍ଚଳରେ ଧନୀକ ଓ ଉଚ୍ଚ ମଧ୍ୟବିତ୍ତ ପରିବାରଙ୍କ ମଧ୍ୟରେ କୁକୁର ପାଳିବା ଏକପ୍ରକାର ପ୍ରତିଯୋଗିତା ଚାଲିଛି। ସେହି ଅନୁସାରେ ପୋଷା କୁକୁରଙ୍କ ସଂଖ୍ୟା ବୃଦ୍ଧି ପାଉଛି। କିଛି ଲୋକ ସଉକରେ ଏକରୁ ଅଧିକ କୁକୁର ପାଳୁଛନ୍ତି। ତେଣୁ କୁକୁର କାମୁଡ଼ା ସଂଖ୍ୟା ବୃଦ୍ଧି ପାଉଛି। ଏହାସହ ଡିସେମ୍ବର ଓ ଜାନୁଆରୀରେ କୁକୁରଙ୍କ ପ୍ରଜନନ ସମୟ ହୋଇଥିବାରୁ ବୁଲା କୁକୁର କାମୁଡ଼ା ସଂଖ୍ୟା ବୃଦ୍ଧି ପାଇଛି।

ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ନୀଳକଣ୍ଠ ମିଶ୍ର କହିଛନ୍ତି, ପାଗଳା କୁକୁରଠୁ ସତର୍କ ରୁହନ୍ତୁ। ୬ ମାସରେ ଦେଢ଼ ଲକ୍ଷ କୁକୁର କାମୁଡ଼ା ମାମଲା ଆସିଛି। ଚଳିତ ବର୍ଷର ଜୁନ ୧୦ ଯାଏଁ ଦେଢ଼ ଲକ୍ଷରୁ ଅଧିକ କୁକୁର କାମୁଡ଼ା ମାମଲା ଆସିଲାଣି। ରାଜ୍ୟରେ ମାସକୁ ୨୦ ହଜାରରୁ ୩୦ହଜାର କାମୁଡା ମାମଲା ଆସୁଛି। ସବୁ ପାଗଳ କୁକୁର କାମୁଡ଼ି ନଥାନ୍ତି। ଏଆରଭି ସବୁ ହସ୍ପିଟାଲରେ ଦିଆଯାଇଛି। ବଲାଙ୍ଗୀରରେ ଦୁଇଟି ମୃତ୍ୟୁ ମାମଲା ଆସିଛି। ଯାହାର ଯାଞ୍ଚ ହେଉଛି। ଯଦି ଠିକ୍ ସମୟରେ ଟିକା ନେଇ ନ ଥିବେ, ତେବେ ରାବିଜ ବା ଜଳାତଙ୍କ ବୃଦ୍ଧି ହୋଇଥାଏ। ରାଜ୍ୟରେ ଆଇସିଭିସି କାର୍ଯ୍ୟକ୍ରମ ଚାଲିଛି। ଲୋକଙ୍କୁ ସଚେତନ କରାଯାଉଛି। ପୌର ସଂସ୍ଥା ପକ୍ଷରୁ ବନ୍ଧ୍ୟାକରଣ କରିବା ମଧ୍ୟ ଜରୁରୀ ବୋଲି ସେ କହିଛନ୍ତି।

ସ୍ୱାସ୍ଥ୍ୟ ବିଭାଗ ଜଳାତଙ୍କ ରୋଗକୁ “ନୋଟିଫାଏବୁଲ୍‘ ଘୋଷଣା କରିଛି। ତେଣୁ ରୋଗୀ ସଂପର୍କରେ ସୂଚନା ଦେବାକୁ ସମସ୍ତ ଘରୋଇ ଓ ସରକାରୀ ହସ୍ପିଟାଲକୁ ବାଧ୍ୟତାମୂଳକ କରାଯାଇଛି। ଏଥିପାଇଁ ଜିଲ୍ଲାସ୍ତରରେ ଜଣେ ନୋଡାଲ ଅଧିକାରୀଙ୍କୁ ଦାୟିତ୍ୱ ଦିଆଯାଇଛି। ପ୍ରତିବର୍ଷ ଦେଶରେ ୨୦ ହଜାରରୁ ଅଧିକ ଲୋକ ଜଳାତଙ୍କ ରୋଗରେ ମୃତ୍ୟୁବରଣ କରୁଛନ୍ତି। ସେମାନଙ୍କ ମଧ୍ୟରେ ୧୫ବର୍ଷରୁ କମ୍ ବୟସର ଶିଶୁ ଅଧିକ ରହୁଛନ୍ତି।

### ଭୁଲ୍ ଇଞ୍ଜେକ୍ସନ୍ ଯୋଗୁଁ ରୋଗୀ ମୃତ୍ୟୁ ଅଭିଯୋଗ

# ଡାକ୍ତରଖାନାରେ ଉତ୍ତେଜନା; ଶବ ରଖି ଧାରଣା

ଭଦ୍ରକ/ଭଣ୍ଡାରିପୋଖରୀ/ବାରିକପୁର, ୧୪।୮(ସମିସ): ଭୁଲ ଇଞ୍ଜେକ୍ସନ୍ ଯୋଗୁଁ ରୋଗୀମୃତ୍ୟୁ ଅଭିଯୋଗକୁ ନେଇ ଆଜି ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ସଂପୃକ୍ତ ଡାକ୍ତର ଓ କର୍ମଚାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବିରେ ଉତ୍ତ୍ୟକ୍ତ ଲୋକେ ଶବ ରଖି ଧାରଣା ଦେଇଛନ୍ତି। ମୃତ ମହିଳାଜଣଙ୍କ ହେଲେ, ଡାହାଲା ପୁରିପଡ଼ା ଗାଁର ଅଶୋକ ରାଉତ ତାଙ୍କ ପତ୍ନୀ ବିନୋଦିନୀ (୨୯)।


ସୂଚନାନୁଯାୟୀ, ପରିବାରଲୋକ ବୁଧବାର ସନ୍ଧ୍ୟାରେ ବିନୋଦିନୀଙ୍କୁ ଚିକିତ୍ସା ପାଇଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ଡ୍ୟୁଟିରେ ଥିବା ଡାକ୍ତର ତାଙ୍କୁ ୩ଟି ଇଞ୍ଜେକ୍ସନ ଦେଇଥିଲେ। ଏହା ପରେପରେ ତାଙ୍କର ବାନ୍ତି ହେବା ସହ ଅବସ୍ଥା ଗୁରୁତର ହୋଇପଡ଼ିଥିଲା। ତେଣୁ ଡାକ୍ତର ତାଙ୍କୁ ଯାଜପୁର ମେଡିକାଲ କଲେଜକୁ ସ୍ଥାନାନ୍ତର ପାଇଁ ପରାମର୍ଶ ଦେଇଥିଲେ। କିନ୍ତୁ ସେଠାରେ ବିନୋଦିନୀଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ। ଏ ସଂପର୍କରେ ଅଶୋକ ଥାନାରେ ଅଭିଯୋଗ କରିଥିଲେ।

ଗୁରୁବାର ବ୍ୟବଚ୍ଛେଦ ପରେ ଶବକୁ ଧରି ସମ୍ପର୍କୀୟମାନେ ଭଣ୍ଡାରିପୋଖରୀ ମେଡିକାଲ ଆଗରେ ଧାରଣା ଦେଇଥିଲେ। ଭୁଲ ଇଞ୍ଜେକ୍ସନ ଦେଇଥିବା ଡାକ୍ତରଙ୍କୁ ଗିରଫ ଏବଂ ମୃତକଙ୍କ ପୁତ୍ରଙ୍କୁ ଥଇଥାନ ପାଇଁ ପ୍ରଶାସନିକ ସହଯୋଗ ଦାବି କରିଥିଲେ। ଏସ୍‌ଡିପିଓ ତ୍ରିଲୋଚନ ସେଠୀ, ଥାନାଧିକାରୀ କମଳାକାନ୍ତ ଦାସ ଓ ବିଡିଓ ଦେବଦତ୍ତ ଦାସ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ବୁଝାସୁଝା କରିଥିଲେ ବି ବିକ୍ଷୋଭକାରୀମାନେ ନିଜ ଜିଦ୍‌ରେ ଅଟଳ ରହିଥିଲେ। ସନ୍ଧ୍ୟାରେ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ ଘଟଣାସ୍ଥଳରେ ପହଞ୍ଚି ମୃତକଙ୍କ ପରିବାରବର୍ଗଙ୍କ ସହ ଆଲୋଚନା କରିଛନ୍ତି। ଏହାଛଡ଼ା ମେଡିକାଲ କର୍ତ୍ତୃପକ୍ଷ ଓ ପୁଲିସ ଅଧିକାରୀଙ୍କ ସହ ମଧ୍ୟ ଘଟଣା ସମ୍ପର୍କରେ ଆଲୋଚନା କରିଥିବା ଜଣାପଡ଼ିଛି। ତେବେ ଖବର ଲେଖା ହେବା ଯାଏଁ ଧାରଣା ପ୍ରତ୍ୟାହୃତ ହୋଇ ନ ଥିବା ସୂଚନା ମିଳିଛି।



# ସାପକାମୁଡ଼ାରେ ମାଆ-ପୁଅ ମୃତ

ଆନନ୍ଦପୁର,୧୪।୮(ସମିସ): ସାପ କାମୁଡ଼ାରେ ଚାଲିଗଲା ମାଆ-ପୁଅଙ୍କ ଜୀବନ। ଘସିପୁରା ଥାନା ରାଧିକାଦେଇପୁର ଗାଁରେ ଏଭଳି ଏକ ଦୁଃଖଦ ଘଟଣା ଘଟିଛି। ମୃତକଦ୍ୱୟ ହେଲେ, ଗାଁର ସୁନୀଲ ମୁଣ୍ଡାଙ୍କ ପତ୍ନୀ ଜେମାମଣୀ ଓ ତାଙ୍କ ପୁଅ ଗଣେଶ (୧୦)। ଉଭୟ ମାଆ-ପୁଅ ବୁଧବାର ରାତିରେ ଖାଇପିଇ ସାରି ଘରେ ଚଟାଣରେ ଶୋଇଥିଲେ। ରାତି ପ୍ରାୟ ୧ଟା ବେଳେ ହଠାତ୍ ଦୁହିଁଙ୍କ ଅବସ୍ଥା ଗୁରୁତର ହୋଇପଡ଼ିବାରୁ ସୁନୀଲ ସେମାନଙ୍କୁ ଏକ ବାଇକ୍‌ରେ ନିକଟସ୍ଥ କେଶଦୁରାପାଳ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ଆନନ୍ଦପୁର ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ଠିକ୍ ସମୟରେ ଆମ୍ବୁଲାନ୍ସ ନ ମିଳିବାରୁ ଏକ ଘରୋଇ ଗାଡ଼ିରେ ଦୁହିଁଙ୍କୁ ମେଡିକାଲ ନେବାରେ ବିଳମ୍ବ ହୋଇଥିଲା। ଫଳରେ ବାଟରେ ଗଣେଶର ମୃତ୍ୟୁ ହୋଇଯାଇଥିବା ବେଳେ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଜେମାମଣୀଙ୍କ ମୃତ୍ୟୁ ଘଟିଛି।




## ବୃଦ୍ଧାଙ୍କୁ ସରକାରୀ ଅଧିକାରୀଙ୍କ ଭତ୍ତା, ଚାଉଳ ବନ୍ଦ କରିବାକୁ ଧମକ

**ବେତନଟୀ, ୧୪।୮ (ସମିସ):** ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଘର ନିର୍ମାଣ ବିଳମ୍ବ ହେବାରୁ ବେତନଟୀ ବ୍ଲକ ମହିଷାଶୋଳ ପଞ୍ଚାୟତର ଜଣେ ଆଦିବାସୀ ବୃଦ୍ଧା ହିତାଧିକାରୀଙ୍କୁ ସରକାରୀ ଅଧିକାରୀମାନେ ଅଶାଳୀନ ଭାଷାରେ ଧମକ ଚମକ ଦେଇଥିବା ଏକ ଭିଡିଓ ଭାଇରାଲ ହେଉଛି। ସମ୍ପୃକ୍ତ ବୃଦ୍ଧାଙ୍କ ଭତ୍ତା ଓ ଚାଉଳ ବନ୍ଦ କରିବାର ଭୟ ଦେଖାଇ ଏଭଳି ବ୍ୟବହାର କରାଯାଇଥିବା ଘଟଣା ସାମ୍ନାକୁ ଆସିଛି। ପଞ୍ଚାୟତର କାର୍ଯ୍ୟନିର୍ବାହୀ ଅଧିକାରୀ (ପିଇଓ) ସମେତ ଅନ୍ୟ ସରକାରୀ ବାବୁମାନେ ମିଳିମିଶି ହିତାଧିକାରୀଙ୍କୁ ଶୋଷଣ କରୁଥିବା ଅଭିଯୋଗ ଉଠିଛି। ସରକାର ଅଧିକାରୀଙ୍କୁ ଲୋକଙ୍କ ସମସ୍ୟାର ସମାଧାନ କରିବା ସହ ଭଲ ବ୍ୟବହାର କରିବାକୁ ବାରମ୍ବାର ନିର୍ଦ୍ଦେଶ ଦେଉଥିଲେ ମଧ୍ୟ ତାହା ଓଲଟା ଦେଖିବାକୁ ମିଳିଛି। ସରକାରୀ ଅଧିକାରୀମାନେ କ୍ଷମତାର ଅପବ୍ୟବହାର କରି ଲୋକଙ୍କ ସହ ଦୁର୍ବ୍ୟବହାର କରୁଛନ୍ତି; ଯାହା ସାମାଜିକ ନ୍ୟାୟର ଉଲ୍ଲଂଘନ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଜଣେ ଆଦିବାସୀ ହୋଇଥିବା ବେଳେ ଆଦିବାସୀ ସମାଜର ଏକ ବୃଦ୍ଧାଙ୍କ ଉପରେ ଏଭଳି ଜୁଲୁମ୍ ଆଦୌ ଗ୍ରହଣୀୟ ନୁହେଁ। ତେଣୁ ଏହି ଘଟଣାଣ ସରକାରଙ୍କୁ ତୁରନ୍ତ ଉଚ୍ଚସ୍ତରୀୟ ତଦନ୍ତ କରିବାକୁ ଦାବି ହେଉଛି।

## ବାମଗୋଡ଼ ଭାଙ୍ଗିଥିବାରୁ ମାଈ ହାତୀର ମୃତ୍ୟୁ ଘଟିଲା: ଡିଏଫ୍‌ଓ



**ଠାକୁରମୁଣ୍ଡା, ୧୪।୮ (ସମିସ):** କରଞ୍ଜିଆ ବନଖଣ୍ଡ ସାତକୋଶିଆ ବନ୍ୟପ୍ରାଣୀ ବନାଞ୍ଚଳ ଭାଲିଆଡାଳ ଗ୍ରାମପଞ୍ଚାୟତ ବେଣୁଆଦର ସାହି ନିକଟ କମ୍ପାର୍ଟମେଣ୍ଟ ୧୯ନଂ. ଜଙ୍ଗଲରେ ଏକ ମାଈ ହାତୀର ସୋମବାର ମୃତ୍ୟୁ ଘଟିଥିଲା। ତେବେ ସେତେବେଳେ ମୃତ୍ୟୁ କାରଣ ଜଣାପଡ଼ିନଥିଲା। ହାତୀର ଆଗ ଗୋଡ ବାମ ଆଣ୍ଠୁତଳ ଭାଙ୍ଗିଯାଇ ରକ୍ତସ୍ରାବ ହୋଇଥିଲା। ଫଳରେ ହାତୀଟି ଅସୁସ୍ଥ ହୋଇ ମୃତ୍ୟୁ ଘଟିଛି ବୋଲି କରଞ୍ଜିଆ ଡିଏଫଓ ବୈଦ୍ୟନାଥ ମାଝୀ ମଙ୍ଗଳବାର ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ଗତ ରବିବାର ସ୍ଥାନୀୟ ଲୋକେ ଏକ ହାତୀ ଚଲାବୁଲା ନ କରି ଜଙ୍ଗଲ ଭିତରେ ଏକୁଟିଆ ଛିଡା ହୋଇଥିବା ଦେଖିବାକୁ ପାଇଥିଲେ। ପରେ ଲୋକେ ଏ ନେଇ ସାତକୋଶିଆ ବନ ବିଭାଗକୁ ଖବର ଦେଇଥିଲେ। ବନ କର୍ମଚାରୀ ରାତିରେ ଘଟଣାସ୍ଥଳରେ ପହଞ୍ଚି ହାତୀ ଅସୁସ୍ଥ ଥିବା ଜାଣିବାକୁ ପାଇଥିଲେ। ସୋମବାର ସକାଳେ ପ୍ରାଣୀ ଚିକିତ୍ସକଙ୍କୁ ନେଇ ଚିକିତ୍ସା କରିବାକୁ ଉଦ୍ୟମ କରିଥିଲେ; କିନ୍ତୁ ଚିକିତ୍ସା ଆରମ୍ଭ ପୂର୍ବରୁ ହାତୀର ମୃତ୍ୟୁ ଘଟିଥିଲା। ଭୁବନେଶ୍ୱର ଓ ବାରିପଦାରୁ ଏକ ଟିମ୍ ପହଞ୍ଚି ଶବ ବ୍ୟବଚ୍ଛେଦ କରିଥିଲେ।

### ପ୍ରସ୍ତାବିତ କୃଷି ମହାବିଦ୍ୟାଳୟ ବାଲେଶ୍ୱରକୁ ନେବାକୁ ମସୁଧା

# ମୟୂରଭଞ୍ଜ ଶାସକ ଦଳ ନେତା ସାଜିବେ ଜଳକା

**ବାରିପଦା, ୧୪।୮ (ସମିସ)**

ଓୟୁଏଟିର ପରିଚାଳନା ବୋର୍ଡର ନିଷ୍ପତ୍ତି ଅନୁଯାୟୀ ମୟୂରଭଞ୍ଜରେ କୃଷି ମହାବିଦ୍ୟାଳୟ ପ୍ରତିଷ୍ଠା ପାଇଁ ଅନୁମୋଦନ ମିଳିଛି। ରାଜ୍ୟ ସରକାରଙ୍କ ପକ୍ଷରୁ ଆବଶ୍ୟକ ଅନୁମତି ମିଳିବା ପରେ ଏହି କୃଷି ମହାବିଦ୍ୟାଳୟ ସ୍ଥାପନ ନେଇ ପ୍ରକ୍ରିୟା ଆରମ୍ଭ ହେବ ବୋଲି ଜଣାପଡ଼ିଛି। ଯଦିଓ ଜିଲ୍ଲାରେ ଏହା କେଉଁଠି ନିର୍ମାଣ ହେବ ତାହାର ସ୍ଥିର ହୋଇନାହିଁ। ଆଗାମୀ ଦିନରେ ଏହି କୃଷି ମହାବିଦ୍ୟାଳୟ ସ୍ଥାପନ ଦ୍ୱାରା ମୟୂରଭଞ୍ଜରେ କୃଷି ଗବେଷଣା କ୍ଷେତ୍ରରେ ଏକ ବଡ଼ ସଫଳତା ମିଳିବ। ତେବେ ଏହି ମହାବିଦ୍ୟାଳୟ ବାଲେଶ୍ୱରରେ ସ୍ଥାପନ ପାଇଁ ମସୁଧା ଆରମ୍ଭ ହୋଇଛି। ଏପରି ହେଲେ ମୟୂରଭଞ୍ଜର ୨ ମନ୍ତ୍ରୀ, ୨ ସାଂସଦ ଓ ୭ ଜଣ ବିଧାୟକ ଜଳକା ହୋଇରହିବେ। ଯାହାର ଫଳାଫଳ ପରବର୍ତ୍ତୀ ସମୟରେ ମୟୂରଭଞ୍ଜବାସୀଙ୍କ ପାଖରେ ସଭିଏଁ ଉତ୍ତର ଦାୟୀ ହୋଇରହିବେ। ବାଲେଶ୍ୱରରେ ଉପମୁଖ୍ୟ ସଚେତକ ତଥା ରେମୁଣା ବିଧାୟକ ଗୋବିନ୍ଦ ଚନ୍ଦ୍ର ଦାସଙ୍କ ଆହ୍ୱାନରେ କୃଷି ମହାବିଦ୍ୟାଳୟ ପ୍ରତିଷ୍ଠା କ୍ରିୟାନୁଷ୍ଠାନ କମିଟିର ଏକ ଜରୁରୀ ବୈଠକ ସମିତିର ସଭାପତି ଡ. କେଶବ ଚରଣ ପଣ୍ଡାଙ୍କ ସଭାପତିତ୍ୱରେ ବୁଧବାର ବାଲେଶ୍ୱର ସର୍କିଟ ହାଉସରେ ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ ଅଭୟଚନ୍ଦ୍ର ମିଶ୍ର, ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ନୂଆଦିଲ୍ଲୀରେ କେନ୍ଦ୍ର କୃଷିମନ୍ତ୍ରୀଙ୍କୁ ସାକ୍ଷାତ କରି ବାଲେଶ୍ୱରରେ ଏକ କୃଷି ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ଦାବି ରଖିଥିବା ପ୍ରକାଶ କରିଥିଲେ। ସେଥିପାଇଁ ସମିତିର ସଦସ୍ୟ ସଦସ୍ୟା ତାଙ୍କର ଏହି କାର୍ଯ୍ୟକୁ ପ୍ରଶଂସା କରିଥିଲେ। ବାଲେଶ୍ୱର ଜିଲ୍ଲାପାଳଙ୍କ ସଭାଗୃହରେ 'ଦିଶା'ର ଏକ ବୈଠକରେ ସଭ୍ୟ/ସଭ୍ୟା ଉପସ୍ଥିତ ରହି ବାଲେଶ୍ୱର-ଭଦ୍ରକ ସାଂସଦଙ୍କୁ ବାଲେଶ୍ୱରଠାରେ ଏକ କୃଷି ମହାବିଦ୍ୟାଳୟ ପ୍ରତିଷ୍ଠା ସହିତ ସେଥିପାଇଁ ଆବଶ୍ୟକ ବଜେଟ ରଖୀବା ପାଇଁ ନିବେଦନ କରିଥିଲେ। ସମସ୍ତ ୮ଜଣ ବିଧାୟକଙ୍କୁ ଭେଟି ବାଲେଶ୍ୱର ଜିଲ୍ଲାର ସରକାରୀ କୃଷିମହାବିଦ୍ୟାଳୟ ଓ ଗବେଷଣା କେନ୍ଦ୍ର ପ୍ରତିଷ୍ଠା ପାଇଁ ଦାବି ଉପସ୍ଥାପନ କରିଥିଲେ। ବାଲେଶ୍ୱର ଜିଲ୍ଲାର ସମସ୍ତ ବିଧାୟକ ଚଳିତ ଅଧିବେଶନରେ କୃଷି ମହାବିଦ୍ୟାଳୟ ବାଲେଶ୍ୱରରେ ସ୍ଥାପନ ପାଇଁ ଦାବି ଉଠାଇଛନ୍ତି। ଏପରି ହେଲେ ମୟୂରଭଞ୍ଜର ହକ୍ ହାତଛଡା ହୋଇଯିବ। ତେବେ ଜିଲ୍ଲାର ଶାସକ ଦଳ ମନ୍ତ୍ରୀ, ସାଂସଦ ଓ ବିଧାୟକ ଘଟଣାକୁ ନେଇ ଚୁପ ରହିବା ସାଧାରଣରେ ଅସନ୍ତୋଷ ଦେଖାଦେଲାଣି। ଦୀର୍ଘଦିନ ହେବ ମୟୂରଭଞ୍ଜରେ କୃଷି ମହାବିଦ୍ୟାଳୟ ପରିବର୍ତ୍ତେ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ଦାବି ହୋଇଆସୁଥିଲା। ଏଥିପାଇଁ ବାରିପଦା, ଶାମାଖୁଣ୍ଟା, ବେତନଟୀ ଓ ମୋରଡ଼ା ନିକଟରେ ଶହଶହ ଏକରରୁ ଅଧିକ ସ୍ଥାନ ଚିହ୍ନଟ ମଧ୍ୟ କରାଯାଇଛି। ତିନି ବ୍ଲକର ସୀମାରେ ଥିବା ଦାନ୍ତିଆମୁହାଁ, ବାରିପଦା ଓ ଶାମାଖୁଣ୍ଟା ସୀମାରେ ଏକ କୃଷି ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ହେବା ନେଇ ୨୦୧୪ ଅଗଷ୍ଟରେ ତତ୍କାଳୀନ ବିଜେଡି ସରକାର ଘୋଷଣା କରିଥିଲେ। ବିଶ୍ୱର ପ୍ରମୁଖ ଜୈବମଣ୍ଡଳ ଭାବେ ଶିମିଳିପାଳ ରହିଥିବା ବେଳେ ମୟୂରଭଞ୍ଜ ଜିଲ୍ଲାକୁ ବହୁ ଚାଷୀର ଅନ୍ତୁଡ଼ିଶାଳ ବୋଲି କୁହାଯାଏ। ଖାଲି ଯେ ଧାନ ତାହା ନୁହେଁ; ଉନ୍ନତ ମାନର ମକା, ଆଳୁ, ବାଦାମ, ପିଆଜ ସହ ବିଭିନ୍ନ ପନିପରିବା ବର୍ଷତମାମ ଉତ୍ପାଦନ କରାଯାଉଛି। ଜିଲ୍ଲାର ଜଳବାୟୁ ସବୁ ପନିପରିବା, ଧାନ, ମକା, ଆଖୁ, ବାଦାମ ଓ ଆଳୁ ପାଇଁ ମଧ୍ୟ ଉପଯୋଗୀ। ତେଣୁ ଏଠାରେ ଓଡ଼ିଶାର ଦ୍ୱିତୀୟ କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା କରାଯିବା ନେଇ ଦାବି ହୋଇଆସୁଥିଲା। ତଦନୁଯାୟୀ, ନିକଟରେ ଓୟୁଏଟିର ପରିଚାଳନା ବୋର୍ଡର ନିଷ୍ପତ୍ତି ଅନୁଯାୟୀ ମୟୂରଭଞ୍ଜରେ କୃଷି ମହାବିଦ୍ୟାଳୟ ପ୍ରତିଷ୍ଠା ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଆବଶ୍ୟକ ଅନୁମତି ମିଳିଥିଲେ ହେଁ ବାଲେଶ୍ୱର ନେତାଙ୍କ ତତ୍ପରତା ମୟୂରଭଞ୍ଜ ପାଇଁ କାଳ ସାଜିପାରେ। ସାଂସଦ ପ୍ରତାପ ଷଡ଼ଙ୍ଗୀଙ୍କ ସଂସଦୀୟ କ୍ଷେତ୍ର ଅଧୀନରେ ବଡସାହି ବିଧାନସଭା ନିର୍ବାଚନ ମଣ୍ଡଳୀ ରହିଥିଲେ ହେଁ ସେ ମଧ୍ୟ ମହାବିଦ୍ୟାଳୟ ବାଲେଶ୍ୱରରେ ପ୍ରତିଷ୍ଠା ପାଇଁ ଉଦ୍ୟମ କରିବା ବାସ୍ତବରେ ତର୍ଜମାର ବିଷୟ।

## ପୋଖରୀରେ ବୁଡ଼ି ବୃଦ୍ଧଙ୍କ ମୃତ୍ୟୁ

**ବେତନଟୀ, ୧୪।୮ (ସମିସ):** ବେତନଟୀ ଥାନା ଅନ୍ତର୍ଗତ ଦହିକୋଟୀ ପଞ୍ଚାୟତର ଆଗଡ଼ା ଗ୍ରାମର ଜଣେ ବୃଦ୍ଧ ବୁଧବାର ପୋଖରୀକୁ ଗାଧୋଇବାକୁ ଯାଇ ପାଣିରେ ବୁଡି ଯିବାରୁ ତାଙ୍କର ମୃତ୍ୟୁ ଘଟିଛି। ମୃତ ବୃଦ୍ଧ ଜଣକ ହେଉଛନ୍ତି କରୁଣାକର ଖଟୁଆ। ସେ ସାଇକଲ୍ ନେଇ ଗାଁ ମୁଣ୍ଡର ପୋଖରୀକୁ ଗାଧୋଇବାକୁ ଯାଇଥିଲେ। କିନ୍ତୁ ଦୀର୍ଘ ସମୟ ଧରି ଘରକୁ ନ ଫେରିବାରୁ ପରିବାର ଲୋକେ ଖୋଜାଖୋଜି କରି ପୋଖରୀ ପାଖକୁ ଯାଇଥିଲେ। ପୋଖରୀ କୂଳରେ କରୁଣାକରଙ୍କ ସାଇକଲ୍, ଗାମୁଛା ଓ ଚପଲ ଥିବା ଦେଖିବାକୁ ମିଳିଥିଲା; କିନ୍ତୁ ତାଙ୍କର କୌଣସି ପତ୍ତା ମିଳିନଥିଲା। ପରେ ତାଙ୍କୁ ପୋଖରୀରୁ ଉଦ୍ଧାର କରାଯାଇଥିଲା। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁକରି ବ୍ୟବଚ୍ଛେଦ କରି ପରିବାରକୁ ହସ୍ତାନ୍ତର କରିଛି।

## କଂଗ୍ରେସର ମଶାଲ ଶୋଭାଯାତ୍ରା




**ବାରିପଦା, ୧୪।୮ (ସମିସ):** ଅଖିଳ ଭାରତୀୟ ଜାତୀୟ କଂଗ୍ରେସ କମିଟିର ସଭାପତି ମାଲିକାର୍ଜୁନ ଖଡ଼ଗେ ଓ ପ୍ରଦେଶ କଂଗ୍ରେସ କମିଟିର ସଭାପତି ଭକ୍ତଚରଣ ଦାସଙ୍କ ନିର୍ଦ୍ଦେଶ କ୍ରମେ ଗୁରୁବାର ମୟୂରଭଞ୍ଜ ଜିଲ୍ଲା ସଂଯୋଜକ (ପୂର୍ବ) ଅରବିନ୍ଦ ଦାସଙ୍କ ନେତୃତ୍ୱରେ ଏକ ବିଶାଳ ମଶାଲ ଶୋଭାଯାତ୍ରା ମହାରାଜା ପୂର୍ଣ୍ଣଚନ୍ଦ୍ର ମହାବିଦ୍ୟାଳୟ ନିକଟରୁ ଆରମ୍ଭ ହୋଇ ସହର ପରିକ୍ରମା କରିଥିଲା। ଦଳୀୟ କର୍ମୀମାନେ 'ଭୋଟ ଚୋର ଗାଦି ଛାଡ଼' ନାରା ଦେଇଥିଲେ। ଶୋଭାଯାତ୍ରାରେ ନିରୋଜ ଦାସ, ଜ୍ୟୋତିପ୍ରକାଶ ରଥ, ଯୋଗେଶ ଅଗ୍ରୱାଲ, ସୁସ୍ମିତା ଘୋଷାଲ, ମୋତିପ୍ରକାଶ ଦାସ, ସୁଦିପ ମନ୍ତ୍ରୀ, ଦୀପୁ ଦାସ, ବିଷ୍ଣୁ ସିଂ, ଭବାନି ସିଂ, ଭବାନୀ ସାହୁ, ଠାକୁର ସିଂ, ଏସ.କେ ମୁସ୍ତଫା, ଏସକେ ଇକବାଲ, ଫରିଦା ତପସୁମ, ନିର୍ମଳ ପ୍ରଧାନ ଓ ଛାତ୍ର ଓ ଯୁବଓ ମହିଳା ସଂଗଠନର ବହୁ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

## ଶିବୁ ସୋରେନଙ୍କ ଶ୍ରଦ୍ଧାଞ୍ଜଳି ସଭା

**ବାରିପଦା, ୧୪।୮ (ସମିସ):** ଝାରଖଣ୍ଡ ମୁକ୍ତି ମୋର୍ଚ୍ଚାର ପ୍ରତିଷ୍ଠାତା ତଥା ପ୍ରାକ୍ତନ ଝାରଖଣ୍ଡ ମୁଖ୍ୟମନ୍ତ୍ରୀ ଦିଶମ ଗୁରୁ ଶିବୁ ସୋରେନଙ୍କ ଶ୍ରଦ୍ଧାଞ୍ଜଳି ଦିବସ ବାରିପଦା ଷ୍ଟାଡିୟମ ସମ୍ମିଳନୀ କକ୍ଷରେ ପାଳିତ ହୋଇଛି। ଗଷ୍ଟ ୪ତାରିଖରେ ଶ୍ରୀ ସୋରେନ ଦିଲ୍ଲୀସ୍ଥିତ ଗଙ୍ଗାରାମ ଚିକିତ୍ସାଳୟରେ ପରଲୋକ ହୋଇଯାଇଛି। ସେ ଥିଲେ ମହାଜନନାୟକ, ସମାଜ ସୁଧାରକ, ଆଦିବାସୀ ସମାଜର ଭଗବାନ।



ଗୁରୁଜୀଙ୍କ ମୟୂରଭଞ୍ଜ ପ୍ରତି ଭଲ ପାଇବା ବହୁତ ଥିଲା ଏବଂ ସେ ବାରମ୍ବାର ମୟୂରଭଞ୍ଜ ଗସ୍ତ କରୁଥିଲେ। ତାଙ୍କ ଝିଅ ଅଞ୍ଜନୀ ସୋରେନଙ୍କୁ ମୟୂରଭଞ୍ଜରେ ବିବାହ କରାଇଥିଲେ। ଦୁଇ ଜଣ ପୁତ୍ରବଧୂ ରୂପେ କଳ୍ପନା ଏବଂ ସୀତାଙ୍କୁ ମୟୂରଭଞ୍ଜରୁ ଗ୍ରହଣ କରିଥିଲେ। ଝାରଖଣ୍ଡ ରାଜ୍ୟର ସୁଧଖୋର ମହାଜନଙ୍କ ବିରୋଧରେ ଲଢୁଥିଲେ। ମହାଜନୀ ବ୍ୟବସ୍ଥାକୁ ହଟାଇବା ପାଇଁ ଝାରଖଣ୍ଡ ଆଦିବାସୀଙ୍କୁ ଏକତ୍ରିତ କରି ମହାଜନଙ୍କର ବିରୋଧରେ ସ୍ୱର ଉତ୍ତୋଳନ କରିଥିଲେ। ଫଳରେ ଗୁରୁଜୀଙ୍କୁ ଅନେକ ଥର ହତ୍ୟା ଉଦ୍ୟମ ମଧ୍ୟ ହୋଇଥିଲା। ଝାରଖଣ୍ଡର ସ ତିନି ଥର ମୁଖ୍ୟମନ୍ତ୍ରୀ ଓ କେନ୍ଦ୍ରମନ୍ତ୍ରୀ ମଧ୍ୟ ଥିଲେ। ଶିବୁ ସୋରେନ ସ୍ମୃତି ପରିଷଦ ପକ୍ଷରୁ ଆୟୋଜିତ ଶ୍ରଦ୍ଧାଞ୍ଜଳି ସଭାରେ ଅତିଥିମାନେ ସ୍ମୃତିଚାରଣ କରିଥିଲେ। ମୟୂରଭଞ୍ଜ ଜିଲ୍ଲାପରିଷଦ ଅଧକ୍ଷା ଭାରତୀ ହାଁସଦା, ଝାରଖଣ୍ଡ ମୁକ୍ତି ମୋର୍ଚ୍ଚାର ପୂର୍ବତନ ଜିଲ୍ଲା ସଭାପତି ଫାଗୁ ହାଁସଦା, ବର୍ତ୍ତମାନର ଜିଲ୍ଲା ସଭାପତି କୃଷ୍ଣଚନ୍ଦ୍ର ଦାସ, ଉପସଭାପତି ରାଜା ହେମ୍ବ୍ରମ, ରାଜ୍ୟ ପରିଷଦ ସଭ୍ୟ ସନାତନ ମୁର୍ମୁ, ସୁଜିତ ବେହେରା କେନ୍ଦ୍ରୀୟ ସଭ୍ୟ ଦିବାକର ସୋରେନ, ସମ୍ପାଦକ ଶୈଳେନ୍ଦ୍ର ହେମ୍ବ୍ରମ, ବାରିପଦା ଟାଉନ ସଭାପତି ତରେନ ସେନାପତି, ବିଭିନ୍ନ ବ୍ଲକର ସଭାପତି ମଧୁସୂଦନ ମହାନ୍ତ, ଚୈତନ୍ୟ ମୁର୍ମୁ, ବିକ୍ରମ ମୁର୍ମୁ, ପାରାନ ସୋରେନ ପ୍ରମୁଖ ବହୁ ଶୁଭେଚ୍ଛୁ ଯୋଗ ଦେଇଥିଲେ।

## ବିଶ୍ୱବିଦ୍ୟାଳୟ ଓ ରୋଟାରୀ କ୍ଲବ୍ ପକ୍ଷରୁ ବିଶ୍ୱ ଅଙ୍ଗଦାନ ଦିବସ






**ବାରିପଦା, ୧୪।୮ (ସମିସ):** ମହାରାଜା ଶ୍ରୀରାମ ଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ ଏବଂ ବାରିପଦା ରୋଟାରୀ କ୍ଲବ ଆନୁକୂଲ୍ୟରେ ବିଶ୍ୱ ଅଙ୍ଗଦାନ ଦିବସ ପାଳିତ ହୋଇଛି। ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ପ୍ରଫେସର ଡକ୍ଟର କମଳଲୋଚନ ବାରିକ ସଭାକୁ ଉଦ୍‌ଘାଟନ କରିଥିଲେ। ସ୍ନାତକୋତ୍ତର କମ୍ପ୍ୟୁଟର ଆପ୍ଲିକେସନର ବିଭାଗୀୟ ମୁଖ୍ୟ ପ୍ରଫେସର ଡକ୍ଟର ଏମ ହିମାବିନ୍ଦୁ ଏଥିରେ ପୌରୋହିତ୍ୟ କରିଥିଲେ। ପଣ୍ଡିତ ରଘୁନାଥ ମୁର୍ମୁ ଭେଷଜ ମହାବିଦ୍ୟାଳୟର ଆନାଟୋମି ବିଭାଗର ବିଭାଗୀୟ ମୁଖ୍ୟ ପ୍ରଫେସର ଡକ୍ଟର ରାମକୃଷ୍ଣ ସାହୁ ମୁଖ୍ୟ ଅତିଥି ତଥା ବିଷୟ ବିଶାରଦ ରୂପେ ଯୋଗଦାନ କରି ଚକ୍ଷୁ ପଟଳ, ହୃଦୟ, ଅଗ୍ନାଶୟ, ରକ୍ତ, ଫୁସଫୁସ, ବୃକକ ଓ ଯକୃତ ପରି ବିଭିନ୍ନ ପ୍ରକାର ଗୁରୁତ୍ୱପୂର୍ଣ୍ଣ ମାନବୀୟ ଅଙ୍ଗଗୁଡିକର ଦାନର ପ୍ରକ୍ରିୟା, ଆଇନଗତ ଦିଗ ଓ ପ୍ରତ୍ୟାରୋପଣର ପ୍ରକ୍ରିୟା ସମ୍ବନ୍ଧରେ ପିପିଟି ମାଧ୍ୟମରେ ସବିଶେଷ ଆଲୋଚନା କରିଥିଲେ। ରୋଟାରୀ କ୍ଲବର ସଭାପତି ଭବାନୀ ଶଙ୍କର ସାହୁ ସ୍ୱାଗତ ଭାଷଣ ଦେଇଥିଲେ। ବିଶ୍ୱବିଦ୍ୟାଳୟ ଏନଏସଏସ ସ୍ନାତକୋତ୍ତର ୟୁନିଟର ପ୍ରୋଗ୍ରାମ ଅଧିକାରୀ ଡକ୍ଟର ବିଷ୍ଣୁପ୍ରିୟା ହାଁସଦା ଧନ୍ୟବାଦ ଅର୍ପଣ କରିଥିଲେ। ଏନଏସଏସ ପ୍ରୋଗ୍ରାମ କୋର୍ଡିନେଟର ଡ. ବସନ୍ତ କୁମାର ମହାନ୍ତ, ସ୍ନାତକୋତ୍ତର ଏନଏସଏସ ୟୁନିଟର ପ୍ରୋଗ୍ରାମ ଅଧିକାରୀ ଡ ଶିଶିର କୁମାର ବେହେରା ଓ କ୍ଲବର ସମ୍ପାଦକ ତିମିର କୁମାର ଘୋଷ ପ୍ରମୁଖ ମଞ୍ଚାସୀନ ଥିଲେ।















## ବିଭିନ୍ନ ସ୍ଥାନରେ ହର ଘର ତ୍ରିରଙ୍ଗା ଉପଲକ୍ଷେ ଶୋଭାଯାତ୍ରା

# ସ୍ୱାଧୀନତା ସଂଗ୍ରାମୀ ଓ ବୀର ଯବାନଙ୍କୁ ଜଣାଇଲେ ସମ୍ମାନ

ବାରିପଦା, ୧୪।୮(ସମିସ): ଗୁରୁବାର ବାରିପଦାରେ ହର ଘର ତ୍ରିରଙ୍ଗା ଉପଲକ୍ଷେ ଏକ ତ୍ରିରଙ୍ଗା ବାଇକ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ବାଇକ ରାଲି ସହିତ ତ୍ରିରଙ୍ଗା ୱାକାଥନ ମଧ୍ୟ ଅନୁଷ୍ଠିତ ହୋଇଥିଲା। ଏହି ରାଲି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ବାହାରି ସହରର ବିଭିନ୍ନ ରାସ୍ତାରେ ପରିକ୍ରମା କରିଥିଲା। ଶୋଭାଯାତ୍ରାକୁ ଜିଲ୍ଲାପାଳ ହେମକାନ୍ତ ସଏ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବରୁଣ ଗୁଣ୍ଟୁପାଲ୍ଲୀ, ଆଇଏଏସ ପ୍ରୋବେଶନର କାଶିଷ ବକ୍ସି ପ୍ରମୁଖ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ତ୍ରିରଙ୍ଗାର ତିନି ରଙ୍ଗ ଆମକୁ ଶାନ୍ତି, ମୈତ୍ରୀ ଓ ସୌହାର୍ଦ୍ଦର୍ୟର ଆଦର୍ଶରେ ଅନୁପ୍ରାଣିତ କରିଥାଏ। ଆମ ପାଖରେ ସହନଶୀଳତା ରହିଛି, ମାତ୍ର ଯେତେବେଳେ ଦେଶର ସୁରକ୍ଷା ତଥା ଦେଶବାସୀଙ୍କ ଜୀବନ ପ୍ରତି ବିପଦ ଆସେ, ସେତେବେଳେ ନିଶ୍ଚିତ ଭାବେ ଶତ୍ରୁ ବିରୋଧରେ ଲଢୁ। ଆମ ସେନାବାହିନୀର ବୀର ଯବାନମାନେ ଶତ୍ରୁ ବିରୋଧରେ ଲଢ଼ିବା ପାଇଁ ସଦାସର୍ବଦା ପ୍ରସ୍ତୁତ। ଦେଶମାତୃକା ତଥା ଦେଶବାସୀଙ୍କ ପାଇଁ ସେମାନଙ୍କ ସେବା ଓ ତ୍ୟାଗ ଅତୁଳନୀୟ। ଆମ ଦେଶର ଯେଉଁ ମହାମନୀଷୀ ସ୍ୱାଧୀନତା ସଂଗ୍ରାମୀମାନେ ଆମ ପାଇଁ ସ୍ୱାଧୀନତା ଆଣିଥିଲେ ଏବଂ ବୀର ଯବନଙ୍କୁ ହୃଦୟରୁ ସମ୍ମାନ ଜଣାଉଛି ବୋଲି ଜିଲ୍ଲାପାଳ କହିଥିଲେ।



ଏହାପରେ ନିଜେ ଜିଲ୍ଲାପାଳ ଓ ଏସ୍‌ପି ବାଇକରେ ଲୋକଙ୍କ ସହିତ ରାଲିରେ ମଧ୍ୟ ସାମିଲ ହୋଇଥିଲେ। ସେହିପରି ୱାକାଥନ ରାଲିରେ ଏକ ୧୦୦ ମିଟର ଲମ୍ବ ପତାକା ଧରି ବିଭିନ୍ନ ସ୍ଲୋଗାନ ଦେଇ ସହର ପରିକ୍ରମା କରାଯାଇଥିଲା। ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକ, ଜିଲ୍ଲା ପରିଷଦ ନିର୍ବାହୀ ତଥା ମୁଖ୍ୟ ଉନ୍ନୟନ ଅଧିକାରୀ ଧର୍ମାନନ୍ଦ ବେହେରା, ଉପଜିଲ୍ଲାପାଳ ଡ଼. ଦୟାସିନ୍ଧୁ ପରିଡ଼ା, ନିଜାରତ ଅଧିକାରୀ ଶ୍ରୀକାନ୍ତ ନାୟକଙ୍କ ସମେତ ସହରର ବିଭିନ୍ନ କ୍ଷେତ୍ରର ଶତାଧିକ ଜନତା ଏହି ତ୍ରିରଙ୍ଗା ପତାକା ଧରି ରାଲିରେ ସାମିଲ ହୋଇଥିଲେ। ବାଇକ ଶୋଭାଯାତ୍ରାରେ ୧୦୦୦ରୁ ଊ୦୦୦ ବିଭିନ୍ନ ବର୍ଗ ଯଥା ପୁଲିସ ପଦାଧିକାରୀ, ପୁଲିସ କର୍ମଚାରୀ, ସରକାରୀ ପଦାଧିକାରୀ, କର୍ମଚାରୀ, ଲୋକପ୍ରତିନିଧି, ଏନସିସି, ଏନଏସଏସ, କ୍ରୀଡା ଛାତ୍ର ସ୍ୱେଚ୍ଛାସେବୀ, ଅବସରପ୍ରାପ୍ତ ସେନା କର୍ମଚାରୀ ଲିଗର ସଦସ୍ୟ, ବୁଦ୍ଧିଜୀବୀ ଏବଂ ସାଧାରଣ ଜନତା ବିପୁଳ ସଂଖ୍ୟାରେ ସାମିଲ ହୋଇ ଶୋଭାଯାତ୍ରାରେ ନିଜ ସହିତ ତ୍ରିରଙ୍ଗା ପତାକା ଧରି ବାଇକ ଚଳାଇ ବନ୍ଦେ ମାତରମ, ଭାରତ ମାତାକୀ ଜୟ, ଜୟ ଯବାନ ଜୟ କିଷାନ, ଇନକ୍ଲବ ଜିନ୍ଦାବାଦ ଆଦି ସ୍ଲୋଗାନ ଦେଇ ସହର ପରିକ୍ରମା କରିଥିଲେ। ପୌରପାଳିକା ଉପାଧକ୍ଷା ସୀମା ଦାସ, ପୌର ପାଳିକାର କାର୍ଯ୍ୟନିର୍ବାହୀ ଅଧିକାରୀ ସପନ କୁମାର ସାହୁ ରାଉତ, ଅତିରିକ୍ତ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବିନୋଦ କିଷାନ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ମମତାମୟୀ ବିଶ୍ୱାଳ, ଜିଲ୍ଲା କ୍ରୀଡା ଅଧିକାରୀ ସୁଭାଶିଷ ନାୟକ ସେଠୀ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତିଙ୍କ ସମେତ ବହୁ ପଦାଧିକାରୀ ସାମିଲ ହୋଇଥିଲେ।

**ଶୁକ୍ଳି :** ଶୁକ୍ଳି ସ୍ନାତକ ମହାବିଦ୍ୟାଳୟରେ ହର ଘର ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ଆୟୋଜିତ ସଭାରେ ଅଧ୍ୟକ୍ଷ ଡ଼ଃ ସଂଗ୍ରାମ କେଶରୀ ମଲ୍ଲିକ ପ୍ରଥମେ ଛାତ୍ରଛାତ୍ରୀଙ୍କୁ ଉଦ୍‌ବୋଧନ ଦେଇଥିଲେ। ଶୋଭାଯାତ୍ରାରେ ରରୁଆଁ ଥାନା ଅଧିକାରୀ ଅନାଦି ଚରଣ ପାଟାୟତ ଯୋଗ ଦେଇ ସମସ୍ତଙ୍କୁ ଉତ୍ସାହିତ କରିଥିଲେ। ସହକାରୀ ଆରକ୍ଷୀ ନିରୀକ୍ଷକ ବିବେକାନନ୍ଦ



ବେହେରାଙ୍କ ସମେତ ସମସ୍ତ ପୁଲିସ ବାହିନୀ ଶୋଭାଯାତ୍ରା ମହାବିଦ୍ୟାଳୟରୁ ବାହାରି ଖମଣ ସାହି ସୁରୁବାଲି ଓ ଶୁକ୍ଳି ଗାଁ ପରିକ୍ରମା କରି ଶ୍ରୀଜଗନ୍ନାଥ ମନ୍ଦିର ନିକଟରେ ପହଞ୍ଚିଥିଲା। ଅଧ୍ୟାପକ ମହେଶ୍ୱର ମିଶ୍ର, ନିର୍ମଳ କୁମାର ମଲ୍ଲ ସରୋଜ କୁମାର ପଲେଇ, ଜନାର୍ଦ୍ଦନ ମହାନ୍ତ, ପ୍ରମୋଦ କୁମାର ତ୍ରିପାଠୀ, ଶୁଭେନ୍ଦୁ କୁମାର ଗିରି, ଯଶୋବନ୍ତ ସି, ଅଧ୍ୟାପିକା ବିଦ୍ୟୁତପ୍ରଭା ପୃଷ୍ଟି ପ୍ରମୁଖ ଉପସ୍ଥିତ ଥିଲେ।

**ମହୁଲଡିହା :** ରାଇରଙ୍ଗପୁର ଡାକ ମଣ୍ଡଳ ତରଫରୁ ଠାକୁରମୁଣ୍ଡାରେ ହର ଘର ତ୍ରିରଙ୍ଗା ସଚେତନତା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ରାଇରଙ୍ଗପୁର ଡାକ ମଣ୍ଡଳ ଅଧିକ୍ଷକ ଗୌରାଙ୍ଗ ଚରଣ ବେହେରାଙ୍କ ନେତୃତ୍ୱରେ ଆୟୋଜିତ ଶୋଭାଯାତ୍ରାରେ ମୁଖ୍ୟ ଅତିଥି ଭାବେ କରଞ୍ଜିଆ ବିଧାୟକ ପଦ୍ମଚରଣ ହାଇବ୍ରୁରୁ ଯୋଗ ଦେଇ ଜନସାଧାରଣଙ୍କୁ ସ୍ୱାଧୀନତା ଦିବସରେ ପ୍ରତ୍ୟେକ ଘରେ ଜାତୀୟ ପତାକା ଉଡାଇବାକୁ ବାର୍ତ୍ତା ଦେଇଥିଲେ। ଆୟୋଜିତ ପଦଯାତ୍ରାରେ କରଞ୍ଜିଆ




ଉପଖଣ୍ଡ ଓଭରସିୟର ରଣଜିତ ମହାନ୍ତି, ରଜିତ କୁମାର ନାୟକ, ଠାକୁରମୁଣ୍ଡା ପୋଷ୍ଟ ମାଷ୍ଟର ସାତ୍ରୀ କଣ୍ଡୀଂକେଲ, ସହ ପୋଷ୍ଟ ମାଷ୍ଟର ସୁମନ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

**ଉଦଳା :** ଉଦଳା ଇନ୍ଦିରା ଗାନ୍ଧୀ ମହିଳା ମହାବିଦ୍ୟାଳୟର +୨ ଓ +୩ ଜାତୀୟ ସେବା ଯୋଜନା, ଯୁବ ରେଡକ୍ରଶସ ଓ ରେଞ୍ଜର୍ସ ତରଫରୁ ହର ଘର ତ୍ରିରଙ୍ଗା ଅଭିଯାନ ବୁଧବାର ଅନୁଷ୍ଠିତ ହୋଇଥିଲା। ଅଧକ୍ଷ ଶଶିଭୂଷଣ ପାଣିଗ୍ରାହୀ କାର୍ଯ୍ୟକ୍ରମ ଉଦଘାଟନ କରିଥିଲେ। ଛାତ୍ରଛାତ୍ରୀମାନେ ହାତରେ ତ୍ରିରଙ୍ଗା ଧରି ଦେଶମାତୃକାର ସ୍ଲୋଗାନ ଦେଇ ଏକ ବିଶାଳ ରାଲିରେ ଉଦଳା ସହର ପରିକ୍ରମା କରିଥିଲେ।




ଭାରତୀୟଙ୍କ ମଧ୍ୟରେ ଦେଶପ୍ରୀତି ଜାଗରଣ ଓ ଜାତୀୟ ପତାକାକୁ ସମ୍ମାନ ଜଣାଇବା ଲକ୍ଷ୍ୟରେ ଉକ୍ତ ରାଲି ଅନୁଷ୍ଠିତ ହୋଇଥିଲା। ଜାତୀୟ ସେବା ଯୋଜନା କାର୍ଯ୍ୟକ୍ରମ ଅଧିକାରୀ ଗିରିଜା ଶଙ୍କର ପାତ୍ର ଓ ମେରିନା ପଣ୍ଡା, ଯୁବ ରେଡକ୍ରସ ଅଧିକାରୀ ଅଞ୍ଜନ କୁମାର ବିଶ୍ୱାଳ ଓ ରାଜେଶ କୁମାର ମୁଦୁଲି, ରେଞ୍ଜର୍ସ ଅଧିକାରୀ ଶାନ୍ତିଲତା ହାଁସଦା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

**ବାରିପଦା :** ହାରାଜା ପୂର୍ଣ୍ଣଚନ୍ଦ୍ର ସ୍ୱୟଂଶାସିତ କଲେଜ ପକ୍ଷରୁ ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧକ୍ଷା ଡ. ଆଲବର୍ଟିନା ତିର୍କୀଙ୍କ ନେତୃତ୍ୱରେ ଏକ ବିଶାଳ ତ୍ରିରଙ୍ଗା ଶୋଭାଯାତ୍ରା କଲେଜ ପରିସରରୁ ବାହାରି ରାଜରାସ୍ତା ସମେତ ଏମଏସସିବିୟୁ ବିଶ୍ୱବିଦ୍ୟାଳୟ ସମ୍ମୁଖ ପର୍ଯ୍ୟନ୍ତ




ପରିକ୍ରମା କରିଥିଲା। ୩୦ ଫୁଟ ଲମ୍ବର ଏକ ବିଶାଳ ତ୍ରିରଙ୍ଗାକୁ ଛାତ୍ରଛାତ୍ରୀ ବହନ କରି ରାଷ୍ଟ୍ରବାଦର ସ୍ଲୋଗାନ ସହ ସଗର୍ବେ ପରିକ୍ରମା କରିଥିଲେ। ସମସ୍ତ ଅଧ୍ୟାପକ/ଅଧ୍ୟାପିକା, କର୍ମଚାରୀ ଓ ସ୍ୱେଚ୍ଛାସେବୀ ସକ୍ରିୟ ସହଯୋଗ କରିଥିଲେ।

**ମୋରଡା :** ମୋରଡ଼ା ବ୍ଲକ ଚିତ୍ରଡା ମହାବିଦ୍ୟାଳୟ ଏବଂ ରାସଗୋବିନ୍ଦପୁର ବ୍ଲକର ଉପେନ୍ଦ୍ରନାଥ ଘୋଷ ମହାବିଦ୍ୟାଳୟରେ ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଚିତ୍ରଡା କଲେଜ ଅଧକ୍ଷ ବିଶ୍ୱଜିତ ମହାନ୍ତଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମେର ସମସ୍ତ ଅଧ୍ୟାପକ, ଛାତ୍ରଛାତ୍ରୀ ହାତରେ ୧୦୦ ଫୁଟର




ପତାକାକୁ ଧରି ଭାରତ ମାତା କୀ ଜୟ ସ୍ଲୋଗାନ ଦେଇ ମହାବିଦ୍ୟାଳୟରୁ ବାହାରି, ବଜାର, ଶୀର୍ଷାପାଳ ଛକ ବର୍ଷାରେ ଭିଜିଭିଜି ସ୍ଲୋଗାନ ଦେଇ ପରିକ୍ରମା କରିଥିଲେ। ସେହିପରି ରାସଗୋବିନ୍ଦପୁର ବ୍ଲକ ନଳଗଜା ଉପେନ୍ଦ୍ରନାଥ ମହାବିଦ୍ୟାଳୟରେ ଅଧକ୍ଷ ସଞ୍ଜୀବ କୁମାର ନାଏକଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ମହାବିଦ୍ୟାଳୟରୁ ଏକ ବର୍ଣ୍ଣାଢ୍ୟ ଶୋଭାଯାତ୍ରାରେ ଅଧ୍ୟାପକ, ଅଧ୍ୟାପିକା, ଛାତ୍ରଛାତ୍ରୀ ହାତରେ ଜାତୀୟ ପତାକା ଧରି ପରିକ୍ରମା କରିଥିଲେ।

**କପ୍ତିପଦା :** କପ୍ତିପଦା ବ୍ଲକ ଶରତ ମଣ୍ଡଳ ସ୍ତରୀୟ ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଶରତ ମଣ୍ଡଳ ବରିଷ୍ଠ କର୍ମୀ ସଙ୍ଗା ପାଳିଆଙ୍କ ଅଧକ୍ଷତାରେ ବୁଧବାର ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶରତ ମଣ୍ଡଳ ସଭାପତି ମଥୁରୀ ସାମାଡ଼,



ସାଧାରଣ ସମ୍ପାଦକ ଲାଦୁରା ହାଇବ୍ରୁରୁ, ବରିଷ୍ଠ କର୍ମୀ ଶିବ ପ୍ରସାଦ ନାୟକ, ଶୁଭ କାନ୍ତ ସାହାଣୀ, ବିଶାଳ ବେସ୍ରା, ରାମ ମହାକୁଡ଼, ଦିବାକର ପୂର୍ତ୍ତି ସମେତ ବହୁ କର୍ମୀ ଯୋଗଦେଇ ଶରତ ରଘୁନାଥ ମୁର୍ମୁ ମହାବିଦ୍ୟାଳୟ ଛକରୁ ଏହି ଶୋଭାଯାତ୍ରା ବାହାରି ବଜାର ଦେଇ ଉଚ୍ଚ ବିଦ୍ୟାଳୟରେ ପହଞ୍ଚିଥିଲେ। ଶେଷରେ ସଭାପତି ଶ୍ରୀ ସାମାଡ଼ ଧନ୍ୟବାଦ ଅର୍ପଣ କରିଥିଲେ।

**ବିଶୋଇ :** ସ୍ୱାଧୀନତା ଦିବସ ଉପଲକ୍ଷେ ବିଶୋଇଠାରେ ବିଜେପି ପକ୍ଷରୁ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ମଣ୍ଡଳ ସଭାପତି ବନମାଳୀ ଗିରି ଓ ମଣଦା ମଣ୍ଡଳ ସଭାପତି ପ୍ରଭାତ ରଞ୍ଜନ ଗିରିଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିଶୋଇ ଓ ମଣଦା ମଣ୍ଡଳର ବିଜେପିର ବହୁ ନେତା, ଛାତ୍ର ଏବଂ




କର୍ମୀ ଯୋଗଦେଇଥିଲେ। ହର ଘର ତ୍ରିରଙ୍ଗା ସ୍ଲୋଗାନ ଦେଇ ବିଶୋଇ ସୁନାରାମ ଛକରୁ ଏକ ବିଶାଳ ପଦଯାତ୍ରାରେ ବାହାରି ବିର୍ସା ମୁଣ୍ଡା ଛକ ଠାରେ ପହଞ୍ଚିଥିଲେ। ସାରସକଣା ବିଧାୟକ ଭାଦବ୍ ଚନ୍ଦ୍ର ହାଁସଦା ଶୋଭାଯାତ୍ରାରେ ସାମିଲ ହୋଇ ଘରେ ଘରେ ତ୍ରିରଙ୍ଗା ଲଗାଇବା ପାଇଁ ସମସ୍ତଙ୍କୁ ଆହ୍ୱାନ କରିଥିଲେ। ସେହିପରି ରାଜ୍ୟ ବିଜେପି କାର୍ଯ୍ୟକାରିଣୀ ସଦସ୍ୟ ସଞ୍ଜୀବ ମହାନ୍ତି, ପଶ୍ଚିମ ମୟୂରଭଞ୍ଜ ଜିଲ୍ଲା ବିଜେପି ସଭାପତି ଜୁରିଲାଲ ମହାନ୍ତ, ସାଂସଦ ପ୍ରତିନିଧି ଉମାକାନ୍ତ ନନ୍ଦ, ବିଶୋଇ ସରପଞ୍ଚ କରୁଣା ସାଗର ମାର୍ଣ୍ଡି ପ୍ରମୁଖ ସାମିଲ ହୋଇଥିଲେ।

## ଦେଶୀ ମଦ ଓ ମହୁଲ ପୋଚ ଜବତ; ୫ ଗିରଫ

ରାଇରଙ୍ଗପୁର, ୧୪।୮(ସମିସ): ବହଳଦା ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ରଣଜିତ ସବରଙ୍କ ନେତୃତ୍ୱରେ ଗଠିତ ଏକ ସ୍ୱତନ୍ତ୍ର ଟିମ ତିରିଂ ଥାନା ଅନ୍ତର୍ଗତ ବାଡେପୋଟକା, ବାଗେଡ଼ିହି, ନନ୍ଦାବସା, ହେସେଲଡ଼ିହି, ପଡ଼ାଚାକିଡ଼ି, ପାଣ୍ଡୁପାଣି, କୁଲୁଘୁଟୁ ଗ୍ରାମ ଅଞ୍ଚଳରେ ଚଢ଼ଉ କରି ୪୬୬ ଲିଟର ଦେଶୀ ରନ୍ଧା ମଦ, ୧୦.୫୦୦ ଲିଟର ନିଃଶୁଳ୍କ ବିଦେଶୀ ମଦ ଏବଂ ୯୩୦୦ ଲିଟର ମହୁଲ ପୋଚ ଜବତ କରିବା ସହିତ ଏଥିରେ ସମ୍ପୃକ୍ତ ଥିବା ୫ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ଗିରଫମାନେ ହେଲେ ତିରିଂ ଥାନା ଅନ୍ତର୍ଗତ ହେସେଲଡ଼ିହି ଗ୍ରାମର ଲକ୍ଷ୍ମଣ ମୁର୍ମୁ, ପୋଡ଼ା ଚାକିଡ଼ି ଗ୍ରାମର ଶ୍ୟାମସୁନ୍ଦର ଟୁଡୁ, କୁଲୁଘୁଟୁ ଗ୍ରାମର ଦାମୁ ଆଲଦା, ପାଣ୍ଡୁପାଣି ଗ୍ରାମର ବୁଧୁ ହାଁସଦା ଓ ଗୋବିନ୍ଦ ମୁର୍ମୁ।

## ନିଶାନିବାରଣ ସଚେତନତା କାର୍ଯ୍ୟକ୍ରମ

ବାରିପଦା, ୧୪।୮(ସମିସ): ବାରିପଦା ମହାବିଦ୍ୟାଳୟରେ ଜିଲ୍ଲା ପ୍ରଶାସନ ତରଫରୁ, କ ନିଶା ନିବାରଣ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଅଧକ୍ଷ ଦାୟିତ୍ୱରେ ଥିବା ଡ. ଯଦୁନାଥ ନାୟକଙ୍କ ଅଧକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଆମନ୍ତ୍ରିତ ଅତିଥି ରୂପେ ଅବକାରୀ ଅଧିକ୍ଷକ ପ୍ରଶାନ୍ତ କୁମାର କଁହର, ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ବିଜୟ କୁମାର ଦାସ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଦୀପକ କୁମାର ଗୋଚ୍ଛାୟତ, ଭାରପ୍ରାପ୍ତ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ରଞ୍ଜିତ ସୋରେନ, ବାରିପଦା ଉଚ୍ଚମାଧମିକ ବିଦ୍ୟାଳୟର ଅଧକ୍ଷ ରାଜେଶ ଷଡ଼ଙ୍ଗୀ ଯୋଗଦାନ କର ଛାତ୍ରଛାତ୍ରୀଙ୍କ ସହ ନିଶା ନିବାରଣ ସଚେତନତା ନିମନ୍ତେ ଶପଥ ପାଠ କରିଥିଲେ।

## ସରକାରୀ ଉଚ୍ଚ ବିଦ୍ୟାଳୟରେ ସଂସ୍କୃତ ସପ୍ତାହ

ବୈଶିଙ୍ଗା, ୧୪।୮ (ସମିସ): ବେତନଟୀ ବ୍ଲକ ମେର୍ଦା ସରକାରୀ ଉଚ୍ଚ ବିଦ୍ୟାଳୟରେ ସଂସ୍କୃତ ସପ୍ତାହ ପାଳିତ ହୋଇଛି। ପ୍ରଧାନଶିକ୍ଷୟିତ୍ରୀ ମାଳତୀ ହେମ୍ବ୍ରମଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ବରିଷ୍ଠ କବି ଓ ଅବସରପ୍ରାପ୍ତ ସଂସ୍କୃତ ଶିକ୍ଷକ ପ୍ରଭାତ କୁମାର ଆଚାର୍ଯ୍ୟ ମୁଖ୍ୟଅତିଥି, ଗାଳ୍ପିକ ସଂସ୍କୃତାନୁରାଗୀ ନିମାଇଁଚରଣ ବେହେରା ମୁଖ୍ୟବକ୍ତା ଓ ହିନ୍ଦୀ ଶିକ୍ଷକ ମନୋଜ କୁମାର ମହାନ୍ତି ସମ୍ମାନିତ ଅତିଥି ରୂପେ ଯୋଗଦେଇ ସଂସ୍କୃତର ମହନୀୟତା ଓ ଆବଶ୍ୟକତା ଉପରେ ବକ୍ତବ୍ୟ ରଖିଥିଲେ। ସଂସ୍କୃତ ଶିକ୍ଷକ ପ୍ରିୟନାଥ ପାଣି କାର୍ଯ୍ୟକ୍ରମ ସଂଯୋଜନା କରିଥିବାବେଳେ ସହକାରୀ ଶିକ୍ଷକ ପ୍ରକାଶ କେଶରୀ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ।

## ୮୦ ଲିଟର ମଦ ଜବତ; ୪ ଗିରଫ

କୁଆଁମରା, ୧୪।୮ (ସମିସ): ଖୁଣ୍ଟା ଅବକାରୀ ବିଭାଗ ପକ୍ଷରୁ ଆଜି ବିଭିନ୍ନ ସ୍ଥାନରେ ଚଢଉ କରାଯାଇ ମୋଟ ୮୦ ଲିଟର ମଦ ଜବତ କରାଯିବା ସହ ବେଆଇନ ମଦ କାରବାର ଅଭିଯୋଗରେ ୩ ମହିଳାଙ୍କ ସମେତ ୪ ଅଭିଯୁକ୍ତଙ୍କୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଛି। ଏ ନେଇ ପୃଥକ ମାମଲା ରୁଜୁ ହୋଇଛି। ଏହି ଥାନା ଅନ୍ତର୍ଗତ ବଡଫେଣି ଗ୍ରାମର ମନୋଜ କିସ୍କୁ (୪୮)ଙ୍କ ଠାରୁ ୨୦ ଲିଟର, ପାଣୁ ଦାସ ଖୁଣ୍ଟା ଗ୍ରାମର ଦାନଗୀ ସୋରେନ (୪୪)ଙ୍କଠାରୁ ୧୮ ଲିଟର, ଗୟଳମରା ଗ୍ରାମର ଲକ୍ଷ୍ମୀ ବାସ୍କେ (୩୩)ଙ୍କଠାରୁ (୨୦) ଲିଟର, ଅଁଳାଶୁଳି ଗ୍ରାମର ରାଇମଣୀ ସୋରେନ (୬୦)ଙ୍କଠାରୁ ୨୨ ଲିଟର ଦେଶୀ ମଦ ଜବତ ହୋଇଛି। ସମସ୍ତ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରାଯାଇଛି।

## ତ୍ରିରଙ୍ଗା ଯାତ୍ରା ଉପଜିଲ୍ଲାପାଳଙ୍କ ଦ୍ୱାରା ଶୁଭାରମ୍ଭ

ରାଇରଙ୍ଗପୁର, ୧୪।୮(ସମିସ): ବାମନଘାଟି ଉପଖଣ୍ଡରେ ଉପଜିଲ୍ଲାପାଳ ସୌମ୍ୟରଞ୍ଜନ ପ୍ରଧାନଙ୍କ ଦ୍ୱାରା ତ୍ରିରଙ୍ଗା ଯାତ୍ରାର ଶୁଭାରମ୍ଭ ହୋଇଛି। ଏହି ଯାତ୍ରଶ କଚେରୀ ପଡ଼ିଆ ଆରମ୍ଭ ହୋଇ ଗୋଲେଇ ଛକରେ ଦେଇ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖ ଦେଇ ପୁଣି ଥରେ କଚେରୀ ପଡ଼ିଆଠାରେ ପହଞ୍ଚିଥିଲା। ଏଥିରେ ଉପଖଣ୍ଡର ମୋଟ ୨୭ଟି ବିଦ୍ୟାଳୟ, ମହାବିଦ୍ୟାଳୟର ଛାତ୍ରଛାତ୍ରୀ ଯୋଗଦେଇ ଭାରତ ମାତା କୀ, ହର ଘର ତ୍ରିରଙ୍ଗା ଧ୍ୱନିରେ ସହର ପ୍ରକମ୍ପିତ ହୋଇଥିଲା। ତ୍ରିରଙ୍ଗା ପତାକା ପ୍ରତି ସମ୍ମାନ ଜାଗୃତ କରିବା ସହିତ ଏକ ସୁସଙ୍ଗଠିତ ଭାରତର ଝଲକ ଦେଖିବାକୁ ମିଳିଥିଲା। ଏଥିରେ ମୁଖ୍ୟଅତିଥି ଭାବେ ରାଇରଙ୍ଗପୁର ଉପଖଣ୍ଡ ଉପଜିଲ୍ଲାପାଳ ସୌମ୍ୟରଞ୍ଜନ ପ୍ରଧାନ, ସମ୍ମାନିତ ଅତିଥି ଭାବେ ଉପଖଣ୍ଡ ମଙ୍ଗଳ ଅଧିକାରୀ କମଳାକାନ୍ତ ସ୍ୱାଇଁ, ରାଇରଙ୍ଗପୁର ପୌର ନିର୍ବାହୀ ଅଧିକାରୀ ଶକୁନ୍ତଳା ହାଁସଦା, ରାଇରଙ୍ଗପୁର ଉପଖଣ୍ଡ ଆରକ୍ଷୀ ଅଧିକାରୀ ଗୋକୁଳାନନ୍ଦ ସାହୁ ପ୍ରମୁଖ ଯୋଗଦେଇଥିଲେ।

## ଖୁଣ୍ଟା ଡିଗ୍ରୀ କଲେଜରେ ସଂସ୍କୃତ ସପ୍ତାହ

କୁଆଁମରା, ୧୪୮(ସମିସ): ଖୁଣ୍ଟା ଡିଗ୍ରୀ ମହାବିଦ୍ୟାଳୟର ଅଧକ୍ଷ ସରୋଜ ରଞ୍ଜନ ତ୍ରିପାଠୀଙ୍କ ନିର୍ଦ୍ଦେଶକ୍ରମେ ସଂସ୍କୃତ ସପ୍ତାହ ପାଳନ ହୋଇଯାଇଛି। ଲୋପ ପାଇଯାଉଥିବା ପ୍ରାଚୀନ ଭାଷା ସଂସୃତ ଭାଷାର ଉନ୍ନତି, ପ୍ରସାର ଏବଂ ପ୍ରଚାର ନିମନ୍ତେ ଏହା ମୁଖ୍ୟ ଉଦ୍ଦେଶ୍ୟ। ଏହି କାର୍ଯ୍ୟକ୍ରମ ସପ୍ତାହ ଧରି ସଂସ୍କୃତ ବିଭାଗୀୟ ମୁଖ୍ୟ ଅଧ୍ୟାପିକା ମେଘଦୀପା ସେନଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ପ୍ରାୟ ୫୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ମହାବିଦ୍ୟାଳୟର ଅଧ୍ୟାପିକା ମଧୁସ୍ମିତ ପାଇନ, ଶୁଭଦ୍ରା ମଣି ବାରିକ୍ ତଥା ଅଧ୍ୟାପକ, ଅଧ୍ୟାପିକା ଏବଂ ଅନ୍ୟ କର୍ମଚାରୀମାନେ ସହଯୋଗ କରିଥିଲେ। ଅନୁବାଦରେ ମମତା ବାରିକ୍ ପ୍ରଥମ, ଅଙ୍କିତା ମହାନ୍ତ ଦ୍ୱିତୀୟ, ପାର୍ବତୀ ବିନ୍ଧାଣୀ ତୃତୀୟ ସ୍ଥାନ ଅଧିକାର କରିଥିବାବେଳେ ପ୍ରଶ୍ନମଞ୍ଚରେ ଭାଗ୍ୟଶ୍ରୀ ସାହୁ ପ୍ରଥମ, ବିଶ୍ୱରୂପା ଟୁଡୁ ଦ୍ୱିତୀୟ, ଶିଖା ନାଏକ ତୃତୀୟ ଏବଂ ଶ୍ଳୋକ ଆବୃତ୍ତିରେ ଅଙ୍କିତା ମହାନ୍ତ ପ୍ରଥମ, ମମତା ବାରିକ୍ ଦ୍ୱିତୀୟ, ଭାଗ୍ୟଶ୍ରୀ ସାହୁ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ଶେଷରେ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା।






### ତିନି ଦିନିଆ ବାଙ୍କବଲ ରାକ୍ଷୀ ମେଳା ଉଦଯାପିତ

## ଜେବିଜେ ଟୁନାଭାଇ ଫୁଟବଲ ଦଳ ଚାମ୍ପିଅନ


ବିଶୋଇ, ୧୪।୮(ସମିସ) : ବିଶୋଇ-ବିଜାତଳା ବ୍ଲକର ମଧ୍ୟ ଭାଗରେ ଥିବା ବାଙ୍କବଲ ଡ୍ୟାମ ରାଖୀ ମେଳା-୨୦୨୫ ଗତକାଲି ଉଦଯାପିତ ହୋଇଛି। ଚଳିତ ବର୍ଷ ଗତ ୩ ଦିନ ଧରି ଚାଲିଥିବା ମେଳାରେ




ଲକ୍ଷାଧିକ ଲୋକଙ୍କ ସମାଗମ ହୋଇଥିଲା। ବାଙ୍କବଲ ଡ୍ୟାମର ମନରମ ଦୃଶ୍ୟ ଉପଭୋଗ କରିବା ସହିତ ମିନା ବଜାର, ବିଭିନ୍ନ ପ୍ରକାର ଦୋକାନବଜାର, ଫୁଟବଲ ଖେଳ ଓ ଆଦିବାସୀ ଡ୍ରାମା ବିଶେଷ ଆକର୍ଷଣ ହୋଇଥିଲା। ଏଠାକୁ ପ୍ରତିବର୍ଷ ପଶ୍ଚିମବଙ୍ଗ, ଝାଡ଼ଖଣ୍ଡ ଓ ମୟୂରଭଞ୍ଜ ଜିଲ୍ଲାବାସୀଙ୍କ ସମାଗମ ଦେଖିବାକୁ ମିଳିଥାଏ। ବିଶେଷ ଭାବେ ଚାଷୀଙ୍କ କାମ ଏହି ସମୟରେ ଶେଷ ହୋଇଥିବାରୁ ସେ ଦୃଷ୍ଟିରୁ ସେମାନେ ଥକ୍କା ମେଣ୍ଟାଇବାରେ ଏହି ମେଳାକୁ ବୁଲିବାକୁ ଆସୁଥିବାବେଳେ ଆଦିବାସୀ ଯୁବକ ଯୁବତୀଙ୍କ ଅଧିକ ଭିଡ଼ ପରିଲକ୍ଷିତ ହୋଇଥାଏ। ଏହି ଅବସରରେ ଡୁମୁରିଆ ରାଖୀ ମେଳା କମିଟି ପକ୍ଷରୁ ଅନୁଷ୍ଠିତ ୨୪ତମ ଫୁଟବଲ ଟୁର୍ଣ୍ଣାମେଣ୍ଟ ତିନିଦିନ ଧରି ୬୪ଟି ଫୁଟବଲ ଦଳକୁ ନେଇ ଚାଲିଥିଲା। ଏହି ଟୁର୍ଣ୍ଣାମେଣ୍ଟରେ ଚଳିତ ବର୍ଷ ବିଶୋଇର ମୃତ୍ୟୁଞ୍ଜୟ ମହାପାତ୍ରଙ୍କ ଜେବିଜେ ଟୁନାଭାଇ ଫୁଟବଲ ଦଳ ଚାମ୍ପିଅନ ହୋଇଥିବାବେଳେ ଡି-୧୧ ଏଫସି ଦ୍ୱିତୀୟ, ପାୟନିରସ୍ପୋର୍ଟିଂ ଏଫଟି ତୃତୀୟ ଓ ରିଟର୍ନ ସାହାରା-୩ ଫୁଟବଲ ଦଳ ଚତୁର୍ଥ ସ୍ଥାନ ଅଧିକାର କରି ଯଥାକ୍ରମେ ୫୦ହଜାର, ୪୦ହଜାର, ୩୦ହଜାର ଓ ୨୦ ହଜାର ଟଙ୍କା କମିଟି ପକ୍ଷରୁ ପୁରସ୍କାର ପ୍ରଦାନ କରାଯାଇଛି। ଅନୁଷ୍ଠିତ ପୁରସ୍କାର ବିତରଣ ସଭାରେ ମୁଖ୍ୟ ଅତିଥି ଭାବେ ପୂର୍ବତନ ଏସଡ଼ିସି ଅଧକ୍ଷ ତଥା ମୟୁରଭଞ୍ଜ ଜିଲ୍ଲାର ଲୋକପ୍ରିୟ ଯୁବ ନେତା ଡା. ଦେବାଶିଷ ମାର୍ଣ୍ଡି, ଲୁହାକାନି ପଞ୍ଚାୟତ ପୂର୍ବତନ ସମିତିସଭ୍ୟା ସୁନୀତିଲତା ମାଝୀ ପ୍ରମୁଖ ପୁରସ୍କୃତ କରିଥିଲେ।

## ନିଶାମୁକ୍ତ ସମାଜ ଗଠନ ପାଇଁ ଶପଥ

ବୈଶିଙ୍ଗା, ୧୪।୮(ସମିସ): ବେତନଟୀ ବ୍ଲକ ଅନ୍ତର୍ଗତ ଅଁଳା ପଞ୍ଚାୟତ ଅଧୀନ ରାଇକମା ରଘୁନାଥ ଉଚ୍ଚ ବିଦ୍ୟାଳୟରେ ନିଶାମୁକ୍ତ ସମାଜ ଗଠନ ପାଇଁ ଏକ ଶପଥପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପ୍ରଧାନ ଶିକ୍ଷକ ଅଜିତ କୁମାର ଜେନାଙ୍କ ମାର୍ଗଦର୍ଶନ ଓ ଶିକ୍ଷକ ଶୁଭାଶିଷ ପଣ୍ଡାଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସମସ୍ତ ଛାତ୍ରଛାତ୍ରୀ ଓ ଶିକ୍ଷକ ଯୋଗ ଦେଇ ନିଶାମୁକ୍ତ ସମାଜ ଗଠନ ଦିଗରେ ସମସ୍ତେ ବ୍ରତୀ ହେବାକୁ ଶପଥ ନେଇଥିଲେ। ନିଜେ ନିଶାମୁକ୍ତ ହେବାସହ ନିଜ ପରିବାର ଓ ନିଜ ଗାଁକୁ ନିଶା ମୁକ୍ତ କରିପାରିଲେ ଏକ ସୁସ୍ଥ ସମାଜ ଗଠନ ସମ୍ଭବ ହୋଇପାରିବ ବୋଲି ମତ ପ୍ରକାଶ ପାଇଥିଲା। ଶପଥ ଗ୍ରହଣ କରିବା ପରେ ଛାତ୍ରଛାତ୍ରୀ ଏକ ଶୋଭାଯାତ୍ରାରେ ନିଶାମୁକ୍ତ ସମାଜ ସମ୍ପର୍କିତ ସ୍ଲୋଗାନ ଦେଇ ଗ୍ରାମ ପରିକ୍ରମା କରିଥିଲେ। ସମସ୍ତେ ସଚେତନ ହେଲେ ନିଶାମୁକ୍ତ ସମାଜ ଗଠନ ସମ୍ଭବ ହେବା ସହ ସମାଜରୁ ହିଂସା, ଅତ୍ୟାଚାର, ଚୋରି, ନାରୀ ନିର୍ଯାତନା ଭଳି କଳଙ୍କ ଦୂରୀଭୂତ ହୋଇପାରିବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଶେଷରେ ଶିକ୍ଷକ ଶୁଭବନ୍ତ ନାୟକ ଧନ୍ୟବାଦ୍ ଅର୍ପଣ କରିଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ଆମର ପ୍ରକୃତ ଶତ୍ରୁ ବାହ୍ୟଶକ୍ତି ନୁହେଁ, ବରଂ ଆମ ଅନ୍ତର୍ନିହିତ ଦୁର୍ବଳତା।
-ଶ୍ରୀଅରବିନ୍ଦ

## ସ୍ୱାବଲମ୍ବନର ଜୟଗାନ

ଆମେ ଆଜି ଏଭଳି ଏକ ସମୟରେ ୭୯ତମ ସ୍ୱାଧୀନତା ଦିବସ ପାଳନ କରୁଛୁ, ଯେତେବେଳେ ଦେଶର ସାର୍ବଭୌମତ୍ୱ ଓ ସ୍ୱାଭିମାନ ପ୍ରତି ପୁଣି ଏକ ବିଶାଳ ଆହ୍ୱାନ ସୃଷ୍ଟି ହୋଇଛି। ପ୍ରାୟ ତିନିମାସ ତଳେ ଆମେ ପାରମ୍ପରିକ ଶତ୍ରୁ ରାଷ୍ଟ୍ର ପାକିସ୍ତାନ ସହିତ ଅଘୋଷିତ ଯୁଦ୍ଧର ସମ୍ମୁଖୀନ ହୋଇଛୁ, ଅଥଚ ସୀମାରେ ତିନିରାଷ୍ଟ୍ର ଚୀନ୍-ପାକିସ୍ତାନ-ତୁର୍କୀ ସାମରିକ ଶକ୍ତିର ମୁକାବିଲା କରିଛୁ। ଅସ୍ତ୍ରବିରତିର ଶ୍ରେୟ ଦାବି କରୁଥିବା ଆମେରିକାର ଅହଂକୁ ସ୍ୱୀକୃତି ନ ଦେବାର ପରିଣାମ ସ୍ୱରୂପ ଆମେ ସେହି ହିତଶତ୍ରୁ ରାଷ୍ଟ୍ରର ବାଣିଜ୍ୟ ଶୁଳ୍କ ଆକ୍ରମଣର ସମ୍ମୁଖୀନ ହୋଇଛୁ। ହୁଏତ ଏହାର ସୁଦୂରପ୍ରସାରୀ ଓ ବହୁମୁଖୀ ପ୍ରଭାବକୁ ପ୍ରତିହତ କରିବା ଲାଗି ଭାରତକୁ ବହୁମୂଲ୍ୟ ଦେବାକୁ ପଡ଼ିପାରେ। ତଥାପି ଆମେ ପ୍ରସ୍ତୁତ ଅଛୁ। ସ୍ୱାଧୀନତାର ଅମୃତକାଳ ଯାତ୍ରାର ଏହି ଘଡ଼ିସନ୍ଧି ମୁହୂର୍ତ୍ତରେ ସବୁ ଆହ୍ୱାନକୁ ପ୍ରତିହତ କରିବାର ଦର୍ପ ଓ ଦମ୍ଭ ସହ ଆମେ ଆଜି ଆମ ସ୍ୱାଧୀନ-ସାର୍ବଭୌମ, ବୀରତ୍ୱ-ବଳିଦାନ, ପ୍ରଗତି-ପ୍ରେରଣାର ପ୍ରତୀକ ତ୍ରିରଙ୍ଗା ତଳେ ସଗର୍ବେ ଏକାଠି ହୋଇ ସ୍ୱାଧୀନତା-ସ୍ୱାବଲମ୍ବନ-ସ୍ୱାଭିମାନର ଜୟଗାନ କରୁଛୁ।

ଆଜି ଆମେ ତ୍ରିରଙ୍ଗା ତଳୁ ବିଦେଶୀ ଅହଂକାରୀ ଶକ୍ତିଙ୍କୁ ଏହି ବାର୍ତ୍ତା ଦେବାକୁ ଚାହୁଁ ଯେ ଭାରତ ଆଉ ଏବେ ୧୯୫୦-୬୦ କାଳଖଣ୍ଡରେ ସୀମାବଦ୍ଧ ନାହିଁ। ଅସହାୟତା ଓ ବାଧ୍ୟବାଧକତାର ଶିକୁଳି ଛିଣ୍ଡାଇ ଭାରତ ଏବେ ମହାଶକ୍ତିର ମୁକ୍ତବିହଙ୍ଗ ରୂପେ ବିଶ୍ୱଅତିକ୍ରମଣ କରିବାର କ୍ଷମତା ରଖିଛି। ଯେଉଁ ଆମେରିକା ଦିନେ ଭାରତକୁ ମାଗଣା ଦାନା ଦେଉଥିବାର ଗର୍ବ କରୁଥିଲା ଆଜି ସେହି ରାଷ୍ଟ୍ର ଭାରତର କୃଷି ଓ କୃଷକଙ୍କ ଉତ୍କର୍ଷରେ ଈର୍ଷାନ୍ୱିତ ଓ ଭୟଭୀତ ଏବଂ ଭାରତୀୟ କୃଷି ବଜାରରେ ପ୍ରବେଶ କରିବାକୁ ବ୍ୟାକୁଳ। ଭାରତର ଶ୍ରୀଅନ୍ନ ବା ମିଲେଟ୍ ଆଜି ଜାତିସଂଘରେ ସ୍ୱତନ୍ତ୍ର ସ୍ଥାନ ଓ ସମ୍ମାନର ଅଧିକାରୀ ଏବଂ କ୍ଷୁଧାମୁକ୍ତ ବିଶ୍ୱ ଗଠନରେ ପ୍ରମୁଖ ଭାଗିଦାରୀ। ଗୁଳିଗୋଳା ଓ ଅସ୍ତ୍ରଶସ୍ତ୍ର ଅଭାବରୁ ୧୯୬୨ରେ ଚୀନ୍ ଆଗରେ ଏକପ୍ରକାର ଆତ୍ମସମର୍ପଣ କରିଦେଇଥିବା ଭାରତ ଏବେ ବିକଶିତ ରାଷ୍ଟ୍ରଙ୍କୁ ପ୍ରତିରକ୍ଷା ସାମଗ୍ରୀ ରପ୍ତାନୀ କରିପାରୁଛି। ନେଭିଗେସନ୍ ଓ ଜିପିଏସ୍ ସୂଚନା ସହାୟତା କ୍ଷେତ୍ରରେ ଆମେରିକାର ଅସହଯୋଗରୁ କାରଗିଲ୍ ଯୁଦ୍ଧରେ ପ୍ରଭୂତ କ୍ଷତି ସହିଥିବା ଭାରତ ଏବେ ବିଶ୍ୱର ପ୍ରଥମ ରାଷ୍ଟ୍ର ଭାବେ ଚନ୍ଦ୍ରର ଦକ୍ଷିଣ ମେରୁରେ ସଫଳ ଅବତରଣ କରିବାର ବିରଳ ରେକର୍ଡ ପ୍ରତିଷ୍ଠା କରିଛି; ଉପଗ୍ରହ ପ୍ରେରଣରେ ବିଶ୍ୱ କୀର୍ତ୍ତିମାନ ସ୍ଥାପନା କରିଛି; ସୂର୍ଯ୍ୟଙ୍କୁ ନିକଟକୁ ଯିବାର ଦୁର୍ବାର ସାହସ କରିଛି ଏବଂ ଗଗନଯାନ ପାଇଁ ନିଜକୁ ପ୍ରସ୍ତୁତ କରୁଛି।

୧୯୫୦ ଦଶକରେ ଗୋଷ୍ଠୀ ନିରପେକ୍ଷ ଭୂମିକା ତୁଲାଇଥିବା ଭାରତ ଏବେ ଦକ୍ଷିଣ ବିଶ୍ୱର ନେତୃତ୍ୱ ନେଉଛି; ଜି-୨୦ର ଅଧ୍ୟକ୍ଷତା କରିଛି ଏବଂ ଆଗାମୀ ଦିନରେ ଅଲିମ୍ପିକ୍ ଓ ଜଳବାୟୁ ଶିଖର ସମ୍ମିଳନୀ ଆୟୋଜନ ଲାଗି ରୂପରେଖ ପ୍ରସ୍ତୁତ କରୁଛି। ସ୍ୱାଧୀନ-ସ୍ୱୟଂକ୍ରିୟ-ନୀତି ନିର୍ଦ୍ଧାରକ ଭାରତ ଆଉ ଏବେ କାହା ଅନୁମତି ଭିକ୍ଷା କରିବା ସ୍ଥିତିରେ ନାହିଁ। ବିଶ୍ୱର ପରିବର୍ତ୍ତିତ ବହୁଧ୍ରୁବୀୟ ଭୂରାଜନୈତିକ ସମୀକରଣରେ ଭାରତର ଅଭ୍ୟୁଦୟ ଅନ୍ୟମାନଙ୍କ ପାଇଁ ଈର୍ଷଣୀୟ ହୋଇଛି; ଅଥଚ ଭାରତର ସାର୍ବଭୌମତା, ଅଖଣ୍ଡତା ଓ ଏକତା ତା'ର ଶକ୍ତିରେ ରୂପାନ୍ତରିତ ହୋଇଛି। ଭାରତ ଏବେ ବିଶ୍ୱର ଚତୁର୍ଥ ବୃହତ୍ ଅର୍ଥନୀତି। ଭାରତ ବିଶ୍ୱର ସର୍ବାଧିକ ଜନସଂଖ୍ୟା ବିଶିଷ୍ଟ ଦେଶ, ଯାହାର ସିଂହଭାଗ ଯୁବଶକ୍ତି। ଏହି ଜନସାଂଖ୍ୟିକ ବିସ୍ଫୋରଣ ବିଶ୍ୱ ବୈଷୟିକ କ୍ଷେତ୍ରରେ ନୂଆ ସମ୍ଭାବନା ସୃଷ୍ଟି କରିଛି। ଆମେରିକାର ବୃହତ୍ ଆଇଟି ହବ୍ ସିଲିକନ୍ ଭ୍ୟାଲି ଭାରତୀୟ ମେଧା ଭରସାରେ ଚାଲିଛି। ମାଇକ୍ରୋସଫ୍ଟ, ଗୁଗୁଲ୍, ଆଡୋବ୍‌ର ମୁଖ୍ୟ ଭାରତୀୟ ବଂଶୋଦ୍ଭବ। ଭାରତରେ ସ୍ମାର୍ଟଫୋନ୍ ଓ ଇଣ୍ଟରନେଟ୍ ବ୍ୟବହାରକାରୀଙ୍କ ସଂଖ୍ୟା ଯଥାକ୍ରମେ ୧୦୦ କୋଟି ଓ ୯୦ କୋଟି। ସ୍ୱଦେଶୀ ଜ୍ଞାନକୌଶଳରେ ବିକଶିତ ଅନ୍‌ଲାଇନ୍ ଆର୍ଥିକ ଦେଣନେଣ ମାଧ୍ୟମ 'ୟୁପିଆଇ' ଆମେରିକାର ଭିଜା ଓ ମାଷ୍ଟରକାର୍ଡକୁ ଟକ୍କର ଦେଉଛି। ଏହି ସଫଳତା ସ୍ୱାଧୀନତା ପରବର୍ତ୍ତୀ ଦୀର୍ଘକାଳୀନ ନିରନ୍ତର ଯୋଜନାବଦ୍ଧ ପ୍ରୟାସର ପ୍ରତିଫଳନ। ଭାରତ ବର୍ତ୍ତମାନ ସେମିକଣ୍ଡକ୍ଟର, ଏଆଇ, କ୍ୱାଣ୍ଟମ୍ କମ୍ପ୍ୟୁଟିଂ, ପ୍ରତିରକ୍ଷା ସାମଗ୍ରୀ ଉତ୍ପାଦନ, ସବୁଜ ଶକ୍ତି ନିଜସ୍ୱ ଜ୍ଞାନକୌଶଳରେ ବିକଶିତ କରି ବିଶ୍ୱରେ ନିଜକୁ ପ୍ରତିଯୋଗୀକ୍ଷମ ହୋଇପାରିଛି। 'ମେକ୍ ଇନ୍ ଇଣ୍ଡିଆ' କେବଳ ଏକ ସ୍ଲୋଗାନ୍ ହୋଇ ରହିନାହିଁ, ଗୁଗୁଲ୍, ଆପ୍‌ଲ୍, ଟେସ୍‌ଲା ଭଳି କମ୍ପାନୀଙ୍କୁ ଭାରତରେ ଉଦ୍ୟୋଗ ପ୍ରତିଷ୍ଠା କରିବା ପାଇଁ ଆକୃଷ୍ଟ କରିଛି। ନିର୍ମାଣ ଓ ଯୋଗାଣରେ ଭାରତ ଏବେ ଚୀନ୍‌ର ବିକଳ୍ପ ଭାବେ ଉଭା ହୋଇଛି। ଏହା ନିଶ୍ଚିତ ଭାବେ ତ୍ରିରଙ୍ଗା ତଳେ ସ୍ୱାବଲମ୍ବନ ଓ ସ୍ୱାଭିମାନର ଜୟଗାନ କରିବାର ମହାର୍ଘ ମୁହୂର୍ତ୍ତ।

ସବୁଠାରୁ ବଡ଼ କଥା ହେଉଛି ସାମ୍ପ୍ରତିକ ଭୂ-ରାଜନୈତିକ ସମୀକରଣରେ ଉତ୍ତର-ଦକ୍ଷିଣ ବିଶ୍ୱ ଖେଳରେ ଭାରତ ଆଉ ଏକ ମୋହରା ହୋଇନାହିଁ କି କାହାର ଧମକ କିମ୍ବା ଚାପରେ ନିଷ୍ପତ୍ତି ନେଉନାହିଁ। ଭାରତ ବଶମ୍ବଦ ହେବା ପରିବର୍ତ୍ତେ ପ୍ରତିସ୍ପର୍ଦ୍ଧାର ଆସ୍ପର୍ଦ୍ଧା ରଖୁଛି ଏବଂ ନିଜକୁ ବିଶ୍ୱର ମହାଶକ୍ତି ରୂପେ ଉପସ୍ଥାପିତ କରିପାରିଛି। ଭାରତର ବିଶାଳ ଉପଭୋକ୍ତା ବଜାର ଏହାର ଶକ୍ତି, ଯାହା ଆମେରିକୀୟ ଶିଳ୍ପପତି ଏପରିକି ରାଷ୍ଟ୍ରପତିଙ୍କୁ ମଧ୍ୟ ଟାଣି ଆଣିପାରୁଛି। ଭାରତୀୟ ମୁଦ୍ରା 'ଟଙ୍କା'ର ବିଶ୍ୱାୟନ ଆରମ୍ଭ ହୋଇସାରିଛି, ଯାହା ଡଲାର ଆଧିପତ୍ୟକୁ ସଂକୁଚିତ କରିବାର ଅପାର ସମ୍ଭାବନା ସୃଷ୍ଟି ହୋଇ ଆମେରିକାକୁ ଭୟଭୀତ କରିଛି।

ବହୁମତ, ବହୁ ପନ୍ଥ, ବହୁ ବାଦ ଓ ବିବିଧ ସଂସ୍କୃତି ଭିତରେ ଭାରତର ସାର୍ବଭୌମତ୍ୱର ଶକ୍ତି ହେଉଛି ଏହାର ଏକତା, ଯାହାକୁ ନେଇ ପ୍ରତିଟି ଭାରତୀୟ ଗର୍ବିତ ଓ ଗୌରବାନ୍ୱିତ। ଶାନ୍ତି, ସଂଯମ, ଭ୍ରାତୃତ୍ୱ ଆଦି ଅତିମାନବୀୟ ଗୁଣ ଭାରତର ଜନ୍ମଗତ। ଅହିଂସାର ଜନ୍ମଦାତା ଭାରତ 'ବସୁଧୈବ କୁଟୁମ୍ବକମ୍'ର ଉଦ୍‌ଘୋଷକ। ତେଣୁ ଭାରତର ସାର୍ବଭୌମ ଓ ଅଭ୍ୟୁଦୟ ଅନ୍ୟ ପାଇଁ ଆତଙ୍କ ଓ ବିପଦର ସଂକେତ ନୁହେଁ, ବରଂ ସ୍ୱାବଲମ୍ବନର ସନ୍ଦେଶ। ଯୁଦ୍ଧଖୋର ବିଶ୍ୱରେ ଭାରତ ଭ୍ରାତୃତ୍ୱର ବାର୍ତ୍ତାବହ। ଅତିମାନବିକତାର ଏହି ବିଶାଳ ଭିତ୍ତି ଉପରେ ପ୍ରଗତିର ପ୍ରତୀକ ତ୍ରିରଙ୍ଗା ତଳେ ଏକତାର ମହାମନ୍ତ୍ରରେ ଦୀକ୍ଷିତ ହୋଇ ଭାରତୀୟତାର ଜୟଗାନ କରିବା ଲାଗି ଏହା ହିଁ ଶ୍ରେଷ୍ଠ ଅବକାଶ।

## ସମ୍ମାନ ଓ ପ୍ରେରଣାର ତ୍ରିରଙ୍ଗା

ପ୍ରହଲାଦ କୁମାର ସିଂହ

ସାହସ, ତ୍ୟାଗ, ସତ୍ୟ, ଶାନ୍ତି, ବିଶ୍ୱାସ, ବୀରତ୍ୱ, ପ୍ରଗତି ଓ ପ୍ରେରଣାର ଅଫୁରନ୍ତ ଉତ୍ସ ଆମ ତ୍ରିରଙ୍ଗା। ସ୍ୱାଧୀନତା, ସ୍ୱଦେଶୀ, ସ୍ୱାଭିମାନ, ସମ୍ମାନ, ସ୍ୱାବଲମ୍ବନ, ସାର୍ବଭୌମତ୍ୱର ଅମୃତ ସନ୍ଦେଶ ଦେଇ ଆସୁଥିବା ଆମ ଜାତୀୟ ପତାକା ତ୍ରିରଙ୍ଗା ପଛରେ ରହିଛି ହଜାର ହଜାର ସହିଦଙ୍କ ବଳିଦାନ ଏବଂ ଲକ୍ଷଲକ୍ଷ ସଂଗ୍ରାମୀଙ୍କ କାରା ଓ ନିର୍ଯ୍ୟାତନା ବରଣର ଇତିହାସ।

ସ୍ୱାମୀ ବିବେକାନନ୍ଦଙ୍କ ପଟ୍ଟଶିଷ୍ୟା ଭଗିନୀ ନିବେଦିତା ୧୯୦୫ ମସିହାରେ ଭାରତ ପାଇଁ ଏକ ବର୍ଗାକୃତିର ନାଲି ପତାକା ତିଆରି କରିଥିଲେ। ଏହି ପତାକାର ଚାରିପଟର ଥିବା ଧଡ଼ିରେ ରହିଥିଲା ୧୦୮ଟି ପ୍ରଜ୍ୱଳିତ ଜ୍ୟୋତି ଓ ମଧ୍ୟଭାଗରେ ଶୋଭା ପାଉଥିଲା ଦେବରାଜ ଇନ୍ଦ୍ରଙ୍କ ବଜ୍ର। ବଜ୍ରର ଦୁଇପାର୍ଶ୍ୱରେ ବଙ୍ଗଳା ଭାଷାରେ ଲେଖାଥିଲା 'ବନ୍ଦେ ମାତରମ୍'। 'ବଙ୍ଗ ଭଙ୍ଗ ଆନ୍ଦୋଳନ' ସମୟରେ ବିପ୍ଳବୀମାନେ ୧୯୦୬ ମସିହା ଅଗଷ୍ଟ ୭ ତାରିଖରେ କଲିକତାର ଏକ ପାର୍କରେ ତିନି ରଙ୍ଗ ଥିବା ଏକ ପତାକା ଉଡ଼ାଇଥିଲେ। ଏହି ପତାକାର ଉପର ଅଂଶଟି ନୀଳ, ମଧ୍ୟଭାଗ ହଳଦିଆ ଓ ତଳପଟଟି ଲାଲ ବର୍ଣ୍ଣର ଥିଲା। ନୀଳ ଅଂଶରେ ୮ଟି ପଦ୍ମଫୁଲ, ଲାଲ ଅଂଶରେ ସୂର୍ଯ୍ୟ ଓ ଚନ୍ଦ୍ରଙ୍କ ଛବି ଏବଂ ମଝିରେ ଥିବା ହଳଦିଆ ଅଂଶରେ ଲେଖାଯାଇଥିଲା 'ବନ୍ଦେ ମାତରମ୍'। ବିପ୍ଳବୀ ସତ୍ୟେନ୍ଦ୍ର ନାଥ ବୋଷ ଏହି ପତାକାର ସ୍ରଷ୍ଟା ବୋଲି କୁହାଯାଏ।

୧୯୦୭ ଅଗଷ୍ଟ ୨୨ ଆମ ପତାକାର ଇତିହାସରେ ଏକ ଅବିସ୍ମରଣୀୟ ଦିବସ। ଜର୍ମାନୀର ଷ୍ଟଟ୍‌ଗାର୍ଟ ସହରରେ ଅନୁଷ୍ଠିତ 'ଆନ୍ତର୍ଜାତିକ ସମାଜବାଦୀ କଂଗ୍ରେସ' ଅବସରରେ କାଥିଆବାଡ଼ର ଜଣେ ବିପ୍ଳବିନୀ ପାର୍ସି ମହିଳା ମାଡାମ୍ ଭିକାଜୀ ରୁସ୍ତମ କାମା ଜର୍ମାନୀ ମାଟିରେ ଇଂରେଜମାନଙ୍କ ପ୍ରଚଣ୍ଡ ବିରୋଧ ସତ୍ତ୍ୱେ ତାଙ୍କ ପ୍ରସ୍ତୁତ ଭାରତର ଜାତୀୟ ପତାକା ଉତ୍ତୋଳନ କରି ଅଗ୍ନିବର୍ଷୀ ଭାଷଣ ଦେଇ ଭାରତର ସ୍ୱାଧୀନତା ଓ ତା' ମାଧ୍ୟମରେ ବିଶ୍ୱର ଅନ୍ୟରାଷ୍ଟ୍ରର ମୁକ୍ତି ପାଇଁ ବିଶ୍ୱବାସୀଙ୍କ ସହଯୋଗ ଲୋଡ଼ିବା ସହ ପତାକାକୁ ସମସ୍ତେ ସମ୍ମାନ ଓ ସମର୍ଥନ ପ୍ରଦର୍ଶନ କରିବାକୁ ନିବେଦନ ରଖିଥିଲେ। ମାଡାମ୍ କାମାଙ୍କ ପତାକା ବି ଥିଲା ତ୍ରିରଙ୍ଗା। ଏହାର ଉପର ଅଂଶଟି ସବୁଜ, ମଧ୍ୟଭାଗ ହଳଦିଆ ଓ ନିମ୍ନ ଅଂଶ ଲାଲ ଥିଲା। ସବୁଜ ରଙ୍ଗର ପଟି ଉପରେ ୮ଟି ପଦ୍ମଫୁଲ, ଲାଲ ରଙ୍ଗ ଉପରେ ସୂର୍ଯ୍ୟ, ଚନ୍ଦ୍ର ଓ ତାରାଙ୍କ ଛବି ଏବଂ ହଳଦିଆ ରଙ୍ଗ ଉପରେ ଲେଖାଥିଲା 'ବନ୍ଦେ ମାତରମ୍'। ୧୯୧୬ ମସିହାରେ ଗଠିତ 'ଇଣ୍ଡିଆନ ଲିଗ୍' ପକ୍ଷରୁ ମଧ୍ୟ ଏକ ପତାକା ଉତ୍ତୋଳନ କରାଯାଇଥିଲା। ୧୯୧୭ରେ ଆନିବେଶାନ୍ତ ଆଉ ଏକ ପତାକା ସୃଷ୍ଟି କଲେ। ଏଥିରେ ୫ଟି ଲାଲ ଓ ୪ଟି ସବୁଜ ପଟି ରହିଥିବା ବେଳେ ସପ୍ତର୍ଷି ମଣ୍ଡଳ ସହିତ ଚନ୍ଦ୍ର ଓ ତାରାଙ୍କ ଛବି ଥିଲା। ଆନିବେଶାନ୍ତଙ୍କ ପତାକାର ବାମ କୋଣରେ ଇଂରେଜମାନଙ୍କ ଜାତୀୟ ପତାକା 'ୟୁନିଅନ ଜ୍ୟାକ୍'ର ପ୍ରତିଛବି ଥିବାରୁ ତାହା କ୍ରାନ୍ତିକାମୀ ଭାରତୀୟମାନଙ୍କ ଦ୍ୱାରା ଗ୍ରହଣୀୟ ହୋଇନଥିଲା।

ଦେଶପ୍ରେମୀ ପୋଙ୍ଗାଲି ଭେଙ୍କିଆ ୧୯୨୧ରେ ବେଜୱାଡାଠାରେ ମହାତ୍ମା ଗାନ୍ଧୀଙ୍କୁ ଭେଟି ଗୁଡ଼ିଏ ପତାକାର ନକ୍ସା ଦେଖାଇଥିଲେ। ଏଥିରୁ ଗୋଟିଏ ପତାକାରେ ଲାଲ ଓ ସବୁଜ ରଙ୍ଗର ପଟି ଉପରେ ବଡ଼ ଚରଖାର ଚିହ୍ନ ଥିଲା। ହିନ୍ଦୁ-ମୁସଲମାନ ଏକତା ପାଇଁ ଏହା ସହାୟକ ହେବ ବୋଲି ଭେଙ୍କିଆ ମତ ରଖିଥିଲେ। ତେବେ ଅନ୍ୟ ସଂପ୍ରଦାୟଙ୍କ ଲାଗି ଏଥିରେ ଧଳା ଚିହ୍ନର ପଟିଟି ଯୋଡ଼ିବା ପାଇଁ ଗାନ୍ଧୀ ଆଗ୍ରହ ପ୍ରକାଶ କରିଥିଲେ। ଅସହଯୋଗ ଆନ୍ଦୋଳନ କାଳରେ ଏହି ପତାକା ବ୍ୟବହୃତ ହେଉଥିଲା। ୧୯୨୯-୩୦ର ଲାହୋର କଂଗ୍ରେସ ଅଧିବେଶନରେ ଜାନୁଆରୀ ୨୬କୁ 'ପୂର୍ଣ୍ଣସ୍ୱରାଜ ଦିବସ' ଭାବେ ପାଳନ କରିବା ସହ ଦେଶବାସୀଙ୍କୁ ଏହି ପତାକା ତଳେ ସ୍ୱାଧୀନତାର ସଂକଳ୍ପ ନେବା ଲାଗି ଆହ୍ୱାନ ଦିଆଯାଇଥିଲା। ୧୯୩୦ର 'ଲବଣ ସତ୍ୟାଗ୍ରହ' ବେଳେ ପତାକାର ବ୍ୟବହାର ବ୍ୟାପକ ହୋଇଥିଲା।

୧୯୩୧ରେ ଅନୁଷ୍ଠିତ 'କରାଚୀ କଂଗ୍ରେସ ଅଧିବେଶନ'ରେ ଏକ କମିଟି ଗଢ଼ାଯାଇ ପତାକା ପ୍ରସଙ୍ଗରେ ଆଲୋଚନା ହୋଇଥିଲା। ଏହି କମିଟି କରିଥିବା ସୁପାରିସ ମୁତାବକ କଂଗ୍ରେସ ପତାକାରେ କେଶରୀ, ଧଳା ଓ ସବୁଜ ରଙ୍ଗର ତିନୋଟି ପଟି ସହିତ ଧଳା ପଟି ଉପରେ ଚରଖା ସ୍ଥାନିତ ହେଲା। ସ୍ୱାଧୀନତା ସଂଗ୍ରାମୀଙ୍କ ପାଇଁ ଏହା ଥିଲା ଜୀବନଠାରୁ ବଳି ଅଧିକ ମୂଲ୍ୟବାନ। ୧୯୪୬ରେ ସ୍ୱିଜରଲାଣ୍ଡର ରାଜଧାନୀ ଜୁରିକ୍‌ରେ ଅନୁଷ୍ଠିତ ବିଶ୍ୱ ଅଲମ୍ପିକ୍‌ରେ ବ୍ରିଟିଶ ଇଣ୍ଡିଆର ପ୍ରତିନିଧିତ୍ୱ କରିଥିବା କ୍ରୀଡ଼ାବିତ୍ ଜାନକୀ ଦାସ ମହାତ୍ମା ଗାନ୍ଧୀଙ୍କ ଦସ୍ତଖତ ଥିବା ଏହି ତ୍ରିରଙ୍ଗା ଝଣ୍ଡା ଉଡ଼ାଇ ଇତିହାସ ରଚିଥିଲେ। ନେତାଜୀ ସୁଭାଷ ଚନ୍ଦ୍ର ବୋଷ 'ଆଜାଦ ହିନ୍ଦ୍ ଫୌଜ'ର ଯେଉଁ ଝଣ୍ଡା ବର୍ଲିନରେ ଉତ୍ତୋଳନ କରିଥିଲେ ତାହା ବି ଥିଲା ତ୍ରିରଙ୍ଗା। ଏହାର ମଧ୍ୟ ଭାଗରେ ଧଳାପଟି ଉପରେ ଚରଖା ପରିବର୍ତ୍ତେ ଶୋଭା ପାଉଥିଲା ଲମ୍ଫ ପ୍ରଦାନକାରୀ ସିଂହର ଛବି।

ସ୍ୱାଧୀନତା ପୂର୍ବରୁ ଭାରତ ଶାସନ ବିଧେୟକ ସଭାରେ ୧୯୪୭ ଜୁନ୍ ମାସରେ ଏକ ସମିତି ଗଢ଼ାଯାଇ ଜାତୀୟ ପତାକା ସଂପର୍କରେ ଆଲୋଚନା କରାଯାଇଥିଲା। ୧୯୪୭ ଜୁଲାଇ ୨୨ ତାରିଖରେ ଭାରତ ଶାସନ ବିଧେୟକ ସଭା ତ୍ରିରଙ୍ଗା ଝଣ୍ଡାକୁ ଜାତୀୟ ପତାକାର ମାନ୍ୟତା ଦେଲେ, କିନ୍ତୁ ଏହାର ମଧ୍ୟଭାଗରେ ଚରଖାର ସ୍ଥାନ ନେଲା ସାରନାଥର ୨୪ଟି ଅର ଥିବା ଅଶୋକଚକ୍ର, ଯାହାକୁ 'ଧର୍ମଚକ୍ର' ଓ 'ସମୟଚକ୍ର' ବୋଲି କୁହାଯାଏ। ଆମ ପତାକାର ଶୀର୍ଷଅଂଶରେ ଥିବା ନାରଙ୍ଗୀ ରଙ୍ଗ ସାହସ ଓ ତ୍ୟାଗର ପ୍ରତୀକ ହୋଇଥିବା ବେଳେ ଧଳା ରଙ୍ଗକୁ ସତ୍ୟ ଓ ଶାନ୍ତି ଏବଂ ସବୁଜ ରଙ୍ଗଟି ବିଶ୍ୱାସ, ବୀରତ୍ୱ ଓ ପ୍ରଗତିକୁ ସୂଚାଇଥାଏ। ଅଶୋକଙ୍କ ସାରନାଥର ଧର୍ମଚକ୍ର ଆମକୁ ସମୟ ସହ ସଚେତନ ରହିବା ସଙ୍ଗେ ସଙ୍ଗେ ଆଗକୁ ବଢ଼ିବା ଲାଗି ପ୍ରେରଣା ଦେଉଥିବାରୁ ଏହି ଚକ୍ରକୁ ଆମ ଜାତୀୟ ପତାକାରେ ସ୍ଥାନିତ କରାଯାଇଛି। ଚରଖା ଚିହ୍ନିତ ତ୍ରିରଙ୍ଗା ଝଣ୍ଡା କଂଗ୍ରେସର ପତାକା ହୋଇଥିବାରୁ ଜାତୀୟ ପତାକାକୁ ରାଜନୈତିକ ଦଳର ଗଣ୍ଡି ମଧ୍ୟରେ ସୀମିତ ନ ରଖିବା ପାଇଁ ସେତେବେଳର ଅଗ୍ରଣୀ କଂଗ୍ରେସ ନେତାମାନେ ନୂଆ ପତାକାର ପରିକଳ୍ପନା କରିଥିଲେ। ଶେଷରେ ଜାତିର ଜନକ ତଥା ସ୍ୱାଧୀନତା ସଂଗ୍ରାମର ସେନାପତି ମହାମାନବ ମହାତ୍ମା ଗାନ୍ଧୀ ଅଶୋକଚକ୍ର ଥିବା ଏହି ତ୍ରିରଙ୍ଗା ଝଣ୍ଡାକୁ ସ୍ୱୀକାର କରିଥିଲେ।

ଭାରତଛାଡ଼ ଆନ୍ଦୋଳନ କାଳରେ ତ୍ରିରଙ୍ଗା ଝଣ୍ଡାର ଟେକ ରଖିବା ଲାଗି ଓଡ଼ିଶାର ମାଥିଲି, ନିମାପଡ଼ା, ପାପଡ଼ାହାଣ୍ଡି, ଲୁଣିଆ, ଇରମ, ତୁଡ଼ିଗଡ଼ିଆ-ଖଇରାଡିହି, କାଇପଡ଼ା-କଳାମାଟିଆ ଆଦି ସ୍ଥାନରେ ବହିଥିଲା ରକ୍ତର ନଦୀ। ଏଥିପାଇଁ ଲକ୍ଷ୍ମଣ ନାୟକଙ୍କୁ ବି ଫାଶୀଖୁଣ୍ଟରେ ଝୁଲିବାକୁ ପଡ଼ିଲା। ଓଡ଼ିଶାରେ ଶତାଧିକ ସଂଗ୍ରାମୀ ସହିଦ ହୋଇଥିଲେ। ଏ ମାଟି ବଳିଦାନର ବୋଲି ସେମାନେ ପୁନର୍ବାର ପ୍ରମାଣିତ କରିଗଲେ।

ଇତିହାସ କୁହେ, ଆସାମର ଗୋପୁର୍ ଥାନା ଉପରେ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବା ପାଇଁ ଯାଉଥିବା ବେଳେ ୧୪ବର୍ଷର ଝିଅ କନକଲତା ବଡୁଆ ଓ ଅନ୍ୟଜଣେ ଛାତ୍ର ମୁକୁନ୍ଦ ସହିଦ ହୋଇଥିଲେ। ପଶ୍ଚିମବଙ୍ଗର ମେଦିନପୁର ଅନ୍ତର୍ଗତ ତମଲୁପ ଥାନା ନିକଟରେ ତ୍ରିରଙ୍ଗାର ଟେକ ରଖିବା ଲାଗି ୧୩ବର୍ଷର ବାଳକ ଲକ୍ଷ୍ମୀନାରାୟଣ ଓ ୭୩ ବର୍ଷିୟା ବୃଦ୍ଧା ମାତଙ୍ଗିନୀ ହାଜରାଙ୍କ ସମେତ ଅନେକ ବଳିଦାନ ଦେଇଥିଲେ। 'କର ବା ମର' ଆନ୍ଦୋଳନ ସମୟରେ ପାଟନା ସଚିବାଳୟ ଉପରେ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବା ପାଇଁ ଉଦ୍ୟମକରି ୭ଜଣ ଛାତ୍ର ସହିଦ ହୋଇଥିଲେ। ଜବାହରଲାଲ ନେହେରୁଙ୍କ ଆକଳନ ଅନୁଯାୟୀ ଏହି ଆନ୍ଦୋଳନରେ ଅନ୍ୟୂନ ୧୦ ହଜାର ଭାରତୀୟ ଜୀବନଦାନ ଦେଇଥିଲେ। ଆହ୍ଲାବାଦର କ୍ଲକ୍ ଟାୱାରକୁ ଘେରି ରହିଥିବା ସେନାବାହିନୀର ବ୍ୟୂହ ଭେଦକରି ଲାଲବାହାଦୁର ଶାସ୍ତ୍ରୀ ବୁର୍ଖା ପରିହିତା ମହିଳା ବେଶରେ ଉପରକୁ ଚଢ଼ି ତ୍ରିରଙ୍ଗା ଝଣ୍ଡା ଉଡ଼ାଇଥିଲେ। ବାସ୍ୟମ୍ ନାମକ ଅନ୍ୟଜଣେ ଯୁବ ସତ୍ୟାଗ୍ରହୀ ମାଡ୍ରାସରେ ସେନାବାହିନୀ ମୁଖ୍ୟ ଶିବିର ଭିତରେ ପଶି ୧୬୦ ଫୁଟ ଉଚ୍ଚ ବେତାର ଟାୱାର ଉପରେ ଏକ ସୁଦୀର୍ଘ ପତାକା ଉଡ଼ାଇବାର ସାହସ କରିଥିଲେ। ଭଦ୍ରକ କଚେରି ଉପରେ ସୁଧାକର ମିଶ୍ର ଓ ୱାରିସ୍ ମିଆଁ ତ୍ରିରଙ୍ଗା ଝଣ୍ଡା ଉଡ଼ାଇଥିବା ବେଳେ ରେଭେନ୍ସା କଲେଜର କ୍ରାନ୍ତିକାରୀ ଛାତ୍ରଛାତ୍ରୀମାନେ କଲେଜ ଉପରୁ ୟୁନିୟନ ଜ୍ୟାକ୍ ହଟାଇ ତ୍ରିରଙ୍ଗା ଝଣ୍ଡା ଉଡ଼ାଇବାର ସଫଳ ପ୍ରଚେଷ୍ଟା କରିଥିଲେ। ଏମିତି ଉଦାହରଣ ଅସରନ୍ତି।

୧୯୪୭ ଅଗଷ୍ଟ ୧୫ଠାରୁ ଆମେ ସମ୍ମାନର ସହ ତ୍ରିରଙ୍ଗା ଉଡ଼ାଇ ଆସୁଛୁ ଏବଂ ଏହାର ଟେକ ରଖିବା ପ୍ରତି ନାଗରିକଙ୍କ ମୌଳିକ କର୍ତ୍ତବ୍ୟ ବୋଲି ସମ୍ବିଧାନ ଚେତାଇ ଦେଉଥିବା ବେଳେ ଆମ ଜାତୀୟ ପତାକାର ସଦ୍ ବ୍ୟବହାର ପାଇଁ ୨୦୦୨ ଜାନୁଆରୀ ୨୬ରୁ ଲାଗୁ ହୋଇଥିବା 'ଫ୍ଲାଗ୍ କୋଡ୍ ଅଫ୍ ଇଣ୍ଡିଆ'କୁ ଆମେ ଗ୍ରହଣ କରିନେଇଛୁ। ପ୍ରତ୍ୟେକ ଭାରତୀୟ ନାଗରିକ ସେମାନଙ୍କ ଘର ଓ ଅନୁଷ୍ଠାନ ଓ ସର୍ବସାଧାରଣ ସ୍ଥାନରେ ସମ୍ମାନର ସହ ଜାତୀୟ ପତାକା ଉଡ଼ାଇ ପାରିବେ ବୋଲି ଆମ ସୁପ୍ରିମକୋର୍ଟ ମଧ୍ୟ ରାୟ ଦେଇଛନ୍ତି।

ସ୍ୱାଧୀନତା ପ୍ରାପ୍ତିର ୭୯ବର୍ଷରେ କୃତଜ୍ଞତାର ସହ ସମସ୍ତ ସ୍ୱାଧୀନତା ସଂଗ୍ରାମୀ, ଦେଶ ମାତୃକା ପାଇଁ ବଳିଦାନ ଦେଇଥିବା ସତ୍ୟାଗ୍ରହୀ, କ୍ରାନ୍ତିକାରୀ ଓ ସୈନିକ ଏବଂ ଦେଶର ପ୍ରଗତିରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ସମାଜସେବୀ, କୃଷକ, ଶ୍ରମିକ, ବୈଜ୍ଞାନିକ, ଶିକ୍ଷକ, ବୈଷୟିକ ବିଶେଷଜ୍ଞ ଓ ଅନ୍ୟ ଚିନ୍ତାନାୟକ ତଥା ସଂସ୍କାରକମାନଙ୍କୁ ସ୍ମରଣ କରୁଛୁ।

ଭୁବନେଶ୍ୱର, ମୋ: ୯୪୩୭୦୧୭୩୯୫

## ଆର୍ଥିକ ସ୍ୱାଧୀନତା

ଅନନ୍ତ ଚରଣ ସ୍ୱାଇଁ

ସ୍ୱାଧୀନତାର ପରବର୍ତ୍ତୀ ସମୟରେ ଆମ ଦେଶର ରାଜନୈତିକ, ଅର୍ଥନୈତିକ, ସାମାଜିକ, ସାଂସ୍କୃତିକ ଆଦି ଅନେକ କ୍ଷେତ୍ରରେ ଅଭୂତପୂର୍ବ ଉନ୍ନତି ଘଟିଛି। ସେଥିପାଇଁ ପ୍ରତ୍ୟେକ ନାଗରିକ ଗର୍ବିତ। କେତେକ ସ୍ଥଳରେ ସ୍ୱାଧୀନତାର ଅପବ୍ୟବହାର, ସାଧାରଣ ବ୍ୟକ୍ତିଙ୍କୁ ବ୍ୟଥିତ କରେ। ବାକ୍ ସ୍ୱାଧୀନତା ନାଁରେ ଅସାମ୍ବିଧାନିକ ମତାମତ, ବିଶୃଙ୍ଖଳା ସୃଷ୍ଟିକାରୀ ବକ୍ତବ୍ୟ, ହିଂସା ପ୍ରଣୋଦିତ, ପୋଷାକ ପତ୍ରର ସ୍ୱାଧୀନତା ଦର୍ଶାଇ ଅଶାଳୀନ ପରିଧାନ ବ୍ୟବହାର କରିବା ମଧ୍ୟ ନିନ୍ଦନୀୟ। ଅନେକ ସ୍ଥଳରେ ସ୍ୱାଧୀନତାର ପ୍ରକୃତ ଅର୍ଥକୁ କଦର୍ଥର ରୂପ ଦିଆଯାଉଛି।

ଆମେ ସମସ୍ତେ ସ୍ୱାଧୀନ ହେବାକୁ ଚାହୁଁଛୁ। ସ୍ୱାଧୀନତାର ଅର୍ଥ କେବଳ ରାଜନୈତିକ କିମ୍ବା ସାମାଜିକ ସ୍ୱାଧୀନତା ନୁହେଁ। ଆର୍ଥିକ ସ୍ୱାଧୀନତା ସେଥିମଧ୍ୟରୁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଆର୍ଥିକ ସ୍ୱାଧୀନତା ହେଉଛି ଏକ ଅବସ୍ଥା, ଯେଉଁଠାରେ ଜୀବନ ଜିଇଁବା ପାଇଁ କାହାରି ଆର୍ଥିକ ସହାୟତା ଉପରେ ନିର୍ଭର କରିବାକୁ ପଡ଼େ ନାହିଁ କିମ୍ବା ବାଧ୍ୟତାମୂଳକ କାମ କରି ରୋଜଗାର କରିବାର ପ୍ରୟୋଜନ ମଧ୍ୟ ନଥାଏ। ଆୟ ଉତ୍ସ ସ୍ୱୟଂପ୍ରେରିତ ଭାବେ ବା ନିଷ୍କ୍ରିୟ ଆୟ ରୂପେ ସମସ୍ତ ଖର୍ଚ୍ଚର ଭରଣା କରିଥାଏ। ଅନ୍ତତଃ ଅର୍ଥ ପାଇଁ କାହାରି ଉପରେ ଭରସା ନରଖି ଆତ୍ମନିର୍ଭର ହେବା, ବଞ୍ଚିଥିବା ଯାଏଁ ସ୍ଥିର ଆୟ, ବ୍ୟୟ ନିୟନ୍ତ୍ରଣ, ଦୀର୍ଘକାଳୀନ ଆର୍ଥିକ ଯୋଜନା ପ୍ରସ୍ତୁତ କରି ସେହି ଅନୁଯାୟୀ ପରିଚାଳିତ ହେବା ହେଉଛି ଆର୍ଥିକ ସ୍ୱାଧୀନତା।

ଆର୍ଥିକ ସ୍ୱାଧୀନତା ପାଇଁ ଆୟ ବୃଦ୍ଧି, ଦକ୍ଷତାରେ ଉନ୍ନତି, ପାର୍ଶ୍ୱ ବ୍ୟବସାୟ, ବଜେଟିଂ, ଅର୍ଥ ବିନିଯୋଗ ଓ ନିଷ୍କ୍ରିୟ ଆୟ ଉପରେ ନିର୍ଭରଶୀଳ ହେବାକୁ ପଡ଼େ। ଚାକିରିରେ ଅନିଶ୍ଚିୟତା, ମୁଦ୍ରାସ୍ଫୀତି, ଶିକ୍ଷା, ସାମାଜିକ ଉତ୍ସବ ଅନୁଷ୍ଠାନ, ଚିକିତ୍ସା ପରି ପାରିବାରିକ ଦାୟିତ୍ୱ ଏବଂ ବୃଦ୍ଧାବସ୍ଥାରେ ସୁରକ୍ଷା ପାଇଁ ଦରକାର ହେଉଥିବା ଅର୍ଥ ନିମନ୍ତେ କାହାରି ଉପରେ ନିର୍ଭର ନହେବାକୁ ଆର୍ଥିକ ସ୍ୱାଧୀନତା ଅତ୍ୟନ୍ତ ଜରୁରୀ। ଆର୍ଥିକ ସାକ୍ଷରତାର ଅଭାବ, ତତ୍କାଳୀନ ସୁଖର ଆକର୍ଷଣ, ଋଣ ଯନ୍ତା, ଦରଦାମ ବୃଦ୍ଧି, କ୍ରେଡିଟ କାର୍ଡ ଉପରେ ଅଧିକ ନିର୍ଭରଶୀଳତା ଆଦି ଆର୍ଥିକ ସ୍ୱାଧୀନତା ଆଣିବାରେ ପ୍ରତିବନ୍ଧକ।

ଆର୍ଥିକ ସ୍ୱାଧୀନତା ସଂଗ୍ରାମରେ ପିଲାଠାରୁ ଆରମ୍ଭ କରି ବରିଷ୍ଠ ନାଗରିକ ପର୍ଯ୍ୟନ୍ତ ସମସ୍ତେ ଜଡ଼ିତ। ଏହି ସଂଗ୍ରାମ ଅତୀତ, ବର୍ତ୍ତମାନ ଓ ଭବିଷ୍ୟତ ଉପରେ ଆଧାରିତ। ଯୁବ ପିଢ଼ିଙ୍କ ପାଇଁ ବର୍ତ୍ତମାନ ହେଉଛି ବହୁ ମୂଲ୍ୟବାନ। ବିଳମ୍ବ ନକରି ଆୟର କିଛିଅଂଶ ଭବିଷ୍ୟତ ପାଇଁ ସଞ୍ଚୟ ଓ ନିବେଶ କଲେ ବୃଦ୍ଧାବସ୍ଥା ବେଳକୁ ଏହା ବୃଦ୍ଧି ପାଇ ଏକ ବୃହତ ରାଶିରେ ପରିଣତ ହେବ ଏବଂ ଆର୍ଥିକ ସ୍ୱଚ୍ଛଳତା ବା ଆର୍ଥିକ ସ୍ୱାଧୀନତା ମିଳିବ। ଶିଶୁ ଓ



କିଶୋରମାନେ ମଧ୍ୟ ଏହି ଆର୍ଥିକ ସ୍ୱାଧୀନତା ସଂଗ୍ରାମରେ ଭାଗ ନେଇ ପାରିବେ। ସେମାନଙ୍କୁ ମିଳୁଥିବା ପକେଟ ଖର୍ଚ୍ଚରୁ ବଞ୍ଚାଇ ସଞ୍ଚୟ କରିବା, ଜନ୍ମ ଦିନ, ବ୍ରତଘର ପରି ଉତ୍ସବଗୁଡ଼ିକରେ ଅତ୍ୟଧିକ ବ୍ୟୟ ନକରି ଖର୍ଚ୍ଚ କାଟି ତାହା ସଞ୍ଚୟ ଏବଂ ଠିକ ଭାବେ ବିନିଯୋଗ କଲେ ଭବିଷ୍ୟତରେ ଚକ୍ରବୃଦ୍ଧି ହାରରେ ଏହା ଆଶାତୀତ ବୃଦ୍ଧି ପାଇଥାଏ।

ବରିଷ୍ଠ ନାଗରିକ, ଶିଶୁ, କିଶୋର ଓ ଯୁବକମାନଙ୍କ ଆର୍ଥିକ ଜ୍ଞାନ, ଆର୍ଥିକ ସ୍ୱାଧୀନତା, ଆର୍ଥିକ ପରାଧୀନତାର କାରଣ ଓ ନିରାକରଣ, ସେମାନେ କରିଥିବା ଭୁଲର ପୁନରାବୃତ୍ତି ନକରିବା ଏବଂ ସେମାନଙ୍କର ଆର୍ଥିକ ସଫଳତାର କାରଣ ବିଷୟରେ ଆଲୋଚନା ଓ ପର୍ଯ୍ୟାଲୋଚନା ଫଳପ୍ରଦ ହୋଇଥାଏ। ସ୍ୱାଧୀନ ଦେଶରେ ଆର୍ଥିକ ପରାଧୀନ ହେଉଛି ଏକ ଅଭିଶାପ। ଆର୍ଥିକ ସ୍ୱାଧୀନତା ପାଇଁ ସଚେତନତା ସହ ଉପଯୁକ୍ତ ସଂଗ୍ରାମ ଦରକାର। ଠିକ ସମୟରେ ଠିକ ନିଷ୍ପତ୍ତି ଆର୍ଥିକ ସ୍ୱାଧୀନତା ଆଣିବାରେ ସକ୍ଷମ। ଏହାକୁ କାର୍ଯ୍ୟରେ ପରିଣତ କରିବା ଦାୟିତ୍ୱ ସବୁ ନାଗରିକଙ୍କର। ଆର୍ଥିକ ସ୍ୱାଧୀନତା ଏକ ଜୀବନ ଦର୍ଶନ। ଏହାଦ୍ୱାରା ଶରୀର, ଧନ ଓ ମନର ସଠିକ ସମନ୍ୱୟ ଘଟି ଜୀବନରେ ସୁଖ ଶାନ୍ତି ଆସିଥାଏ।

ଆର୍ଥିକ ସ୍ୱାଧୀନତା ଆମର ଏକ ଗୁରୁତ୍ୱପୂର୍ଣ୍ଣ ଅଧିକାର। ଆର୍ଥିକ ସ୍ୱାଧୀନତା ନଥିଲେ ସ୍ୱାଧୀନତାର ପ୍ରକୃତ ସ୍ୱାଦ ଉପଲବ୍ଧି କରିହେବ ନାହିଁ। ଆସନ୍ତୁ ସମସ୍ତେ ଶପଥ ନେବା - ନିଜର ଆର୍ଥିକ ସ୍ୱାଧୀନତା ଆଣିବା ସହ ଅନ୍ୟମାନଙ୍କ, ବିଶେଷକରି ଗରିବ ଲୋକଙ୍କ ଆର୍ଥିକ ସ୍ୱାଧୀନତା ଆଣିବାରେ ସହାୟକ ହେବା।

ପଲେଇ(କେନ୍ଦ୍ରାପଡ଼ା) ମୋ: ୭୩୮୧୦୪୬୪୭୭୦

## ଖମ୍ବ ସ୍ୱରୂପରେ ପୂଜା ପାଆନ୍ତି ମେଘନାଦ

ଓଜସ୍ୱିନୀ

ବିଚିତ୍ର ବିଶ୍ୱାସ

ଲଙ୍କାପତି ରାବଣ ଓ ମନ୍ଦୋଦରୀଙ୍କ ଜ୍ୟେଷ୍ଠପୁତ୍ର ମେଘନାଦ ଦେବରାଜ ଇନ୍ଦ୍ରଙ୍କୁ ପରାସ୍ତ କରି ସ୍ୱର୍ଗ ଅଧିକାର କରିଥିଲେ। ତେଣୁ ତାଙ୍କର ଅନ୍ୟ ଏକ ନାମ ଇନ୍ଦ୍ରଜିତ। ଦୈତ୍ୟଗୁରୁ ଶୁକ୍ରାଚାର୍ଯ୍ୟଙ୍କ କୃପାରୁ ସେ ହୋଇପାରିଥିଲେ ବ୍ରହ୍ମାସ୍ତ୍ର, ନାରାୟଣାସ୍ତ୍ର ଓ ପଶୁପାତାସ୍ତ୍ରର ଅଧିକାରୀ। ଅନେକ ଚମତ୍କାରୀ ଦିବ୍ୟାସ୍ତ୍ର, ତନ୍ତ୍ର ବିଦ୍ୟା ଓ ସିଦ୍ଧି ହାସଲ କରିଥିବା ମେଘନାଦଙ୍କ ପିତୃଭକ୍ତି ରାମତୁଲ୍ୟ ବୋଲି ବର୍ଣ୍ଣିତ। ମେଘନାଦ ଆସୁରିକ ଶକ୍ତିର ପ୍ରତୀକ ହୋଇଥିଲେ ମଧ୍ୟ ଭାରତର କେତେକ ଜନଜାତିଙ୍କ ପାଇଁ ପୂଜନୀୟ। ସେମାନେ ମେଘନାଦଙ୍କୁ କୁଳଦେବତା ଭାବେ ପୂଜା କରୁଛନ୍ତି। ଏଥିସହିତ ପ୍ରକୃତିର ରକ୍ଷାକର୍ତ୍ତା ଭାବେ ମେଘନାଦଙ୍କ ପୂଜାର୍ଚ୍ଚନା ଓ ଆଶିଷ ଲାଭ ପାଇଁ ପ୍ରତିବର୍ଷ ଆୟୋଜନ କରନ୍ତି ମେଘନାଦ ମେଳା।

ମଧ୍ୟପ୍ରଦେଶର ସୀମାନ୍ତ ଅଞ୍ଚଳ ଛିନ୍ଦୱାଡ଼ା ଜିଲ୍ଲାର ଉମରେଠ, ବେତୁଲ, ସାରନା, ସତପୁଡ଼ା ଓ ଚୋରଇ ଆଦି କେତେକ ଅଞ୍ଚଳରେ ବସବାସ କରୁଥିବା କୋରାକୁ ଓ ଭାରିଆ ଜନଜାତି ସମ୍ପ୍ରଦାୟଙ୍କ ନିଜକୁ ରାବଣଙ୍କ ବଂଶଜ ବୋଲି ମାନୁଥିବାରୁ ମେଘନାଦଙ୍କୁ କୁଳଦେବତା ଭାବେ ପୂଜାର୍ଚ୍ଚନା କରିଥା'ନ୍ତି। ମୁଖ୍ୟତଃ ଭଲ ବର୍ଷା ଓ ଉତ୍ତମ ଫସଲ, ମନୋବାଞ୍ଛା ପୂରଣ, ସନ୍ତାନର ମଙ୍ଗଳକାମନା, ସମସ୍ୟାର ସମାଧାନ ଏବଂ ଉତ୍ତମ ପାରିବାରିକ ଜୀବନ ପାଇଁ ମେଘନାଦଙ୍କୁ ପୂଜା କରାଯିବାର ପରମ୍ପରା ସେଠାରେ ପ୍ରଚଳିତ। ହୋଲି ପରଦିନଠାରୁ ପାଞ୍ଚଦିନ (ସ୍ଥାନୀୟ ଭାଷାରେ ରଙ୍ଗପଞ୍ଚମୀ) ପର୍ଯ୍ୟନ୍ତ ସେହି ଅଞ୍ଚଳରେ ମେଘନାଦ ମେଳାର ଆୟୋଜନ ହୋଇଥାଏ। ଏଥିରେ କୃଷକ ଓ ଯୁବବର୍ଗଙ୍କ ଅଧିକ ସମାଗମ ହୁଏ। ଗୋଟିଏ ଉଚ୍ଚ ସିଧା ଗଛର ଗଣ୍ଡିକୁ କାଟି ଗାଁର ମଧ୍ୟଭାଗରେ କିମ୍ବା ମନ୍ଦିର ପାଖରେ ପୋତା ଯାଇଥାଏ। ଏହି ଗଣ୍ଡି ବା ଖମ୍ବର ଉଚ୍ଚତା ୨୫ରୁ ୪୦ ଫୁଟ ହୋଇଥାଏ। ମେଘନାଦଙ୍କ ପ୍ରତୀକାତ୍ମକ ସ୍ୱରୂପ ଭାବେ ପୂଜା କରାଯାଉଥିବା ଏହି ଖମ୍ବକୁ 'ଖଣ୍ଡେରା ଦେବ', 'ଖଣ୍ଡେରା ବାବା' ବା 'ମେଘନାଦ ଖମ୍ବ' ବୋଲି କୁହାଯାଏ। ଖମ୍ବକୁ ଗେରୁଆ ରଙ୍ଗରେ ସଜାଇବା ପରେ ଶୀର୍ଷ ଭାଗରେ ଅନ୍ୟ ଗୋଟିଏ କାଠକୁ ସମାନ୍ତରାଳ ଭାବେ ରଖାଯାଏ। ଏହି କାଠରେ ନିଜକୁ ବାନ୍ଧି ଭକ୍ତମାନେ ଘୂରି ଘୂରି ମନସ୍କାମନା ପୂରଣ ପାଇଁ ମେଘନାଦଙ୍କୁ ଆଶିଷ ଭିକ୍ଷା କରିଥା'ନ୍ତି। ମନସ୍କାମନା ପୂରଣ ହେବା ପରେ ମେଘନାଦଙ୍କୁ ଧନ୍ୟବାଦ ଦେବା ପାଇଁ ଖମ୍ବରେ ଚଢ଼ି ଘୂରିବାର ମଧ୍ୟ ପ୍ରଥା ରହିଛି। ମେଘନାଦଙ୍କ କୁଳଦେବୀ ନିକୁମ୍ଭିଲାଙ୍କ ବିଶେଷ ପୂଜାର୍ଚ୍ଚନା ପରେ ପୂଜାରୀ ଗୋଟିଏ ନଡ଼ିଆକୁ ବହୁ ଉଚ୍ଚକୁ ଫୋପାଡ଼ି ଦେଇଥା'ନ୍ତି। କିଛି ସମୟ ପରେ ଉକ୍ତ ନଡ଼ିଆକୁ ଭାଙ୍ଗିଦିଆଯାଏ। ଯଦି ନଡ଼ିଆରୁ ପାଣି କମ୍ ବାହାରେ, ତା'ହେଲେ କମ୍ ବର୍ଷା ହେବ ଏବଂ ଅଧିକ ପାଣି ବାହାରିଲେ ଭଲ ବର୍ଷା ହେବାର ଆଗୁଆ ସୂଚନା ମିଳିଥାଏ। ପ୍ରାୟ ୩୦୦ ବର୍ଷ ଧରି ମେଘନାଦ ମେଳାକୁ ନେଇ ଏହଭଳି ବିଶ୍ୱାସ ରହିଆସିଛି।

ଛିନ୍ଦୱାଡ଼ା ଜିଲ୍ଲାସ୍ଥିତ ଏକାଧିକ ଗାଁର ନାମ ମଧ୍ୟ ମେଘନାଦ ଓ ଅସୁରରାଜ ରାବଣଙ୍କ ନାମାନୁସାରେ ରଖାଯାଇଛି। ସ୍ଥାନୀୟ ଲୋକକଥା ଅନୁସାରେ ଛିନ୍ଦୱାଡ଼ା ଜିଲ୍ଲାର ତାମିଆ ନାମକ ସ୍ଥାନ ନିକଟବର୍ତ୍ତୀ ପାତାଳକୋଟକୁ ଅହିରାବଣଙ୍କ ପାତାଳଲୋକ ବୋଲି କୁହାଯାଉଛି। ଅହିରାବଣ ଶ୍ରୀରାମ ଓ ଲକ୍ଷ୍ମଣଙ୍କୁ ଅପହରଣ କରି ଏହି ପାତାଳକୋଟରେ ହିଁ ରଖିଥିଲେ। ସ୍ଥାନୀୟ ଲୋକଗୀତରେ ମଧ୍ୟ ରାବଣ ଓ ମେଘନାଦଙ୍କ ଅନେକ କାହାଣୀ ଶୁଣିବାକୁ ମିଳିଥାଏ। ଏହା ବ୍ୟତୀତ ମଧ୍ୟପ୍ରଦେଶର ମଣ୍ଡି ବାମୋରା ଅନ୍ତର୍ଗତ ପଲିତା ନାମକ ଗାଁରେ ମେଘନାଦଙ୍କ ଏକ ମନ୍ଦିର ରହିଛି। ଗାଁର ପରମ୍ପରା ଅନୁଯାୟୀ ଅନୁଯାୟୀ ଦଶହରାରେ ରାବଣଙ୍କ କୁଶ ପୁତ୍ତଳିକା ଦହନ ପରିବର୍ତ୍ତେ ମେଘନାଦଙ୍କ ବିଶେଷ ପୂଜାର୍ଚ୍ଚନା ହୋଇଥାଏ। ଏଠାରେ ଲୋକମାନେ ମେଘନାଦଙ୍କୁ ଅଗ୍ରପୂଜ୍ୟ ଶ୍ରୀଗଣେଶଙ୍କ ସମତୁଲ୍ୟର ମାନ୍ୟତା ଦେଇଛନ୍ତି। ତେଣୁ ପ୍ରଥମେ ମେଘନାଦଙ୍କ ପୂଜା ପରେ ଅନ୍ୟ ଦେବଦେବୀଙ୍କ ପୂଜା କରାଯାଏ। କୌଣସି ନୂତନ କାର୍ଯ୍ୟ ଆରମ୍ଭ କରିବା ପୂର୍ବରୁ ମେଘନାଦଙ୍କୁ ଶ୍ରୀଫଳ ସମର୍ପଣ ହୁଏ। ଏହି ଅଞ୍ଚଳରେ କାନ୍ୟକୁବ୍‌ଜ ବ୍ରାହ୍ମଣମାନେ ରହନ୍ତି, ଯେଉଁମାନେ ନିଜକୁ ରାବଣଙ୍କ ବଂଶଜ ବୋଲି କହନ୍ତି। ତେଣୁ ରାବଣଙ୍କ ପୁତ୍ର ମେଘନାଦଙ୍କ ପୂଜାର୍ଚ୍ଚନା ବିଧିବିଧାନର ସହିତ କରାଯାଏ। ଏହି ଗ୍ରାମରେ ମେଘନାଦ ଅଖଣ୍ଡ ତପସ୍ୟା କରିଥିଲେ ବୋଲି ଲୋକୋକ୍ତି ଅଛି। ତେଣୁ ତପସ୍ୟା କରିଥିବା ସ୍ଥାନରେ ଆଜି ମଧ୍ୟ ହଜାର ହଜାର ଶ୍ରଦ୍ଧାଳୁ ଶୁଦ୍ଧ ଘିଅ ଦୀପ ପ୍ରଜ୍ୱଳନ କରି ମେଘନାଦଙ୍କ ଆଶିଷ ଭିକ୍ଷା କରୁଛନ୍ତି। କାହିଁ କେଉଁ କାଳରୁ ଚାଲି ଆସିଥିବା ଆସ୍ଥା ଓ ବିଶ୍ୱାସର ଏହି ଧାରାରେ ଅସୁରମାନେ ମଧ୍ୟ ଦେବତା ପାଲଟି ଯାଇଛନ୍ତି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

■ ଶ୍ରୀମନ୍ଦିରରେ ଅଘଟଣ

## ଗରମ ଡାଲି ପଡ଼ି ବୋଝିଆ ଆହତ

ପୁରୀ,୧୪।୮ (ସମିସ): ଶ୍ରୀମନ୍ଦିରରେ ଘଟିଛି ଅଘଟଣ। ଗରମ ଡାଲି ପଡ଼ି ଜଣେ ବୋଝିଆ ଆହତ ହୋଇଛନ୍ତି। ସେ ହେଲେ, ଖଡ଼ିପଦାର ପ୍ରଶାନ୍ତ ଜେନା। ସୂଚନା ଅନୁଯାୟୀ, ପ୍ରଶାନ୍ତ ବେତାରେ ଡାଲି, ଅନ୍ନ ରଖି ଆନନ୍ଦ ବଜାରକୁ ଆଣିଥିଲେ। ଆନନ୍ଦ ବଜାରରେ ବେତା ଓହ୍ଲାଉଥିବା ବେଳେ ଗରମ ଡାଲି କୁଡୁଆ ତାଙ୍କ ଉପରେ ପଡ଼ିଯାଇଥିଲା। ସେ ମଧ୍ୟ ତଳେ ପଡ଼ିଯାଇଥିଲେ। ତାଙ୍କ ମୁଣ୍ଡରୁ ଅଣ୍ଟା ପର୍ଯ୍ୟନ୍ତ ଗରମ ଡାଲି ବୋହି ଆସିବାରୁ ସେ ଗୁରୁତର ଭାବେ ଆହତ ହୋଇଥିଲେ। ତାଙ୍କୁ ସଙ୍ଗେ ସଙ୍ଗେ ଜିଲ୍ଲା ସଦର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ସେଠାରେ ପ୍ରାଥମିକ ଚିକିତ୍ସା ପରେ ପୁରୀର ଏକ ଘରୋଇ ଚିକିତ୍ସାଳୟକୁ ନିଆଯାଇ ତାଙ୍କର ଚିକିତ୍ସା ଚାଲିଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ୬୫ ଲକ୍ଷ ଭୋଟରଙ୍କ...

ତାଲିକାରୁ ବାଦ୍ ପଡ଼ିଛି ସେମାନେ ଆଧାର କାର୍ଡ ସହିତ ନିର୍ବାଚନ ଅଫିସ ଯାଇ ନିଜର ନାମକୁ ସାମିଲ କରିପାରିବେ।

ସୂଚନାଯୋଗ୍ୟ ଯେ ଗତ ଅଗଷ୍ଟ ପହିଲାରେ କମିସନ ପକ୍ଷରୁ ଯେଉଁ ଭୋଟର ଚିଠାତାଲିକା ପ୍ରକାଶ କରାଯାଇଛି ସେଥିରେ ୬୫ ଲକ୍ଷ ଭୋଟରଙ୍କ ନାମ କାଟି ଦିଆଯାଇଛି। ଏହି ଭୋଟରଙ୍କ ନାମ ପୁରୁଣା ତାଲିକାରେ ଥିଲା। କମିସନ କହିଥିଲେ ଯେ ଯେଉଁମାନଙ୍କ ନାମ କଟାଯାଇଛି ସେମାନଙ୍କ ମଧ୍ୟରୁ ୨୨ ଲକ୍ଷ ୩୪ ହଜାର ଜୀବିତ ନୁହନ୍ତି, ୩୬ ଲକ୍ଷ ୨୮ ହଜାର ଅନ୍ୟ ରାଜ୍ୟକୁ ପଳାଇଛନ୍ତି ଏବଂ ୭ ଲକ୍ଷ ଭୋଟରଙ୍କ ନାମ ଏକାଧିକ ସ୍ଥାନରେ ରହିଛି। କମିସନ ଏହି ସଂଖ୍ୟା ଦେଇଥିଲେ ମଧ୍ୟ ଭୋଟରଙ୍କ ନାମ କିମ୍ବା ବାଦ୍ ପଡ଼ିବାର କାରଣ ଦର୍ଶାଇ ନଥିଲେ।

୨୦୦୩ରେ ଭୋଟର ତାଲିକା ସଂଶୋଧନ ବେଳେ କେଉଁ ଦସ୍ତାବିଜ ଦାଖଲ ପାଇଁ କୁହାଯାଇଥିଲା, ସେସଂପର୍କରେ ମଧ୍ୟ ରିପୋର୍ଟ ଦେବାଲାଗି କୋର୍ଟ ନିର୍ବାଚନ କମିସନଙ୍କୁ କହିଛନ୍ତି। ଆଜି ଶୁଣାଣି ବେଳେ କମିସନଙ୍କ ଓକିଲ କହିଥିଲେ ଯେ ୨୦୦୩ ଭୋଟର ତାଲିକାରେ ଯେଉଁ ଭୋଟର ବା ସେମାନଙ୍କ ପିତାମାତାଙ୍କର ନାମ ରହିଥିଲା, ସେମାନଙ୍କ ଠାରୁ କୌଣସି ଦସ୍ତାବଜିତ ମଗାଯାଇ ନାହିଁ। ସେ ଆହୁରି କହିଥିଲେ ଯେ ଇଭିଏମକୁ ନେଇ ବିଭିନ୍ନ ରାଜନୈତିକ ଦଳ ମଧ୍ୟରେ ଚାଲିଥିବା ବିବାଦରେ କମିସନକୁ ଅନାବଶ୍ୟକ ଭାବେ ଟଣାଯାଉଛି।

### ୪୦ ମୃତ...

ଘଟଣା ସ୍ଥଳକୁ ପଠାଯାଇଛି। ସେ କହିଛନ୍ତି ଯେ ହଜାର ହଜାର ଶ୍ରଦ୍ଧାଳୁ ମଚାଇଲ ଯାତ୍ରା ପାଇଁ ଚୋସିତି ଗାଁରେ ପହଞ୍ଚିଥିବା ବେଳେ ଏହି ଘଟଣା ଘଟିଥିଲା। ଯେଉଁ ଯାତ୍ରା ଆରମ୍ଭ ହେବାର କାର୍ଯ୍ୟକ୍ରମ ଥିଲା ସେହିଠାରେ ହିଁ ପ୍ରବଳ ବର୍ଷା ହୋଇଥିଲା। ଯାତ୍ରାର ପଥମ ପର୍ଯ୍ୟାୟ ଆରମ୍ଭ ହେବାର ଥିଲା। ଏହି ସ୍ଥାନରେ ଶ୍ରଦ୍ଧାଳୁଙ୍କ ବସ, ଟେଣ୍ଟ, ଲଙ୍ଗର ଓ କେତୋଟି ଦୋକାନ ଥିଲା। ସବୁ ବନ୍ୟାରେ ଭାସି ଯାଇଛି।

ମଚାଇଲ ତୀର୍ଥ ଯାତ୍ରା ପ୍ରତିବର୍ଷ ଅଗଷ୍ଟ ମାସରେ ହୋଇଥାଏ। ଏହି ଯାତ୍ରାରେ ସାମିଲ ହେବାକୁ ହଜାର ହଜାର ଶ୍ରାଦ୍ଧାଳୁ ଦେଶର ବିଭିନ୍ନ ସ୍ଥାନରୁ ଆସିଥାନ୍ତି। ଏହି ଯାତ୍ରା ଜୁଲାଇ ୨୫ରୁ ସେପ୍ଟେମ୍ବର ୫ ପର୍ଯ୍ୟନ୍ତ ଚାଲିବ।

### ବାନ୍ଧବୀଙ୍କୁ ସଂଜ୍ଞାହୀନ...

ତାଙ୍କୁ ଦୁଷ୍କର୍ମ କରିଥିଲା। କିଛି ସମୟ ପରେ ଯୁବତୀଙ୍କ ଚେତା ଫେରିବା ପରେ ସେ ପୁଣି ତାଙ୍କୁ ଦୁଷ୍କର୍ମ ପାଇଁ ଉଦ୍ୟମ କରିଥିଲା। ଭୟଭୀୟ ହୋଇ ପୀଡ଼ିତା ପାଖରେ ଥିବା ଏକ ପୋଲ ତଳକୁ ଯାଇ ଲୁଚି ଯାଇଥିଲେ। କିନ୍ତୁ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ଖରାପ ହୋଇଯାଇଥିବାରୁ ସେ ପୁଣିଥରେ ସଂଜ୍ଞାହୀନ ହୋଇପଡ଼ିଥିଲେ। ତେବେ ହୃଦାନନ୍ଦ ତାଙ୍କୁ ଖୋଜି ବାହାର କରିବା ପରେ ଏକ ସ୍କୁଟିରେ ନେଇ ତେଲକୋଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇବା ପରେ ସେଠାରୁ ପଳାଇଥିଲା। ଯୁବତୀଜଣଙ୍କ ସ୍କୁଟିରୁ ପଡ଼ି ଆହତ ହୋଇଛନ୍ତି ବୋଲି ସେ ହସ୍ପିଟାଲ କର୍ତ୍ତୃପକ୍ଷଙ୍କୁ କହିଥିଲା। ଗଲା ବେଳେ ସେ ଯୁବତୀଙ୍କ ପାଖରେ ଥିବା ୧୧ହଜାର ଟଙ୍କା ଓ ମୋବାଇଲ ନେଇଯାଇଥିଲା।

### ଲାଗି ରହିବ...

ନବରଙ୍ଗପୁର ୧୭, ହୀରାକୁଦ ଓ ରାଉରକେଲା ଆଦିରେ ୧୦ ମିମି ଲେଖାଏଁ ବର୍ଷା ରେକର୍ଡ ହୋଇଛି। ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି ଯେ, ଆଗାମୀ ୫ ଦିନ ଯାଏ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିବ। ବିଶେଷ କରି ଦକ୍ଷିଣ ଓଡ଼ିଶାରେ ବର୍ଷାର ସମ୍ଭାବନା ଅଧିକ ରହିଛି। ଉପକୂଳବର୍ତ୍ତୀ ଅଞ୍ଚଳରେ ପାଗ ମେଘୁଆ ସହ ପବନର ବେଗକୁ ନେଇ ସମୁଦ୍ର ଅଶାନ୍ତ ରହିବ। ତେଣୁ ଅଗଷ୍ଟ ୧୫ ତାରିଖ ଯାଏ ସମୁଦ୍ର ମଧ୍ୟକୁ ନଯିବାକୁ ମତ୍ସ୍ୟଜୀବୀମାନଙ୍କୁ ବାରଣ କରାଯାଇଛି।

### ଆଜିର ରାଶିଫଳ

**ମେଷ:** ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ଜୀବନସାଥୀଙ୍କ ସହଯୋଗ ମିଳିପାରେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

**ବୃଷ:** କୌଣସି କାର୍ଯ୍ୟ ବିଗିଡ଼ିପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ସ୍ୱଭାବରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ। ଦୀର୍ଘ ଦିନର ଆଶା ପୂରଣ ହେବ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ। କୌଣସି କଥାକୁ ନେଇ ମନ ଉଣା ହୋଇପାରେ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ। ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିପାରନ୍ତି। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ। ଅତିଥି ସତ୍କାର କରିପାରନ୍ତି।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। କାର୍ଯ୍ୟଧାରାରେ ପରିବର୍ତ୍ତନ ଆଣିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। କଳା ଓ ସଙ୍ଗୀତ ପ୍ରତି ରୁଚି ବଢ଼ିବ।

**କନ୍ୟା:** ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ଆଣ୍ଠୁଗଣ୍ଠି ସମସ୍ୟା ଦେଖାଦେଇପାରେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। କାମରୁ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଆୟ ଓ ବ୍ୟୟ ସମାନ ରହିବ।

**ଧନୁ:** ଆତ୍ମବିଶ୍ୱାସ ବଢ଼ିବ। କାମ କରିବାରେ ସକ୍ଷମ ହେବେ ନାହିଁ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ନକାରାତ୍ମକ ଚିନ୍ତାଧାର ଦୂର ହେବ। ଅଫିସ ସହକର୍ମୀଙ୍କ ସହଯୋଗରେ କାମ ପୂରା କରିବେ।

**ମକର:** ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ବିଚଳିତ ହେବା ବ୍ୟର୍ଥ। ପରିବାର ଲୋକଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିପାରେ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ। ବିବାହ ବିଳମ୍ବ ହେବ।

**ମୀନ:** ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଛାତ୍ରଛାତ୍ରୀ ପ୍ରତିଯୋଗିତାମୂଳକ ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

## ତାଳବଣିଆ-ଭୂଦାନ ଛକ ରାସ୍ତା ସମ୍ପ୍ରସାରଣ ପାଇଁ ଗଛକଟାକୁ ବିରୋଧ

କଟକ,୧୪।୮ (ସମିସ): ପୁରୀ ତାଳବଣିଆ-ଭୂଦାନ ଛକ ପର୍ଯ୍ୟନ୍ତ ରାସ୍ତାକୁ ସମ୍ପ୍ରସାରଣ କରିବା ପାଇଁ ବହୁ ବର୍ଷର ପୁରୁଣା ଗଛଗୁଡ଼ିକ କଟାଯିବା ପାଇଁ ରହିଥିବା ପ୍ରସ୍ତାବକୁ ବିରୋଧ କରି ହାଇକୋର୍ଟରେ ଏକ ଜନସ୍ୱାର୍ଥ ମାମଲା ଦାୟର ହୋଇଛି। କଟକ ଚାନ୍ଦିନୀଚୌକ ଅଞ୍ଚଳର ସ୍ୱେଚ୍ଛାସେବୀ ଜୟନ୍ତୀ ଦାସଙ୍କ ପକ୍ଷରୁ ଏହି ମାମଲା ରୁଜୁ ହୋଇଛି। ଏଥିପାଇଁ ଏହି ଅଞ୍ଚଳରେ ଥିବା ପ୍ରାୟ ୭୨ଟି ପୁରୁଣା ଗଛ ଏଥିପାଇଁ ବଳି ପଡିବାକୁ ଯାଉଛି। ଏହା ଦ୍ୱାରା ପରିବେଶ ଅସନ୍ତୁଳିତ ହେବା ସହ ତାପମାତ୍ରା ବୃଦ୍ଧି ସହ ପ୍ରଦୂଷଣ ସୃଷ୍ଟି ହେବ। ଏଥିପାଇଁ ଏହି ବେଆଇନ ଗଛକଟାକୁ ବନ୍ଦ କରିବା ସହ ପ୍ରତିପକ୍ଷଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିବାକୁ ଆବେଦନରେ ପ୍ରାର୍ଥନା କରାଯାଇଛି। ସୁପ୍ରିମକୋର୍ଟଙ୍କ ଧାର୍ଯ୍ୟ ଗାଇଡଲାଇନ ଅନୁପାଳନ ତଥା ବିଶେଷଜ୍ଞ କମିଟି ଦ୍ୱାରା ଯାଞ୍ଚ କରାଯାଉ ବୋଲି ଆବେଦନକାରୀ ଦର୍ଶାଇଛନ୍ତି। ରାଜ୍ୟ ସରକାର ଏହି ମୂଲ୍ୟବାନ

### ହାଇକୋର୍ଟରେ ମାମଲା

ଗଛ ଗୁଡିକୁ ଅନ୍ୟତ୍ର ପୁନଃସ୍ଥାପନ କରି ଏହାକୁ ଜୀବିତ ରଖିବା ପାଇଁ ପ୍ରୟାସ କରନ୍ତୁ କିମ୍ବା ଗଛ ଗୁଡିକର ଅପରପାର୍ଶ୍ୱର ଖାଲି ଜାଗାକୁ ରାସ୍ତା ସମ୍ପ୍ରସାରଣ ପାଇଁ ବ୍ୟବହାର କରାଯାଉ ବୋଲି ଆବେଦନକାରୀ ଦର୍ଶାଇଛନ୍ତି। ପୂର୍ବରୁ ମଧ୍ୟ ଭୁବନେଶ୍ୱର ୟୁନିଟ-୪ରେ ବିଧାୟକ ମାନଙ୍କ ପାଇଁ ବହୁତଳ ବିଶିଷ୍ଟ କ୍ୱାର୍ଟର ନିର୍ମାଣ ପାଇଁ ଗଛ କଟାକୁ ବିରୋଧ କରି ଏକ ଜନସ୍ୱାର୍ଥ ମାମଲାରେ ହାଇକୋର୍ଟଙ୍କ ହସ୍ତକ୍ଷେପ ପରେ ସରକାର ଏଭଳି ପଦକ୍ଷେପ ନେଇଥିଲେ ବୋଲି ଆବେଦନକାରୀ ଦର୍ଶାଇଛନ୍ତି। ଆବେଦନକାରୀଙ୍କ ପକ୍ଷରୁ ମାମଲାକୁ ପରିଚାଳନା ପାଇଁ ବରିଷ୍ଠ ଆଇନଜୀବୀ ବିଜୟ କୁମାର ରଗଡଙ୍କୁ ନିଯୁକ୍ତ କରାଯାଇଛି । ଏହି ମାମଲାରେ ରାଜ୍ୟ ମୁଖ୍ୟଶାସନ ସଚିବ, ଜଙ୍ଗଲ ଓ ପରିବେଶ ସଚିବ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ସଚିବ, ଜିଏ ବିଭାଗ ସଚିବ, ନଗର ଉନ୍ନୟନ ବିଭାଗ ସଚିବ ,ପିକେଡିଏ ଅଧ୍ୟକ୍ଷ ,ଓଡିଶା ବନ ଉନ୍ନୟନ ନିଗମ ଅଧ୍ୟକ୍ଷ ଓ କେନ୍ଦ୍ର ସରକାରଙ୍କୁ ପକ୍ଷଭୁକ୍ତ କରାଯାଇଛି

## ୧୩ ବିଚାର ବିଭାଗୀୟ ଅଧିକାରୀଙ୍କ ବଦଳି

କଟକ, ୧୪।୮ (ସମିସ): ଓଡ଼ିଶା ହାଇକୋର୍ଟ ପକ୍ଷରୁ ୧୩ଜଣ ଜିଲ୍ଲା ଜଜ୍ କ୍ୟାଡର୍‌ର ବିଚାର ବିଭାଗୀୟ ଅଧିକାରୀଙ୍କୁ ନୂତନ ସ୍ଥାନକୁ ବଦଳି କରାଯାଇଛି। ଏହି କ୍ରମରେ ସଞ୍ଜୀବ ଦୁବେଙ୍କୁ ସ୍ୱତନ୍ତ୍ର ବିଚାରପତି, ସିବିଆଇ ଅଦାଲତ ନମ୍ବର ୧, ଭୁବନେଶ୍ୱର, ସତ୍ୟପୀର ମିଶ୍ରଙ୍କୁ କଟକର ବିକ୍ରି କର ଟ୍ରିବ୍ୟୁନାଲର ପ୍ରଥମ ବିଚାର ବିଭାଗୀୟ ସଦସ୍ୟ, ଅନୁପ କୁମାର ଚନ୍ଦନ ବରଗଡ଼ ଜିଲ୍ଲା ଏବଂ ଦୌରାଜଜ୍, ଦୀପ୍ତିରଞ୍ଜନ କାନୁନଗୋଙ୍କୁ ପବ୍ଲିକ୍ ପ୍ରସିକ୍ୟୁସନ୍ ନିର୍ଦ୍ଦେଶକ, ପ୍ରଣମ କୁମାର ରାଉତ ଖରିଆର ଏଡିଜେ, ସରୋଜିନୀ ପତିଙ୍କୁ ଏସ୍.ସି. ଏବଂ ଏସ୍.ଟି (ପିଓ) ଆଇନ ଅନୁଯାୟୀ ସ୍ୱତନ୍ତ୍ର ଅଦାଲତର ପ୍ରିଜାଇଡିଂ ଅଫିସର, ଅଖିଳ କୁମାର ପଶ୍ଚିମକବାଟଙ୍କୁ ବୌଦ୍ଧ ଏଡିଜେ, ସ୍ରୋତସ୍ୱିନୀ କରଙ୍କୁ ନୀଳଗିରି (ନୂତନ) ଏଡିଜେ, ପ୍ରିୟରଞ୍ଜନ ମିଶ୍ରଙ୍କୁ କଟକ ଦ୍ୱିତୀୟ ଅତିରିକ୍ତ ଜିଲ୍ଲା ଜଜ୍, ଅଶୋକ କୁମାର ପହିଙ୍କୁ ବାଲେଶ୍ୱର ପରିବାର ଅଦାଲତ ବିଚାରପତି, ଅଞ୍ଜଳି କୁମାରୀ ପାଢ଼ୀଙ୍କୁ ବଲାଙ୍ଗିର ଦ୍ୱିତୀୟ ଅତିରିକ୍ତ ଜିଲ୍ଲାଜଜ୍, ରାଜକିଶୋର ଲେଙ୍କାଙ୍କୁ ଭୁବନେଶ୍ୱର ସିବିଆଇ. ଅଦାଲତ ନମ୍ବର-୨ ସ୍ୱତନ୍ତ୍ର ବିଚାରପତି ଓ ପ୍ରଭାକର ଗଛିଆଙ୍କୁ କୁଚିଣ୍ଡା ଏଡିଜେ ଭାବେ ଅବସ୍ଥାପିତ କରାଯାଇଛି। ଏ ସଂକ୍ରାନ୍ତରେ ଆଜି ହାଇକୋର୍ଟ ପକ୍ଷରୁ ଏକ ବିଜ୍ଞପ୍ତି ପ୍ରକାଶ ପାଇଛି।

## ନାବାଳିକା ଦୁଷ୍କର୍ମକାରୀକୁ ୨୦ବର୍ଷ ସଶ୍ରମ ଜେଲ୍

କଟକ,୧୪।୮ (ସମିସ): ଜନୈକା ନାବାଳିକା ଅପହରଣ ଓ ଦୁଷ୍କର୍ମ ଅଭିଯୋଗ ମାମଲାରେ ମାହାଙ୍ଗା ଥାନା ଅନ୍ତର୍ଗତ ଅଞ୍ଚଳର ରଞ୍ଜିତ ଜେନା ଓରଫ ବୁଟୁନା(୨୪)କୁ ୨୦ ବର୍ଷ ଜେଲ ଦଣ୍ଡ ପ୍ରଦାନ କରିଛନ୍ତି କଟକ ଅତିରିକ୍ତ ଦୌରା ଜଜ୍ ତଥା ସ୍ୱତନ୍ତ୍ର ପୋକସୋ ଅଦାଲତ । ଅଦାଲତ ଆଇପିସିର ଦଫା ୩୬୩, ୩୭୬(୩) ଓ ପୋକସୋ ଆଇନର ଧାରା ୪ରେ ରଞ୍ଜିତକୁ ଦୋଷୀ ସାବ୍ୟସ୍ତ କରି ଏହି ଦଣ୍ଡ ପ୍ରଦାନ କରିଛନ୍ତି। ଏଥି ସହିତ ପୀଡ଼ିତାଙ୍କୁ ୪ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବାକୁ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି। ମାମଲାରୁ ପ୍ରକାଶ ଯେ ଗତ ୨୦୨୩, ଡିସେମ୍ବର ୧୦ ତାରିଖ ଅପରାହ୍ନ ୪ଟାରେ ୧୩ ବର୍ଷିୟା ପୀଡ଼ିତା ଅନ୍ୟ ଜଣେ ସାଙ୍ଗ ସହିତ ଟିଉସନ ଯାଇ ଆଉ ଘରକୁ ନଫେରିବାରୁ ପରଦିନ ପୀଡ଼ିତାଙ୍କ ମା ସଦର ଥାନାରେ ଏ ନେଇ ଏତଲା ଦେଇଥିଲେ। ସଦର ଥାନା ପୁଲିସ ଏତଲା ପଞ୍ଜୀକରଣ କରିବା ପରେ ତଦନ୍ତ ସମୟରେ ପୀଡ଼ିତାଙ୍କୁ ଉଦ୍ଧାର କରିଥିଲା। ପୀଡ଼ିତାଙ୍କୁ ରଞ୍ଜିତ ଅପହରଣ କରିବା ପରେ ଏକ ସ୍ଥାନରେ ରଖି ଦୁଷ୍କର୍ମ କରିଥିବା ତଦନ୍ତ ବେଳେ ଜଣା ପଡ଼ିଥିଲା। ପୁଲିସ ରଞ୍ଜିତକୁ ଗିରଫ କରିଥିଲା ବେଳେ ଗତ ୨୦୨୪, ମାର୍ଚ୍ଚ ୧୪ରେ ଅଭିଯୁକ୍ତ ବିରୋଧରେ ଅଦାଲତରେ ଚାର୍ଜସିଟ ଦାଖଲ କରିଥିଲା। ଏହି ମାମଲାରେ ମେ ୮ରେ ଅଭିଯୁକ୍ତଙ୍କ ବିରୋଧରେ ଅଦାଲତ ଚାର୍ଜଫ୍ରେମ କରିଥିଲେ। ଅଦାଲତରେ ମାମଲାର ଶୁଣାଣି ବେଳେ ପୀଡ଼ିତା, ଏତଲାକାରୀଙ୍କ ସମେତ ୯ ଜଣଙ୍କ ପ୍ରସିକ୍ୟୁସନ ତରଫରୁ ସାକ୍ଷ୍ୟ ଗ୍ରହଣ କରାଯାଇଥିଲା।ୟ ସରକାରଙ୍କ ତରଫରୁ ସ୍ୱତନ୍ତ୍ର ପବ୍ଲିକ ପ୍ରସିକ୍ୟୁଟର ରମେଶ ଚନ୍ଦ୍ର ମହାନ୍ତି ମାମଲା ପରିଚାଳନା କରୁଥିଲେ।

## ନୂଆଖାଇଁ ପର ଦିନ ହାଇକୋର୍ଟ ଛୁଟି

କଟକ, ୧୪।୮ (ସମିସ): ଅଗଷ୍ଟ ୨୯ ତାରିଖ ଶୁକ୍ରବାର ଦିନ ହାଇକୋର୍ଟ ଛୁଟି ରହିବ। ନୂଆଁଖାଇ ପର ଦିନ ଅଗଷ୍ଟ ୨୯ ତାରିଖକୁ ହାଇକୋର୍ଟ ପକ୍ଷରୁ ଛୁଟି ଭାବେ ଘୋଷଣା କରାଯାଇଛି। ଏହା ବଦଳରେ ସେପ୍ଟେମ୍ବର ୨୦ ତାରିଖ ଶନିବାରକୁ ହାଇକୋର୍ଟ ପାଇଁ କାର୍ଯ୍ୟ ଦିବସ ଭାବେ ଘୋଷଣା କରାଯାଇଛି। ଏ ନେଇ ଆଜି ହାଇକୋର୍ଟ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଏଠାରେ ଉଲ୍ଲେଖଯୋଗ୍ୟ, ଗଣେଶ ପୂଜା ଓ ନୂଆଁଖାଇ ପାଇ ଅଗଷ୍ଟ ୨୭ ଓ ୨୮ ତାରିଖ ହାଇକୋର୍ଟ ଛୁଟି ଥିଲା।

## ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ସହ ଗଣଶିକ୍ଷା ସଚିବଙ୍କ ଆଲୋଚନା

ଭୁବନେଶ୍ୱର, ୧୪।୮ (ସମିସ): ଶିକ୍ଷା ଓ ଶିକ୍ଷକଙ୍କ ବିଭିନ୍ନ ସମସ୍ୟା ନେଇ ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ସହିତ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସଚିବ ଶାଳିନୀ ପଣ୍ଡିତ ଆଜି ଆଲୋଚନା କରିଛନ୍ତି। ଆଲୋଚନା ମଧ୍ୟରେ ୨୦୦୪ ରୁ ୨୦୧୪ ମଧ୍ୟରେ ନିଯୁକ୍ତ ଶିକ୍ଷକଙ୍କ ୬ ବର୍ଷର ଚୁକ୍ତି ଅବଧିକୁ ନିୟମିତ ଭାବେ ଗଣନା କରି ୬ଟି ନେସନାଲ୍ ଇନ୍‌କ୍ରିମେଣ୍ଟ ପ୍ରଦାନ କରିବା ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯାଇଛି। ଏହାପରେ ଅର୍ଥ ବିଭାଗର ଅନୁମୋଦନ ପାଇଁ ପଠାଯିବ ବୋଲି ସଚିବ କହିଛନ୍ତି। ସେହିପରି ୧୯୯୩ ମସିହା କ୍ୟାଡର୍ ଉଚ୍ଛେଦ କରିବା ପାଇଁ ଡ୍ରାଫ୍ଟ କାର୍ଯ୍ୟ ସରିଛି; ଖୁବ୍‌ଶୀଘ୍ର ସମସ୍ତ ଟିଜି, ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକଙ୍କ ପାଇଁ ଏକାବେଳେ ଲାଗୁ କରାଯିବ। ବିଶେଷ କରି ହିନ୍ଦୀ ଓ ସଂସ୍କୃତ ଶିକ୍ଷକମାନେ ମଧ୍ୟ ପ୍ରଧାନ ଶିକ୍ଷକ ହୋଇପାରିବେ ବୋଲି ସଚିବ ସୂଚନା ଦେଇଥିବା ସଂଘ ପକ୍ଷରୁ କୁହାଯାଇଛି। ଅନୁରୂପ ଭାବେ ପ୍ରୋମସନ୍ ପାଇଁ ଗ୍ରେଡେସନ୍ ଲିଷ୍ଟ ଦୁଇସପ୍ତାହ ମଧ୍ୟରେ ପ୍ରକାଶ ପାଇବ। ବଦଳି ସୁବିଧା ଯଥା ଟିଜି, ହିନ୍ଦୀ, ସଂସ୍କୃତ ଏବଂ ଶାରୀରିକ ଶିକ୍ଷା ଶିକ୍ଷକଙ୍କ ଦମ୍ପତି ବଦଳି, ଏକାଧିକ ଥର ସହମତି ବଦଳିକୁ ଅଗ୍ରାଧିକାର ଦିଆଯିବ। ସ୍ୱାସ୍ଥ୍ୟ ବୀମା ପ୍ରଦାନ ସହ ୨୦୧୬ ବ୍ୟାଚ୍ ଶିକ୍ଷକଙ୍କ ବକେୟା ପାଉଣା, ଓଏସ୍‌ଏସ୍‌ଟିଇଟି ପାସ୍ କରିଥିବା ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ନିୟମିତ କରିବା, ଟିଜି ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ୪୬୦୦ ଗ୍ରେଡ୍ ପେ, ବିଏ ବିପିଇଡି ଓ ସିପିଇଡି ଉତ୍ତୀର୍ଣ୍ଣଙ୍କୁ ୪୨୦୦ ଗ୍ରେଡ୍ ପେ ସହ ପୁରୁଣା ପେନସନ୍ ପରି ମୋଟ୍ ୧୩ଟି ଦାବି ଉପରେ ଆଲୋଚନା ହୋଇଥିବା ସଙ୍ଘର ସଭାପତି ପ୍ରଦୀପ୍ତ କୁମାର ପ୍ରଧାନ ସୂଚନା ଦେଇଛନ୍ତି। ଆଲୋଚନାରେ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ବୀରେନ୍ଦ୍ର କେରକେରାଙ୍କ ସମେତ ସଂଘର ସମ୍ପାଦକ ଅମରେନ୍ଦ୍ର ସ୍ୱାଇଁ, ମହାସଚିବ ବିଶ୍ୱଜିତ ବିଶ୍ୱାଳ ଓ ବହୁ ଅଧିକାରୀ ଉପସ୍ଥିତ ଥିଲେ।

## ମେଟ୍ରୋ ପ୍ରକଳ୍ପ ପାଇଁ ଦିଆଯିବ କେନ୍ଦ୍ରକୁ ପ୍ରସ୍ତାବ

ଭୁବନେଶ୍ୱର, ୧୪।୮ (ସମିସ): ରାଜ୍ୟରେ ମେଟ୍ରୋ ପ୍ରକଳ୍ପ ନିର୍ମାଣ ପାଇଁ କେନ୍ଦ୍ରକୁ ଦିଆଯିବ ପ୍ରସ୍ତାବ। କେନ୍ଦ୍ର ସରକାରଙ୍କ ସହଯୋଗରେ ନିର୍ମାଣ ହେବ ମେଟ୍ରୋ। ଏହାସହ ପ୍ରକଳ୍ପ ଆଗକୁ ନେବାକୁ ଏକ ବିସ୍ତୁତ ଗତିଶୀଳ ଯୋଜନା ପ୍ରସ୍ତୁତ କରାଯିବ। ନୂଆ ଢାଞ୍ଚାରେ ଏକ ଟେକ୍ନିକାଲ କମିଟି ଗଠନ ହେବ। ଏହି କମିଟିର ସଦସ୍ୟମାନେ ବିଭିନ୍ନ ରାଜ୍ୟରେ ଚାଲୁଥିବା ମେଟ୍ରୋ ପ୍ରକଳ୍ପ ବୁଲି ଦେଖିବେ। ଏହି ଅନୁଯାୟୀ ରିପୋର୍ଟ ପ୍ରସ୍ତୁତ କରାଯିବ। ଏହାପରେ ରିପୋର୍ଟ ଆଧାରରେ ମେଟ୍ରୋ ପ୍ରକଳ୍ପକୁ ନେଇ ସରକାର ପଦକ୍ଷେପ ନେବେ ବୋଲି ମନ୍ତ୍ରିସ୍ତରୀୟ ସବ୍-କମିଟି ବୈଠକରେ ନିଷ୍ପତ୍ତି ନିଆଯାଇଛି। ବୈଠକରେ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂଦେଓ ଓ କେନ୍ଦ୍ର ଗୃହ ନିର୍ମାଣ ଏବଂ ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ନଗର ଉନ୍ନୟନ ମନ୍ତ୍ରୀ ଶ୍ରୀ ମହାପାତ୍ର କହିଛନ୍ତି, ନୂଆ ଢାଞ୍ଚାରେ ଏକ ଟେକ୍ନିକ୍‌କାଲ କମିଟି ଗଠନ ହେବ। ଏଥିରେ ଅଧିକାରୀମାନଙ୍କ ସମେତ ଏକ୍ସପର୍ଟ ରହିବେ। ପ୍ରକଳ୍ପ ନିର୍ମାଣ ସମ୍ପର୍କରେ ଲୋକଙ୍କ ସମେତ ବୁଦ୍ଧିଜୀବୀ ଏବଂ ଗଣମାଧ୍ୟମ ପ୍ରତିନିଧି ମତାମତ ସଂଗ୍ରହ କରାଯିବ। କେଉଁଠି ଷ୍ଟେସନ ନିର୍ମାଣ ହେବ, କେଉଁଠି ପାର୍କିଂ କରାଯିବ, ସେଥିପାଇଁ କମିଟି ସ୍ଥିର କରିବ। ଅନ୍ୟପକ୍ଷରେ ଉପମୁଖ୍ୟମନ୍ତ୍ରୀଙ୍କ ମେଟ୍ରୋ ସମ୍ପର୍କିତ ବୟାନ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ଶ୍ରୀ ସିଂଦେଓ ମେଟ୍ରୋ ନିର୍ମାଣ ପାଇଁ ବୈଠକରେ ବସିଥିଲେ। ସହରଗୁଡ଼ିକରେ ମେଟ୍ରୋ କ୍ଷତିରେ ଚାଲୁଛି ବୋଲି କହିଥିଲେ। ମେଟ୍ରୋକୁ ସେତିକି ଯାତ୍ରୀ ଆସୁନାହାନ୍ତି, ଏଣୁ ସରକାରଙ୍କୁ କ୍ଷତିଭରଣା କରିବାକୁ ପଡୁଛି ବୋଲି ସେ କହିଥିଲେ। ଟେକ୍ନିକାଲ କମିଟି ଏସବୁକୁ ଅନୁଧ୍ୟାନ କରିବ। ଏହାପରେ ନିଷ୍ପତ୍ତି ନିଆଯିବ।

### ଗଠନ ହେଲା ସ୍ୱତନ୍ତ୍ର ଟେକ୍ନିକାଲ କମିଟି

ସୂଚନାଯୋଗ୍ୟ, ରାଜ୍ୟରେ ମେଟ୍ରୋ ପ୍ରକଳ୍ପ ନିର୍ମାଣକୁ ନେଇ ବହୁବାର କେନ୍ଦ୍ରକୁ ପ୍ରସ୍ତାବ ଦିଆଯାଇଥିଲା। ହେଲେ ଏହାକୁ ବହୁବାର କେନ୍ଦ୍ର ସରକାରଙ୍କ ସହଯୋଗ ମିଳିନଥିଲା। ଏଣୁ ରାଜ୍ୟ ସରକାର ନିଜ ଖର୍ଚ୍ଚରେ ମେଟ୍ରୋ ନିର୍ମାଣ କରିବାକୁ ନିଷ୍ପତ୍ତି ନେଇଥିଲେ। ଏଥିପାଇଁ ଏକ ଟିମ୍ ବିଭିନ୍ନ ସ୍ଥାନ ପରିଦର୍ଶନ କରି ରିପୋର୍ଟ ଦେଇଥିଲା।


GOVT OF ODISHA O-564

OFFICE OF THE SUPERINTENDING ENGINEER, RURAL WORKS DIVISION, NAYAGARH

At/Po- Nabaghanpur, Dist.- Nayagarh, ph-06753-252049, Email: nayagarhrw2006@yahoo.in

No. Tender Online Nayagarh Divn. 03/2025-26, Date 06.08.2025

e-Procurement Notice

1. Name of the work : Building works.
2. Total No. of Projects : 05(Five) Nos of projects
3. Class of contractor
   a) Estimated cost above Rs. 20.00 Lakhs & up to Rs.3.00 Crore — B Class ( of Odisha PWD) or relevant class of other licensing authorities.
   b) Estimated cost up to Rs. 40.00 Lakhs — C Class( of Odisha PWD) or relevant class of other licensing authorities
   c) Estimated cost up to Rs. 20.00 Lakhs — D Class ( of Odisha PWD) or relevant class of other licensing authorities.
4. Estimated cost put to tender: Rs.13.12 Lakhs to Rs.24.70 lakhs
5. Time for completion : 04(Four) & 03(Three) calendar month.
6. Other details

| Procurement Officer | Bid Identification No. | Availability of Tender on-line for bidding | | Date & Time of opening of tender |
|---|---|---|---|---|
| | | From | To | |
| 1 | 2 | 3 | 4 | 5 |
| Superintending Engineer, Rural Works Division, Nayagarh | No:-Tender – Online – Divn. NAYAGARH – 03/2025-26 | 21.08.2025 at 10.00 A.M | 04.09.2025 upto 5.30 P.M. | 06.09.2025 at 11.00 A.M. |

Further details can be seen from the website www.tendersorissa.gov.in

OIPR-25106/11/0031/2526

Executive Engineer
Rural Works Division, Nayagarh



**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.08.2025, I Lily Raj resident of Suliapada, Guhaldiha, Po- Baghra, Dist-Mayurbhanj, Odisha, PIN-757022, declare that I have changed my name from Lily Majhi to Lily Raj. Henceforth I shall be known as **LILY RAJ** for all purposes.

**AFFIDAVIT**

By virtue of an affidavit before Executive Magistrate, Cuttack, Odisha.I, Adaitya Kumar Sahoo, S/o- Late Krushna Chandra Sahoo, Plot No-307/487, Paradipgarh, Jagatsinghpur, stated that in the MBPY book my name wrongly mentioned as Adwaita Sahoo instead of Adaitya Kumar Sahoo. So I declared by this affidavit dated 11 Aug 2025, Adwaita Sahoo and Adaitya Kumar Sahoo is one and same person. I shall be known as Adaitya Kumar Sahoo for all further purposes.

Sd/-Adaitya Kumar Sahoo.

**AFFIDAVIT**

By virtue of an affidavit sworn before Executive Magistrate, Angul on dtd.02. 08.2025, I Shreekanta Tripathy, S/o- Sheshadev Tripathy, At/Po./Ps./Dist.- Balangir- 767001 state that, I have changed my name from **Shrikant Tripathy** to **Shreekanta Kumar Tripathy**. Hence I shall be known as **Shreekanta Kumar Tripathy** for all future purposes.

**Notice (for Minor)**

By virtue of an affidavit sworn before Executive Magistrate, Begunia, dated 31.07.2025 I, Balaji Sahoo, Address At-Bagalpur,Po-Chakapada,Ps-Begunia,Dist-Khurda,Pin-752062 declare that I have changed the name of my son from Abhikit Sahoo to Abhijit Sahoo. Henceforth, he shall be known as Abhijit Sahoo for all purposes.

Balaji Sahoo

**AFFIDAVIT**

I, Shek Azad, S/o- Sk Akbar, resident of At-Kanheipur, Po-Bhagatpur, Kotasahi, Dist- Cuttack, PIN-754022, Odisha declared by this affidavit No. 649, dtd-12/08/2025 that now onwards I shall be known as **SK AZAD** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, PURI, dated 11/08/2025. I P.SONY RAO, Address JARAKATA SAHI,PURI declare that I have changed the name of my daughter from P.AISHWARAYA RAO to P NIHARIKA Henceforth,she shall be known as **P NIHARIKA** for all purposes.

P NIHARIKA

**AFFIDAVIT**

By virtue of an affidavit sworn before Executive Magistrate Bhubaneswar, Affidavit No-103, on dated 11.08.2025, I Rama Krushna Padhy resident of S-3/563, Niladri Vihar, Near Pump House, Chandrasekharpur, Bhubaneswar, Dist- Khurdha, Odisha, PIN-751021, declare that I have changed the name of my Son from Ayusman Padhy to Ayushman Padhy . Henceforth, he shall be known as **AYUSHMAN PADHY** for all future purposes.

**AFFIDAVIT**

I, Shek Akbar, S/o- Sk Abdul Jabar, resident of Haladidiha, Bhadrak, Dist- Bhadrak, PIN-756100, Odisha declared by this affidavit No. 653, dtd-13/08/2025 that now onwards I shall be known as **SK AKBAR** for all future purposes.

**AFFIDAVIT**

By virtue of an affidavit Sl No. 466, dtd- 5/8/2025 before the Executive Magistrate, Bisoi, Mayurbhanj. I, Saibu Soren, S/o Prasad Soren, resident of Vill-Jodia, Po- Sunajodia Ps- Bisoi, Dist- Mayurbhanj declare that in my Aadhar Card No. 7549 9427 5848 my name has been wrongly mentioned as Sana Saibu Soren instead of Saibu Soren. Now I want to change my name in the said Aadhaar Card. Henceforth, I am known as **Saibu Soren** in all purposes.

**AFFIDAVIT**

I, Kalandi Charan Sahoo, S/o- Pahali Sahoo, resident of Alana, Alanahat, Naugaon, Dist-Jagatainghpur, PIN-754107, Odisha declared by this affidavit No. 650, dtd- 12/08/2025 that now onwards I shall be known as **KALANDI SAHOO** for all future purposes.

**AFFIDAVIT**

I, Pritishree Chuadhary, D/o- Ramesh Chandra Panda, resident of H.N-81, Ramahari Nagar 2nd lane, Near Jenana Hospital, Brahmapur Sadar, Po-Berhampur, Dist- Ganjam, PIN- 760001, Odisha declared by this affidavit No. 654, dtd- 13/08/2025 that now onwards I shall be known as **PRITISHREE PANDA** for all future purposes.

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.08.2025, I Anu Nayak resident of Harijana Basti, Near Durga Mandap, Unit-6, Bhubaneswar, Dist- Khorda, Odisha, PIN-751001, declare that I have changed my name from Anu Dei to Anu Nayak. Henceforth I shall be known as **ANU NAYAK** for all purposes.

**AFFIDAVIT**

By virtue of an affidavit sworn before Executive Magistrate, Umerkote, Nabarangpur, I Chinmayi Bachhar, W/o- Sekhar Bachhar resident of Vill.- Anchala, Po.- Ekamba, Ps.- Umerkote, Dist.- Nabarangpur, Odisha state that, I have changed my name from **CHINMAYEE BAIDYA** to **CHINMAYI BACHHAR**. Hence I shall be known as **Chinmayi Bachhar** for all future purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated-10/08/2025. I, **Laxmipriya Sahoo** (new name) formerly called as **Rajani Sahu** (old name), W/o Bijaya Sahoo, Permanent resident of At-Habaleswar, P.O. Dimiria, P.S. Nandipada, Dist- Keonjhar (Odisha), PIN- 756121 now residing at the same place affirm that I have changed my name from **Rajani Sahu** (old name) to **Laxmipriya Sahoo** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Laxmipriya Sahoo** (new name).

Laxmipriya Sahoo

**AFFIDAVIT**

I, Kala Das Mohapatra, W/o – Lalatendu Das Mohapatra, resident of 35, Park Tower Apartment, Unit 6, Bhubaneswar-751001 declare by this affidavit No 21 dated 6.8.2025 that now onwards I shall be known as Kala Pattnaik for all future purposes.

**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ. ST-OT-AMC-MSDAC-487, ତା.07.08.2025ରିଖ

କାର୍ଯ୍ୟର ନାମ : 36 ମାସ ନିମନ୍ତେ SIEMENS ଦ୍ୱାରା ନିର୍ମିତ ମଲ୍ଟି ସେକ୍ସନ ଡିଜିଟାଲ ଏକ୍ସିଲ କାଉଣ୍ଟର ନିମନ୍ତେ ବ୍ୟାପକ ବାର୍ଷିକ ରକ୍ଷଣାବେକ୍ଷଣ ଚୁକ୍ତି ।

ଟେଣ୍ଡର ମୂଲ୍ୟ (₹) : 70,51,290.12, EMD (₹): 1,41,000.00, ଟେଣ୍ଡର ନଥିପତ୍ରର ମୂଲ୍ୟ (₹) : 5,900.00 ।

ବିଡ୍ ଆରମ୍ଭ ହେବା ତାରିଖ : ତା.15.08.2025ରିଖ, ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା.29.08.2025 ରିଖ 1100 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ: ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି ।

ବରିଷ୍ଠ ମଣ୍ଡଳ ସଂକେତ ଏବଂ ଦୂରସଂଚାର ଯନ୍ତ୍ରୀ, ଖୋର୍ଦ୍ଧା ରୋଡ୍

PR-468/Q/25-26

**AFFIDAVIT**

I, Sanatana Sethi, age about 49 years, S/o- Nirakar Sethi, resident of Plot No. 173, Nuasahi, Siripur, Near City Womens College, Bhubaneswar, Dist-Khordha, PIN- 751003, Odisha declared by this affidavit No. 1633, dated-13.08.2025 that now onwards I shall be known as **SANATAN SETHI** for all future purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated-04/08/2025. I, **Jhara Rana** (new name) formerly called as **Tilattama Rana** (old name), W/o Tulasiram Rana, Permanent resident of At-Patharla, P.O. Kholan, P.S. Titilagarh, Dist- Balangir (Odisha), PIN- 767066 now residing at the same place affirm that I have changed my name from **Tilattama Rana** (old name) to **Jhara Rana** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Jhara Rana** (new name).

Jhara Rana

# ଶୁଣିଲାନି ପ୍ରଶାସନ / ନିଜସ୍ୱ ଉଦ୍ୟମରେ କାଠ ପୋଲ ତିଆରି କଲେ ଗ୍ରାମବାସୀ

ତୁରୁମୁଙ୍ଗା,୧୪।୮ (ସମିସ): ଲଗାଣ ବର୍ଷାରେ ନାଳ ଉପରେ ଥିବା ପୋଲ ଭାଙ୍ଗିଯିବା ପରେ ଗ୍ରାମବାସୀ ପଞ୍ଚାୟତ ଠାରୁ ଆରମ୍ଭ କରି ବ୍ଲକ ପ୍ରଶାସନ, ସହ ବିଧାୟକଙ୍କୁ ନୂତନ ପୋଲଟିଏ ନିର୍ମାଣ ପାଇଁ ବାରମ୍ବାର ଗୁହାରି କରିଥିଲେ। ହେଲେ ଏନେଇ କେହି କର୍ଣ୍ଣପାତ କରି ନଥିବାରୁ ଶେଷରେ ନିଜସ୍ୱ ଉଦ୍ୟମରେ ନାଳ ଉପରେ ଅସ୍ଥାୟୀ କାଠ ପୋଲ ତିଆରି କରିଛନ୍ତି ଗ୍ରାମବାସୀ। ସରକାରୀ କଳ ଉପରୁ ଭରସା ତୁଟାଇ କାଠ, ଡାଳ, ବସ୍ତା ଆଉ ମୋରମ ଦ୍ୱାରା ପୋଲ ତିଆରି କରିଛନ୍ତି। କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ସୋରାସକେଲା ପଞ୍ଚାୟତର ଶାଳଧର ଗ୍ରାମଠାରୁ ବାଉଁଶଡିହା ସାହିଦେଇ ସୋରାସକେଲା ପଞ୍ଚାୟତ ମୁଖ୍ୟାଳୟକୁ ସଂଯୋଗ କରୁଥିବା ଏହି ରାସ୍ତାର ନାଳ ଉପରେ ଥିବା ପୋଲଟି ଲଗାଣ ବର୍ଷା ଯୋଗୁଁ



୪ ବର୍ଷ ତଳେ ଭୁଶୁଡି ପଡିଥିଲା। ଫଳରେ ଉଭୟ ଗ୍ରାମରେ ବସବାସ କରୁଥିବା ୨୦୦ରୁ ଊର୍ଦ୍ଧ୍ୱ ପରିବାର ଲୋକେ ପଞ୍ଚାୟତ କାର୍ଯ୍ୟାଳୟକୁ ରାସନ ଚାଉଳ ସହ ଛାତ୍ରଛାତ୍ରୀ ସ୍କୁଲ ଯିବାକୁ ଅସୁବିଧାରେ ସମ୍ମୁଖିନ ହେଉଥିଲେ। ଦେଢ଼ କିଲୋମିଟର ରାସ୍ତା ବଦଳରେ ୪ରୁ ୫ କିଲୋମିଟର ବୁଲି ଯାଉଥିଲେ। ପ୍ରଶାସନ ପୋଲ ନିର୍ମାଣ ପାଇଁ କୌଣସି ପଦକ୍ଷେପ ନେଇ ନଥିବାରୁ ଲୋକେ ବାଧ୍ୟ ହୋଇ ନାଳ ଉପରେ କାଠଗଣ୍ଡି, ଡାଳ ବସ୍ତାଦେଇ ତା ଉପରେ ମୋରମ ପକାଇ ସମତୁଲ କରି ସାଇକଲ ଓ ବାଇକ୍ ଯିବା ପାଇଁ ଅସ୍ଥାୟୀ କାଠ ପୋଲ ତିଆରି କରିଛନ୍ତି। ଏହି କାଠ ପୋଲ ଦ୍ୱାରା ପଞ୍ଚାୟତ ମୁଖ୍ୟାଳୟ ସହ ବିଦ୍ୟାଳୟକୁ ଛାତ୍ରଛାତ୍ରୀ ମାନେ ଯିବାକୁ ସହଜ ହେବ ବୋଲି କହିଛନ୍ତି ଗ୍ରାମବାସୀ।

● ବିନା ଅନୁମତିରେ ସଂରକ୍ଷିତ ଜଙ୍ଗଲରେ କାରଖାନା

## ଜଙ୍ଗଲରେ ଶହ ଶହ ଟ୍ରିପ୍ ଗଚ୍ଛିତ ବେଆଇନ ଖଣିଜ କାହାର?

କେନ୍ଦୁଝର,୧୪।୮ (ସମିସ): କେନ୍ଦୁଝର ବନଖଣ୍ଡ ସଦର ବନାଞ୍ଚଳ ନାରଣପୁର ସେକ୍ସନ ଯମୁନାଳିଆ ମୌଜାର ସଂରକ୍ଷିତ ଜଙ୍ଗଲ ମଧ୍ୟରେ ଶହ ଶହ ଟ୍ରିପ ତଥା କୋଟି କୋଟି ଟଙ୍କା ମୂଲ୍ୟର ବେଆଇନ ଗଚ୍ଛିତ ପାଇରୋଫ୍ଲାଇଟ ଏବଂ କ୍ୟୁଆରଯାଇଟ କାହାର ଏବଂ ବିନା ଅନୁମତିରେ ଠୁଳ କରିବାକୁ ଅନୁମତି କିଏ ଦେଇଛି ତାକୁ ନେଇ ଏବେ ପ୍ରଶ୍ନ ଉଠିଛି। ସୂଚନାନୁଯାୟୀ, ଜାମୁନାଳିଆ ମୌଜା ଖାତା ନମ୍ବର ୫୫/୯୦ରେ ୫୦ ଡେସିମିଲ ପରିମିତ ଏକ ଘରବାରୀ ଜମି ରହିଛି। ଏହାର ପଟ୍ଟାଧାରୀ କେନ୍ଦୁଝର ଆଗ୍ରୋ ମିନିରାଲ ପ୍ରୋସେସିଂ ପ୍ରାଇଭେଟ ଲିମିଟେଡ ଅଟନ୍ତି। କିନ୍ତୁ ଘରବାରୀ ପାଇଁ ଉଦିଷ୍ଟ ଉକ୍ତ ଜମିରେ କାରଖାନା ତିଆରି ହୋଇଛି। ଏହା କିପରି ଓ କାହା କଥାରେ କାରଖାନା ନିର୍ମାଣ ହୋଇଛି ତାକୁନେଇ ପ୍ରଶ୍ନ ଉଠିଲାଣି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ଏହାଯେ ସମ୍ପୃକ୍ତ ପ୍ଲାଣ୍ଟ କର୍ତ୍ତୃପକ୍ଷ କାରଖାନା ପାଇଁ ନିଜ ନାମରେ ଥିବା ୫୦ ଡେସିମିଲ ଘରବାରୀ ଜମିକୁ ବ୍ୟବହାର କରିବା ସହିତ ନିକଟରେ ଥିବା ଅନ୍ୟୁନ ୨ ଏକର ସଂରକ୍ଷତ ଜଙ୍ଗଲ ଜମିକୁ ବିନା ଅନୁମତିରେ ନିଜ ଅକ୍ତିୟାର ଭିତରେ ରଖି କାରଖାନା ସ୍ଥାପନ କରି ଲକ୍ଷ ଲକ୍ଷ ଟଙ୍କା ମୁନଫା କମାଇ ଚାଲିଛନ୍ତି ବୋଲି ଅଭିଯୋଗ ହେଉଛି। ଅଳ୍ପ ଦୂରରେ ବନବିଭାଗ କାର୍ଯ୍ୟାଳୟ ଥାଇ କିପରି ଜାଣି ପାରୁନାହାନ୍ତି ତାହା ସନ୍ଦେହ ସୃଷ୍ଟି କରୁଛି। ବଡ଼ କଥା ହେଲା କର୍ତ୍ତୃପକ୍ଷ କୋଟି କୋଟି ଟଙ୍କା ମୂଲ୍ୟର ଖଣିଜ କିପରି ଜଙ୍ଗଲ ଜମିରେ ମହଜୁଦ କରି ରଖିଛନ୍ତି କେହି ଜାଣୁନାହାନ୍ତି ତାହା ସଂଶୟ ସୃଷ୍ଟି କରୁଛି। କାରଖାନା ଜମି ୨୦୧୯ରୁ ଘରବାରୀ କିସମ ହେଲାଣି। ଘରବାରୀ ପାଇଁ ଉଦିଷ୍ଟ ଜମିରେ କାରଖାନା କିପରି ସ୍ଥାପିତ ହୋଇଛି ଜଣାନାହିଁ। କମ୍ପାନୀ ମାଲିକ ଏଠାରେ ମାସକୁ ୬୦୦ ଟନ ପାଇରୋଫ୍ଲାଇଟ, ୩୦୦୦ ଟନ କ୍ୟୁଆରଯାଇଟ ପଥରକୁ ଗୁଣ୍ଡ କରି ପକେଟ ମାଧ୍ୟମରେ ପଶ୍ଚିମବଙ୍ଗ ଓ ଓଡ଼ିଶାର ବିଭିନ୍ନ ସ୍ଥାନକୁ ପଠାଇ ମୁନାଫା କମାଇ ଚାଲିଛନ୍ତି; ହେଲେ କହିବାକୁ କେହିନାହିଁ। ଅନ୍ୟପକ୍ଷରେ ଏଠାରେ କାମ କରୁଥିବା ଗରିବ ଶ୍ରମିକ ମାନଙ୍କୁ ଠିକ ମଜୁରୀ ନଦେବା, ସେମାନଙ୍କ ସୁରକ୍ଷାକୁ ଗୁରୁତ୍ୱ ନଦେବା ପ୍ରଭୃତି କାମକରୀ ମାଲିକ ସେମାନଙ୍କୁ ଶୋଷଣ କରୁଥିବା ଅଭିଯୋଗ ହେଉଛି। ଜଙ୍ଗଲ ମଧ୍ୟରେ ବେଆଇନ ଖଣିଜ ଠୁଳ ସମ୍ପର୍କରେ କେନ୍ଦୁଝର ଡିଏଫ ଓ ଧନରାଜ ଏଚଡ଼ିଙ୍କୁ ପଚାରିବାରୁ ସଠିକ ତଥ୍ୟ ମିଳିଲେ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି କହିଥିବା ବେଳେ ରାଜସ୍ୱ ବିଭାଗ, ଜଙ୍ଗଲ ବିଭାଗ, ଖଣି ବିଭାଗ ଏବଂ ଶ୍ରମ ବିଭାଗ ଏଭଳି ବେଆଇନ କାର୍ଯ୍ୟ କରୁଥିବା କାରଖାନା ମାଲିକଙ୍କ ବିରୁଧରେ କି କାର୍ଯ୍ୟାନୁଷ୍ଠାନ ନେଉଛନ୍ତି ଦେଖିବାକୁ ବାକି ରହିଲା।




## ଅମଲା ସଂଘର ଆନ୍ଦୋଳନକାରୀଙ୍କୁ ଭେଟିଲେ ବିଧାୟକ



ଆନନ୍ଦପୁର,୧୪।୮ (ସମିସ): ଓଡ଼ିଶା ରାଜସ୍ୱ ଅମଲା ସଂଘର ନିଷ୍ପତ୍ତି ଅନୁସାରେ ଆନନ୍ଦପୁରରେ ରାଜସ୍ୱ ଅମଲା ପକ୍ଷରୁ ହୋଇଥିବା କାର୍ଯ୍ୟ ବନ୍ଦ ଆନ୍ଦୋଳନ ଆଜି ଚତୁର୍ଥ ଦିନରେ ପହଁଚିଛି। ଆନନ୍ଦପୁର ବିଧାୟକ ଅଭିମନ୍ୟୁ ସେଠୀ ଧାରଣାସ୍ଥଳରେ ଉପସ୍ଥିତ ହୋଇ ଅମଲାମାନଙ୍କୁ ସମବେଦନା ଜଣାଇଛନ୍ତି। ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଗୌରାଙ୍ଗ ଜେନା ଓ ପ୍ରସନ୍ନ ରାମ ବିଧାୟକ ଶ୍ରୀ ସେଠୀଙ୍କୁ ନିଜର ଦଶଦଫା ଦାବି ପୂରଣ ହେବା ଦିଗରେ ସରକାରଙ୍କ ଦୃଷ୍ଟି ଆକର୍ଷଣ ପାଇଁ ନିବେଦନ କରିଥିଲେ। ଆନ୍ଦୋଳନରେ ଆନନ୍ଦପୁର ଘସିପୁରା ହାଟଡିହି ବ୍ଲକ ତହସିଲ ଶିଶୁବିକାଶ ବିଭାଗ ଓ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ସାମିଲ ହୋଇଥିବାରୁ ସରକାରୀ କାର୍ଯ୍ୟରେ ବାଧା ସୃଷ୍ଟି ହୋଇଛି। ସାଧାରଣ ଲୋକେ ବିଭିନ୍ନ କାର୍ଯ୍ୟାଳୟରୁ ନିରାଶ ହୋଇ ଫେରିବା ଘଟଣାରେ ଅସନ୍ତୋଷ ପ୍ରକାଶ ପାଇଛି। ଆନ୍ଦୋଳନରେ ପଦ୍ମାଳୟା ସ୍ୱାଇଁ, ସୁବ୍ରତ ପଟ୍ଟନାୟକ, କ୍ଷୀରୋଦ ରାଉତ, ଶୁଭେନ୍ଦୁ ସାହୁ, ରମେଶ ସାହୁ, ସୁଭସ୍ମିତା ଜେନା, ଅଶୋକ ଷେଣ୍ଡେ, ଅଞ୍ଜଳି ସାହୁ, ମାନସ ଦାସ, ଅମିୟ ସାହୁ, ଭାଗ୍ୟଶ୍ରି ସେଠୀ, ଜଳି ଜେନା ପ୍ରମୁଖଙ୍କ ସହ ଉପ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସମସ୍ତ ରାଜସ୍ୱ ଅମଲା ସାମିଲ ହୋଇଛନ୍ତି।

## ଉପଖଣ୍ଡ ଡାକ୍ତରଖାନାରେ ଭାରପ୍ରାପ୍ତ ସୁପରିଟେଣ୍ଡେଣ୍ଟଙ୍କ ଦାୟିତ୍ୱ ଗ୍ରହଣ

ଆନନ୍ଦପୁର,୧୪।୮ (ସମିସ): ଡା. କୃଷ୍ଣଚନ୍ଦ୍ର ଦାଶ ଆନନ୍ଦପୁର ଉପଖଣ୍ଡ ଡାକ୍ତରଖାନାରେ ଭାରପ୍ରାପ୍ତ ସୁପରିଟେଣ୍ଡେଣ୍ଟ ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ପୂର୍ବରୁ ଥିବା ଡା. ଧନେଶ୍ୱର ସେଠୀଙ୍କ ଅନ୍ୟତ୍ର ବଦଳି ହୋଇଯିବା ପରେ ଡା. ଶ୍ରୀ ଦାଶଙ୍କୁ ଏପରି ଦାୟିତ୍ୱ



ଦିଆଯାଇଛି। ଆଜି ଶ୍ରୀ ଦାଶ ପ୍ରଥମେ ଡାକ୍ତରଖାନା ପରିସର ପରିଦର୍ଶନ କରିବା ପରେ ସଫେଇ ଓ ଅଳିଆ ଆବର୍ଜନା ପରିଚାଳନାର ତଦାରଖ କରିଥିଲେ। ସଫେଇ କର୍ମଚାରୀ ମାନଙ୍କୁ ପ୍ରତିଦିନ ଠିକଭାବେ ସଫେଇ କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।

## ମନ୍ଦିର ହୁଣ୍ଡିବାକ୍ସ ଭାଙ୍ଗି ଟଙ୍କା ଲୁଟ୍

ହାଟଡ଼ିହୀ,୧୪।୮ (ସମିସ): ବ୍ଲକ ତଥା ଆନନ୍ଦପୁର ଥାନା ଅଧୀନ ପଞ୍ଚୁଗୋଛିଆ ପଞ୍ଚାୟତ ତରଭା ଗ୍ରାମର ରାମମନ୍ଦିରରୁ ହୁଣ୍ଡିବାକ୍ସ ଭାଙ୍ଗି ଟଙ୍କା ଚୋରି ହୋଇଥିବା ଅଭିଯୋଗ ହୋଇଛି। ବିଳମ୍ବିତ ରାତିରେ କେହି ଦୁର୍ବୃତ୍ତ ମନ୍ଦିରର ମୁଖ୍ୟଫାଟକ ଚାବି ଭାଙ୍ଗି ହୁଣ୍ଡିବାକ୍ସରୁ ଟଙ୍କା ଲୁଟି ନେଇଛି। ଗତ ୨ବର୍ଷ ହେବ ହୁଣ୍ଡିବାକ୍ସ ଖୋଲା ଯାଇନଥିଲା। ତେବେ ଆନୁମାନିକ ଭାବେ ୫୦ରୁ ୬୦ହଜାର ଟଙ୍କା ଚୋରି ହୋଇଥିବା ନେଇ ସନ୍ଦେହ କରାଯାଇଛି। ଏନେଇ ମନ୍ଦିର କମିଟି ସଦସ୍ୟ ଦୀପକ ପଣ୍ଡା, ସତ୍ୟନାରାୟଣ ପତି, ଦିଲ୍ଲୀପ ପଣ୍ଡା, ପ୍ରଦୀପ ଦେବତା, ଦେବଦର୍ପଣ ନାୟକ ପ୍ରମୁଖ ଆନନ୍ଦପୁର ଥାନାରେ ଅଭିଯୋଗ କରାଯିବା ପରେ ପୁଲିସ ତଦନ୍ତ ଜାରି ରଖିଛି।

## ବନ୍ଦ ଘରୁ ମହିଳାଙ୍କ ମୃତଦେହ ଉଦ୍ଧାର

ଚମ୍ପୁଆ, ୧୪।୮ (ସମିସ): ଚମ୍ପୁଆ ଥାନା ଅଧୀନ ରାମଳା ଗ୍ରାମରେ ବନ୍ଦ ଘରୁ ଜଣେ ମହିଳାଙ୍କ ମୃତଦେହକୁ ପୁଲିସ ଉଦ୍ଧାର କରିଛି। ମୃତକ ହେଲେ ବାରିଆ ଥାନା ଅଧୀନ ବିରିକୁଆଁ ଗ୍ରାମର ସ୍ୱର୍ଗତ ବୃନ୍ଦାବନ ମହାନ୍ତଙ୍କ ପତ୍ନୀ ମଞ୍ଜୁଳା ମହାନ୍ତ। ମୃତକଙ୍କ ପୁଅ ରଞ୍ଜନ ମହାନ୍ତ ଚମ୍ପୁଆ ଥାନାରେ ଅଭିଯୋଗ ପରେ ପୁଲିସ ମାମଲା ରୁଜୁକରି ଶବ ଜବତ କରିବା ସହିତ ସାଇନଟିଫିକ ଟିମ ସହାୟତାରେ ତଦନ୍ତ ଆରମ୍ଭ କରିଛି ବୋଲି ଏସଡିପିଓ ରସ୍ମିରଂଜନ ସାହୁ ସୂଚନା ଦେଇଛନ୍ତି। ଅନ୍ୟ ପକ୍ଷରେ ବାରିଆ ପୁଲିସ ବୃନ୍ଦାବନ ମହାନ୍ତଙ୍କ ଝୁଲନ୍ତା ଅବସ୍ଥାରେ ମୃତଦେହକୁ ନିଜ ପୈତୃକ ଗୃହ ବିରିକୁଆଁରୁ ସକାଳେ ଉଦ୍ଧାର କରି ଅପମୃତ୍ୟୁ ମାମଲା ରୁଜୁକରି ଶବ ଜବତ କରିବା ସହ ପୋଷ୍ଟମଟମ କରାଇ ତଦନ୍ତ ଆରମ୍ଭ କରିଛି। ପୁଅ ରଂଜନ ଅଭିଯୋଗ ଅନୁସାରେ ୧୨/୮/୨୫ ରିଖଠାରୁ ମାଆ ନିଖୋଜ ଥିଲେ। ଆଜି ତାଙ୍କ ବାପାଙ୍କ ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକ ମଞ୍ଜୁଳାକୁ ଖୋଜି ନବନିର୍ମିତ ଘରୁ ତାଙ୍କ ମୃତଦେହ ପଡିଥିବା ଦେଖିବାକୁ ପାଇ ପୁଲିସକୁ ଖବର ଦେଇଥିଲେ। ସୂଚନା ଯୋଗ୍ୟକି ଉଭୟ ଶିକ୍ଷକ ଶିକ୍ଷୟିତ୍ରୀ ଭାବେ କାର୍ଯ୍ୟ କରିଆସୁଥିଲେ।

## ନାବାଳିକାକୁ ଦୁଷ୍କର୍ମ କରି ଫେରାର ଥିବା ଯୁବକ ଗିରଫ

ତୁରୁମୁଙ୍ଗା,୧୪।୮ (ସମିସ): କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ପୁଲିସ ନାବାଳିକାକୁ ଦୁଷ୍କର୍ମ କରି ଫେରାର ଥିବା ଯୁବକକୁ ଗିରଫ କରି କୋର୍ଟଚାଲାଣ କରିଛି। ଗିରଫ ଯୁବକ ହେଲେ ତୁରୁମୁଙ୍ଗା ଥାନା ଚାକୁଣ୍ଡାପାଳ ଗ୍ରାମର ମନୋଜ ବେହେରା (୨୯)। ଗତ ୨୦୨୩ ମସିହାରେ ଯୁବକ ଜଣେ ନାବାଳିକାକୁ ପ୍ରେମ ଜାଲରେ ଫସେଇ ବିବାହର ପ୍ରତିଶ୍ରୁତି ଦେଇ ଶାରିରୀକ ସମ୍ପର୍କ ରଖିଥିଲା। ପରବର୍ତ୍ତୀ ସମୟରେ ବିବାହ କରିବା କୁ ମନା କରିଦେବାରୁ ନାବାଳିକାର ପରିବାର ଲୋକେ ତୁରୁମୁଙ୍ଗା ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗ ପରେ ଯୁବକ ଜଣଙ୍କ ଫେରାର ହୋଇ ଯାଇଥିବା ବେଳେ ବୁଧବାର ତୁରୁମୁଙ୍ଗା ପୁଲିସର ଏକ ଟିମ ଯୁବକକୁ ସମ୍ବଲପୁର ଜିଲ୍ଲା ହୀରାକୁଦ ନିକଟ ଏକ କାରଖାନା ପରିସରରୁ ହୀରାକୁଦ ପୁଲିସ ସହାୟତାରେ ଉଠାଇ ଆଣି ଗୁରୁବାର ଗିରଫ ପରେ କୋର୍ଟ ଚାଲାଣ କରିଛି।

## ପୋଲ ତଳକୁ ଓଲଟିପଡିଲା କାର୍

ତୁରୁମୁଙ୍ଗା,୧୪।୮ (ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ୍ ଅଧୀନ ଡୁମୁରିଆ ପଞ୍ଚାୟତ ବଣମହୁଲଡ଼ିହା ନିକଟରେ ଭାରସାମ୍ୟ ହରାଇ ଏକ କାର ଦୁର୍ଘଟଣା ଗ୍ରସ୍ତ ହୋଇ ରାସ୍ତାକଡ଼କୁ ଓଲଟି ପଡିଛି। ରୋହିଣୀଦୁମା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷକ ମୁନିବର କାରୁଆ ସ୍କୁଲ୍ ସାରି ଘରକୁ କାର୍‌ରେ ଫେରୁଥିବା ବେଳେ ବଣମହୁଲଡ଼ିହାର ଉପ ସ୍ୱାସ୍ଥ୍ୟକେନ୍ଦ୍ର ନିକଟସ୍ଥ ପୋଲ ତଳକୁ ଓଲୋଟି ପଡିଥିଲା। ଶିକ୍ଷକ ଜଣଙ୍କ ଅଳ୍ପକେ ବର୍ତ୍ତି ଯାଇଛନ୍ତି।

## ବାଇକ୍ ଦୁର୍ଘଟଣାରେ ଜଣେ ଗୁରୁତର

ବେଲବାହାଲି,୧୪।୮ (ସମିସ): ଘସିପୁରା ଥାନା ୨୦ନଂ ଜାତୀୟ ରାଜପଥ ବାରିଗାଁ ପେଟ୍ରୋଲ ପମ୍ପ ନିକଟରେ ବାଇକ୍ ଦୁର୍ଘଟଣାରେ ଜଣେ ଯୁବକ ଗୁରୁତର ଆହତ ହୋଇ ଆନନ୍ଦପୁର ମେଡିକାଲରେ ଭର୍ତ୍ତି ହୋଇଛନ୍ତି। ବାତୋ ଗ୍ରାମର କାଳନ୍ଦୀ ଜେନା(୩୮) ନିଜ ଗ୍ରାମକୁ ବାଇକ୍ ଯୋଗେ ଆସୁଥିବା ବେଳେ ଭାରସାମ୍ୟ ହରାଇ ରାସ୍ତା ପାଶ୍ୱର୍ରେ ଥିବା ଡିଭାଇଡରରେ ପିଟି ହୋଇଯିବାରୁ ଗୁରୁତର ଆହତ ହୋଇଥିଲେ। ଲୋକେ ତାଙ୍କୁ ଆନନ୍ଦପୁର ମେଡିକାଲରେ ଚିକିତ୍ସା ପାଇଁ ଭର୍ତ୍ତି କରିଛନ୍ତି।

## ବିଦ୍ୟାଳୟସ୍ତରୀୟ ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା

ତେଲକୋଇ,୧୪।୮ (ସମିସ): ତେଲକୋଇ ବ୍ଲକ ଅଧୀନ ଓରିୟାଠାରେ ଥିବା ଓଡିଶା ଆଦର୍ଶ ବିଦ୍ୟାଳୟରେ ଶକ୍ତି ସଂଘର ମୁଖ୍ୟ ଚିତ୍ତରଞ୍ଜନ ସାହୁଙ୍କ ଦ୍ୱାରା ବିଦ୍ୟାଳୟସ୍ତରୀୟ ପ୍ରବନ୍ଧ ଓ ଚିତ୍ରାଙ୍କନ ପ୍ରତିଯୋଗିତା କରାଯାଇଛି। ପ୍ରବନ୍ଧ ପ୍ରତିଯୋଗିତାରେ ନବମ ଶ୍ରେଣୀର ଛାତ୍ରୀ ରିୟା ରାଣୀ ସାହୁ ପ୍ରଥମ, ଜିଜ୍ଞାସା ପ୍ରିୟଦର୍ଶିନୀ ଖୁଣ୍ଟିଆ ଦ୍ୱିତୀୟ ଏବଂ ଯୁଗ୍ମ ଭାବରେ ଅରୋଷସ୍ମିତା ନାୟକ ଓ ଗୌତମ କୁମାର ଜେନା ତୃତୀୟ ସ୍ଥାନ ଅଧିକାର କରିଥିଲେ। ଚିତ୍ରାଙ୍କନରେ ଲିପି ମାଝୀ ପ୍ରଥମ, ସାଙ୍ଗଶ୍ରୀ ସତ୍ୟପ୍ରଜ୍ଞା ପ୍ରଧାନ ଦ୍ୱିତୀୟ ଏବଂ ଯୁଗ୍ମ ଭାବରେ ଅରୋଷସ୍ମିତା ଖୁଣ୍ଟିଆ ଓ ମଧୁସ୍ମିତି ସାହୁ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ପ୍ରତିଯୋଗିତାକୁ ଶିକ୍ଷୟିତ୍ରୀ ପୂଜା ସିଂ, କଳା ଶିକ୍ଷକ ଜ୍ୟୋତିର୍ଦ୍ଦେବ ସିଂ, ହିନ୍ଦୀ ଶିକ୍ଷକ ମିରହେଦା ତୁଲା, ପଦାର୍ଥ ବିଜ୍ଞାନ ଶିକ୍ଷକ ବିଶ୍ୱଭୂଷଣ ମହାନ୍ତ ଓ ଗଣିତ ଶିକ୍ଷୟିତ୍ରୀ ନିବେଦିତା ମହାନ୍ତ ପରିଚାଳନା କରିଥିଲେ। କୃତି ଛାତ୍ରଛାତ୍ରୀଙ୍କୁ ବିଦ୍ୟାଳୟର ଅଧ୍ୟକ୍ଷ ରଘୁନାଥ ପରିଡା ପୁରସ୍କୃତ କରିଥିଲେ।

## ଚମ୍ପୁଆ ଆଥଲେଟିକ ଆସୋସିଏସନ ପକ୍ଷରୁ ଗଣଦୌଡ଼

ଚମ୍ପୁଆ,୧୪।୮ (ସମିସ): ଚମ୍ପୁଆ ଆଥଲେଟିକ ଆସୋସିଏସନ ପକ୍ଷରୁ ଗଣଦୌଡ ଅନୁଷ୍ଠିତ ହୋଇଯାଇଛି। ସକାଳ ୬ଟା ୩୦ରେ ରଜିଆ ପଞ୍ଚାୟତ କାର୍ଯ୍ୟାଳୟରେ ଚମ୍ପୁଆ ଉପଜିଲ୍ଲାପାଳ ଉମାକାନ୍ତ ପରିଡା, ଏସଡିପିଓ ରଶ୍ମିରଞ୍ଜନ ସାହୁ, ଉପଖଣ୍ଡ ଚିକିତ୍ସାଧିକାରୀ ଉମାକାନ୍ତ ସାହୁ, ଆଥଲେଟିକ ଆସୋସିଏସନ ସଭାପତି ଅଭୟ କୁମାର ଦାସ, ସମ୍ପାଦକ ରମେଶ ଚନ୍ଦ୍ର ପ୍ରଧାନ, ରଜିଆ ସରପଞ୍ଚ ସନ୍ତୋଷ ନାୟକ ପ୍ରମୁଖଙ୍କ ଉପସ୍ଥିତିରେ ଗଣଦୌଡର ଶୁଭାରମ୍ଭ ହୋଇଥିଲା। ପ୍ରତିଯୋଗିତା ମୂଳକ ଗଣଦୌଡରେ ରାଜ୍ୟ ତଥା ରାଜ୍ୟ ବାହାରର ପ୍ରତିଯୋଗୀ ଭାଗ ନେଇ ରଜିଆରୁ ଚମ୍ପୁଆ ନେହେରୁ ଷ୍ଟାଡିୟମ ପର୍ଯ୍ୟନ୍ତ ୭.୫ କିମି ଦୌଡିଥିଲେ। ଟ୍ରାଫିକ ସମସ୍ୟା ଓ ଶାନ୍ତି ଶୃଙ୍ଖଳା ପାଇଁ ପୁଲିସ ବ୍ୟବସ୍ଥା କରାଯାଇଥିବା ବେଳେ ଡା. ଧର୍ମପଦ ଦାସ ମହାପାତ୍ରଙ୍କ ତତ୍ୱାବଧାନରେ ମେଡିକାଲ ଟିମ ସଜାଗ ରହିଥିଲେ। ପ୍ରତିଯୋଗିତାରେ ଚାଇଁବସା ଅଞ୍ଚଳର ମଙ୍ଗୁ ଇଛାଘୁଟୁ ପ୍ରଥମ, ଟାଟାନଗର ଅଞ୍ଚଳର ଚିରଞ୍ଜିତ ପୁର୍ତୀ ଦିତୀୟ, ରାଇରଙ୍ଗପୁରର ଆସମାନ ପୁର୍ତ୍ତୀ ତୃତୀୟ ଓ ଶୁକ୍ଳି ଅଞ୍ଚଳର ରାଜେସ କେରେଇ ଚତୁର୍ଥ ସ୍ଥାନ ହାସଲ କରି ପୁରସ୍କାର ଗ୍ରହଣ କରିଥିଲେ।

## ତକ୍ଷଶିଳା ବିଦ୍ୟାଳୟରେ ରାଧାକୃଷ୍ଣ ପ୍ରତିଯୋଗିତା



ବେଲବାହାଲି,୧୪।୮ (ସମିସ): ଘଷିପୁରା ବ୍ଲକ୍ କେଶଦୁରାପାଳ ତକ୍ଷଶିଳା ଇଂରାଜୀ ବିଦ୍ୟାଳୟରେ ଜନ୍ମାଷ୍ଟମୀ ଅବସରରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଆଧ୍ୟାତ୍ମିକ ଚେତନା ଜାଗ୍ରତ କରିବା ପାଇଁ ସେମାନଙ୍କୁ ରାଧାକୃଷ୍ଣ ବେଶରେ ସଜାଯାଇ କୃଷ୍ଣଙ୍କ ଗୀତରେ ନୃତ୍ୟ ପରିବେଷଣ କରାଯାଇ ପ୍ରତିଯୋଗିତା ହୋଇଯାଇଛି। ୨୦ରୁ ଅଧିକ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ତିନି ଜଣ ଜୁନିୟର ଛାତ୍ରଛାତ୍ରୀ ପ୍ରଥମ ଦିବ୍ୟାନ୍ସି ମହାଳିକ, ଦ୍ୱିତୀୟ ବିଘ୍ନେସ ପାତ୍ର, ତୃତୀୟ ଆରାୟନା ଓଝା, ଅଗ୍ନିସ ବିନ୍ଧାଣି ସିନିୟର ଛାତ୍ରଛାତ୍ରୀ ପ୍ରଥମ ସ୍ଥାନ ଆରାୟନ ମହାନ୍ତି, ଦ୍ୱିତୀୟରେ ସିମ୍ରନ ବେହେରା, ତୃତୀୟ ସ୍ଥାନ ପ୍ରିୟନ୍ସ ବେହେରା, କେ ତାରିଣୀ ପ୍ରସାଦ ସାହୁ ଉତ୍ତୀର୍ଣ୍ଣ ହୋଇଥିଲେ। ପ୍ରତିଯୋଗିତାରେ ନିର୍ଣ୍ଣାୟକ ମଣ୍ଡଳୀ ଭାବେ ସସ୍ମିତା ଓଝା, ରଶ୍ମିତା ଚକ୍ର, ପ୍ରଭାତୀ ଓଝା ଯୋଗ ଦେଇଥିଲେ। କାର୍ଯ୍ୟକ୍ରମକୁ ଶିକ୍ଷକ ସୁରଜ କୁମାର ପରିଚାଳନା କରିଥିଲେ। ନିର୍ଦ୍ଦେଶକ ଆକାଶ ରଥଙ୍କ ଉପସ୍ଥିତ ଥିଲେ। ନକୁଳ ନାୟକ, ବିଜୟ ସାହୁ, ମଳୟ ବିଶ୍ୱାଳ, ବିଜୟ ସାହୁ ପ୍ରମୁଖ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ।

## କଟକଣା ପରେ ବି ଗିରିଗାଁରୁ ବାଲି ଚାଲାଣ

ଛାତ୍ରଛାତ୍ରୀଙ୍କ ଜୀବନ ବିପଦରେ



ଆନନ୍ଦପୁର,୧୪।୮ (ସମିସ): କେନ୍ଦୁଝର ଜିଲ୍ଲା ହାଟଡିହୀ ତହସିଲ ଅଞ୍ଚଳର ଗିରୀଗାଁ ନଦୀଘାଟରୁ ପ୍ରତିଦିନ ବାଲି ଚାଲାଣ ଯୋଗୁଁ ଛାତଛାତ୍ରୀଙ୍କ ବିଦ୍ୟାଳୟ ଯିବା ବନ୍ଦ ହୋଇଗଲାଣି ବୋଲି ଅଭିଯୋଗ ହେଉଛି। ଗୋଟିଏ ରାସ୍ତାରେ ବାଲି ଗାଡି ଓ ସାଧାରଣ ଲୋକଙ୍କ ଯାତାୟାତ ବେଶ ପ୍ରଭାବିତ ହୋଇଛି। ସରକାରଙ୍କ ପକ୍ଷରୁ ଚୋରା ବାଲି ଲଘୁଜ ଖଣିଜ କାରବାର ଉପରେ ଅଙ୍କୁଶ ଲାଗିଥିଲା। କେନ୍ଦୁଝର ଜିଲ୍ଲାର ବୈତରଣୀ ନଦୀରୁ ବାଲି ଉତ୍ତୋଳନ ଜୁନ ୫ ତାରିଖରୁ ବନ୍ଦ ଥିବା ବେଳେ ବାଲି ମାଫିଆଙ୍କ ଉପରେ ପୁଲିସ ଓ ଖଣିବିଭାଗର ନଜର ନାହିଁ। ଏପରିକି ଚୋରା ବାଲିଘାଟରେ ଚଢ଼ଉ ହେବା ପୂର୍ବରୁ ଛକ ଛକରେ ବାଲିମାଫିଆଙ୍କ ଗୁପ୍ତଚର ରହି କାର୍ଯ୍ୟ କରୁଥିବା ବେଳେ ପୁଲିସଙ୍କ ସହ ବାଲି ମାଫିଆଙ୍କ ଲିଙ୍କ୍ ରହୁଥିବା ଅଭିଯୋଗ ହୋଇଛି। ଖଣି ବିଭାଗର କାର୍ଯ୍ୟକଳାପକୁ ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଚୋରା ବାଲିଚାଲାଣ ଉପରେ କିଭଳି ରୋକ୍ ଲଗାଯାଇପାରିବ ସେନେଇ ପ୍ରଶାସନିକ ସ୍ତରରେ କୌଣସି ଆଖିଦୃଶିଆ ପଦକ୍ଷେପ ନାହିଁ।



## ସୀମାନ୍ତ କଲେଜର ସ୍ୱନକ୍ଷତ୍ର ଦିବସ ପାଳିତ



ସାରସକଣା,୧୪।୮ (ସମିସ): ସାରସକଣା ବ୍ଲକ ଖାରପୋଖରିଆ ସୀମାନ୍ତ ମହାବିଦ୍ୟାଳୟର ୪୬ତମ ସ୍ୱନକ୍ଷତ୍ର ଦିବସ ଅଧ୍ୟକ୍ଷ ପ୍ରହଲ୍ଲାଦ ଆଗସ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ବିଧାୟକ ସାରସକଣା ଭାଦବ ହାଁସଦା, ମୁଖ୍ୟବକ୍ତା ଡଃ ଅଶୋକ କୁମାର ବସା, ସମ୍ମାନିତ ଅତିଥି ପୂର୍ବତନ ଅଧ୍ୟକ୍ଷ ଡ଼ଃ କ୍ଷିତୀଶଚନ୍ଦ୍ର ଦାଶ, ଖାରଖଣ୍ଡ ପୂର୍ବତନ ସ୍ୱାସ୍ଥ୍ୟମନ୍ତ୍ରୀ ଡା. ଦିନେଶ କୁମାର ଷଡଙ୍ଗୀ, ସଂଯୋଜକ ଦିଲ୍ଲୀପ କୁମାର ସେନାପତି, ପ୍ରଶାସନିକ ଅଧିକାରୀ ଅନିଲ କୁମାର ଝା ପ୍ରମୁଖ ମଞ୍ଚାସୀନ ଥିଲେ। ଅଧ୍ୟାପିକା ପ୍ରାଚୀପ୍ରଭା ପଡ଼ିଆରୀ ଅତିଥିଙ୍କୁ ମଞ୍ଚ ଉପରକୁ ନିମନ୍ତ୍ରଣ କରିଥିଲେ। ଉତ୍ସବରେ ମହାବିଦ୍ୟାଳୟର ବହୁ ପୂର୍ବତନ ଅଧ୍ୟକ୍ଷ, ପ୍ରାଧ୍ୟାପକ, ଅଧ୍ୟାପକ ଓ କର୍ମଚାରୀ ଯୋଗ ଦେଇଥିଲେ। ଚଳିତ ବର୍ଷ ସୀମାନ୍ତ ମହାବିଦ୍ୟାଳୟର କାର୍ଯ୍ୟକାଳ ଭିତରେ ଉଲ୍ଲେଖନୀୟ ସେବା ପାଇଁ ପ୍ରାଧ୍ୟାପକ ଡଃ ପ୍ରମୋଦ କୁମାର ମହାନ୍ତ, ପ୍ରାଧ୍ୟାପକ ଫକୀର ଚରଣ ବେହେରା, ପ୍ରାଧ୍ୟାପକ କୁବେର କୁମାର ମହାନ୍ତ, ପୂର୍ବତନ ଅଧ୍ୟକ୍ଷ ନଳିନୀ ରଞ୍ଜନ ସେନାପତି, ପୂର୍ବତନ ବିଜ୍ଞାନଗାର ଶିକ୍ଷକ ଗୋପାଳକୃଷ୍ଣ ପଣ୍ଡାଙ୍କୁ ସମ୍ବର୍ଦ୍ଧିତ କରା ଯାଇଥିଲା। ଏଥିସହିତ ଚଳିତ ଶିକ୍ଷାବର୍ଷରେ +୩ ପଦାର୍ଥ ବିଜ୍ଞାନ ଛାତ୍ର ବିକାଶ ସାହୁ ବିଶ୍ୱବିଦ୍ୟାଳୟ ସ୍ତରରେ ଶ୍ରେଷ୍ଠ ସ୍ନାତକ, +୨ ବିଜ୍ଞାନ ଛାତ୍ରୀ ଭୂମିକା ସାହୁ, +୨ କଳାରେ ଶୁଭଶ୍ରୀ ଦୀକ୍ଷିତ, +୨ ବାଣିଜ୍ୟରେ କୃଷ୍ଣକାନ୍ତ ନାୟକ ଓ ଦତ୍ତ ସ୍ମାରକୀ ତର୍କ ପ୍ରତିଯୋଗିତାରେ +୩ ଛାତ୍ରୀ ସମ୍ପାରାଣୀ ଦଳେଇଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ଜିଲ୍ଲା ସ୍ତରୀୟ ପ୍ରତିଯୋଗିତାରେ ପ୍ରବନ୍ଧରେ ଶୁଭଶ୍ରୀ ଦୀକ୍ଷିତ ଓ ଚିତ୍ରକଳାରେ ଶିବ କୁମାର ରଣାଙ୍କୁ ପ୍ରଶଂସା ପତ୍ର ପ୍ରଦାନ କରାଯାଇଥିଲା। ଅଧ୍ୟାପକ ଶିଶିର କୁମାର ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ପ୍ରଧାନ ଶିକ୍ଷକଙ୍କ ବଦଳି ଦାବିରେ ସ୍କୁଲରେ ତାଲା ପକାଇଲେ ଗ୍ରାମବାସୀ



ମହୁଲଡିହା/ଠାକୁରମୁଣ୍ଡା,୧୪।୮ (ସମିସ): ଠାକୁରମୁଣ୍ଡା ବ୍ଲକ ଅଖାପଲାଶ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ସୁଶାନ୍ତ କୁମାର ସେନାପତିଙ୍କ ମନମୁଖୀ କାର୍ଯ୍ୟ ଏବଂ ସରକାରୀ ଅର୍ଥ ନିଜ କାମରେ ବ୍ୟବହାର କରୁଥିବା ଅଭିଯୋଗ କରି ଗ୍ରାମବାସୀ ସ୍କୁଲରେ ତାଲା ପକାଇଦେଇଥିଲେ। ପ୍ରଧାନ ଶିକ୍ଷକଙ୍କ ବଦଳି ଆଦେଶ ନମିଳିବା ପର୍ଯ୍ୟନ୍ତ ଗ୍ରାମବାସୀ ଆନ୍ଦୋଳନରୁ ଓହରିବେ ନାହିଁ ବୋଲି ଜିଦ ଧରି ବସିରହିଥିଲେ। ଖବର ପାଇ ଗୋଷ୍ଠୀ ଶିକ୍ଷା ଅଧିକାରୀ କୁଞ୍ଜବିହାରୀ ପ୍ରଧାନ ଏବଂ ବିଡିଓ ସ୍ୱପ୍ନେଶ୍ୱର ବେହେରା ପହଞ୍ଚି ଗ୍ରାମବାସୀଙ୍କ ସହିତ ଆଲୋଚନା କରିଥିଲେ। ସରକାରୀ ଅର୍ଥ ନିଜେ ବ୍ୟବହାର କରୁଥିବା, ମାଧ୍ୟାହ୍ନ ଭୋଜନ ନିମ୍ନମାନର ଦେବା ସହିତ ଉପସ୍ଥାନଠାରୁ ଅଧିକ ଦେଖାଇବା, ପରିବେଶ ସଫା ନ ରଖିବା, ସ୍କୁଲ ଶୌଚାଳୟ ତାଲା ମାରି ରଖିବା ସହିତ ସହକର୍ମୀଙ୍କୁ ଖରାପ ବ୍ୟବହାର କରିବା ଆଦି ଅଭିଯୋଗ କରିଥିଲେ ଗ୍ରାମବାସୀ। ଗୋଷ୍ଠୀ ଶିକ୍ଷା ଅଧିକାରୀ ଅଭିଯୋଗର ତର୍ଜମା କରିବା ପରେ ତାହା ଠିକ୍ ଥିବାରୁ ପ୍ରଧାନ ଶିକ୍ଷକଙ୍କୁ ସଂଗେ ସଂଗେ ଡ଼ଙ୍ଗାଡିହା ସ୍କୁଲକୁ ବଦଳି କରିଦେଇଛନ୍ତି। ବଦଳି ଆଦେଶ ପ୍ରକାଶ ପାଇବା ପରେ ଗ୍ରାମବାସୀ ଆନ୍ଦୋଳନରୁ ଓହରି ଯାଇଥିଲେ।

### ବିଧାୟକଙ୍କ ପାଇଁ ନିର୍ମାଣାଧୀନ ସାମ୍ବାଦିକ ଭବନ ଅଧାରୁ ବନ୍ଦ

# ଜିଲ୍ଲାପାଳଙ୍କୁ ସଂଘର ଫେରାଦ; ଆଇନର ଆଶ୍ରୟ ଚେତାବନୀ

ବାରିପଦା, ୧୪।୮ (ସମିସ):

ବଡ଼ସାହି ବିଧାୟକ ସନାତନ ବିଜୁଳିଙ୍କ ପାଇଁ ବୈଶିଙ୍ଗାରେ ନିର୍ମାଣାଧୀନ ସାମ୍ବାଦିକ ଭବନ ୩ ମାସ ହେଲା ଅଧାରୁ ବନ୍ଦ ରହିଛି। ପୁଣି ନିର୍ମାଣ ଆଦେଶ ନ ଦେଲେ ସପ୍ତାହକ ପରେ ମୟୂରଭଞ୍ଜ ଜିଲ୍ଲା ସାମ୍ବାଦିକ ସଂଘ ଆଇନର ଆଶ୍ରୟ ନେବେ ବୋଲି ଜିଲ୍ଲାପାଳଙ୍କୁ ଭେଟି ଫେରାଦ ହୋଇଛନ୍ତି। ଘଟଣାରୁ ପ୍ରକାଶ ଯେ, ପୂର୍ବ ସରକାର ବୈଶିଙ୍ଗାଠାରେ ସାମ୍ବାଦିକଙ୍କ ପାଇଁ ଏକ କମ୍ୟୁନିଟି ହଲ ନିର୍ମାଣ ନିମନ୍ତେ ୩ଲକ୍ଷ ୫୦ହଜାର ଟଙ୍କା ମଞ୍ଜୁର କରିଥିଲେ। ସେତେବେଳେ ନିର୍ବାଚନ ଆଚରଣ ବିଧି ଲାଗୁ ହେବାରୁ ଚଳିତ ବର୍ଷ ଜାନୁଆରୀରୁ କାର୍ଯ୍ୟ ଆରମ୍ଭ ହୋଇଥିଲା। ସରକାରୀ ଜିଓ ଟ୍ୟାଗ ଓ ଲେ-ଆଉଟ ଦେବା ପରେ ବେତନଟୀ ବ୍ଲକ କନିଷ୍ଠ ଯନ୍ତ୍ରୀଙ୍କ ତତ୍ତ୍ୱାବଧାନରେ ନିର୍ମାଣ ଚାଲିଥିଲା। ନିର୍ମାଣ ଶେଷ ପର୍ଯ୍ୟାୟରେ ପହଞ୍ଚି ଥିବାବେଳେ ବଡ଼ସାହି ବିଧାୟକ ସନାତନ ବିଜୁଳି ବିଡିଓଙ୍କ ଜରିଆରେ ପୁଲିସ ଦ୍ୱାରା ଜୁନ ୨ ତାରିଖରେ ଗୃହର ଛାତ ପକାଇବା କାମକୁ ବନ୍ଦ କରିଦେଇଥିଲେ। ଯାହାକି ବୈଶିଙ୍ଗା ଆଇଆଇସି ବାରିଣୀ ଦାସ ପ୍ରକାଶ କରିଥିଲେ ବୋଲି ଅଭିଯୋଗପତ୍ରରେ ଦର୍ଶାଯାଇଛି। ଏହା ପରେ ବେତନଟୀ ବିଡିଓ ସୁଶାନ୍ତ ସୂତାରଙ୍କୁ ସାମ୍ବାଦିକମାନେ ଭେଟିବାରୁ ସେ କହିଲେ ଯେ, ବିଧାୟକଙ୍କୁ ସନ୍ତୁଷ୍ଟ କରିପାରି ନ ଥିବାରୁ ସେ ବିରୋଧ କରିଛନ୍ତି। ଏଣୁ ଜିଲ୍ଲାପାଳଙ୍କୁ ସାକ୍ଷାତ ପରେ ସେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଧର୍ମାନନ୍ଦ ବେହେରାଙ୍କୁ ଫୋନଯୋଗେ ଜଣାଇବା ସହିତ ସାମ୍ବାଦିକଙ୍କୁ ତାଙ୍କ ନିକଟକୁ ପଠାଇଥିଲେ। ପରେ ସାମ୍ବାଦିକମାନେ ମୁଖ୍ୟ ଉନ୍ନୟନ ଅଧିକାରୀ ଏବଂ ବିଡିଓଙ୍କୁ ଫୋନ ଯୋଗେ ଜଣାଇଥିଲେ। ପୁଣି ସାମ୍ବାଦିକଙ୍କୁ ବିଡିଓଙ୍କୁ ସାକ୍ଷାତ କରିବା ପାଇଁ କହିଲେ। ତହିଁ ପରଦିନ ପୁଣି ବିଡିଓଙ୍କୁ ସାକ୍ଷାତ କରିବା ପରେ ସେ କହିଲେ ଆପଣମାନେ ବିଧାୟକ ଶ୍ରୀ ବିଜୁଳିଙ୍କୁ ଠିକ୍ ଭାବରେ ସନ୍ତୁଷ୍ଟ କରିପାରିନାହାନ୍ତି। ଏଣୁ ସେ ରାଜି ହେଉନାହାନ୍ତି। ତେବେ ଅନୁସନ୍ଧାନରୁ ଜଣାପଡିଛି ଯେ, ପୁରୁଣା ସମସ୍ତ 'ଆମ ଓଡ଼ିଶା ନବୀନ ଓଡ଼ିଶା' ପ୍ରକଳ୍ପରୁ ବିଧାୟକଙ୍କ ବିନା ଅନୁମୋଦନରେ ପ୍ରଶାସନିକ ଅଧିକାରୀ ମଞ୍ଜୁର କରିପାରୁନାହାନ୍ତି। ଏପଟେ ତିନି ମାସ ଧରି କାର୍ଯ୍ୟ ବନ୍ଦ ରହିବା ଏବଂ ମିସ୍ତ୍ରୀ, ଶ୍ରମିକ ଏବଂ ସପ୍ଲାୟର ତାଙ୍କ ପ୍ରାପ୍ୟ ପାଇ ନ ଥିବା ଯୋଗୁଁ କାର୍ଯ୍ୟନିର୍ବାହୀ ଜେଇଙ୍କ ପାଖରେ ଗୁହାରୀ କରିଥିଲେ। ପରବର୍ତ୍ତୀ ସମୟରେ ପୁନର୍ବାର ମୁଖ୍ୟ ଉନ୍ନୟନ ଅଧିକାରୀଙ୍କୁ ସାକ୍ଷାତ କରିବାକୁ ଯାଇଥିବାବେଳେ ବିଧାୟକ ସନାତନ ବିଜୁଳି ମଧ୍ୟ ଆସିବାର ଥିବାରୁ ସେ କହିଲେ ବିଧାୟକ ଆସିଛନ୍ତି ତାଙ୍କ ସହିତ କଥା ହୋଇ ଆପଣଙ୍କୁ ଜଣାଇବି, ଆପଣମାନେ ବାହାରେ ଅପେକ୍ଷା କରନ୍ତୁ। ମାତ୍ର ଏକ ଘଣ୍ଟା ପରେ କେହି ନ ଥିବାର ଦେଖି ସମସ୍ତେ ପଳାଇ ଆସିଲେ। ତହିଁ ପରଦିନ ଫୋନ କରିବାରୁ ସେ କହିଲେ ବିଧାୟକ ରୋକ୍‌ଠୋକ୍ ମନା କରିଛନ୍ତି। ବାଧ୍ୟ ହୋଇ ସାମ୍ବାଦିକମାନେ ଜିଲ୍ଲା ସଂଘ ନିକଟରେ ଅବଗତ କରାଇବା ପରେ ସଭାପତି ଅରୁଣ କୁମାର ଓତାଙ୍କ ନେତୃତ୍ୱରେ ୨୦ରୁ ଊର୍ଦ୍ଧ୍ୱ ସାମ୍ବାଦିକ ଜିଲ୍ଲାପାଳ ହେମକାନ୍ତ ସଏଙ୍କୁ ସାକ୍ଷାତ କରି ଏକ ଅଭିଯୋଗ ପତ୍ର ପ୍ରଦାନ କରିଥିଲେ। ସପ୍ତାହକ ମଧ୍ୟରେ ସମାଧାନ ନ ହେଲେ ସଂଘ ଆଇନର ଆଶ୍ରୟ ନେବାକୁ ବାଧ୍ୟ ହେବେ ବୋଲି ଚେତାବନୀ ଦେଇଛନ୍ତି।



## କଳିଙ୍ଗ ଡିଗ୍ରୀ କଲେଜରେ ହର ଘର ତ୍ରିରଙ୍ଗା ଶୋଭାଯାତ୍ରା

ବିଶୋଇ,୧୪।୮ (ସମିସ): ସ୍ୱାଧୀନତା ଦିବସ ପାଳନ ଅବସରରେ ବିଶୋଇ ବ୍ଲକ ମଣଦା କଳିଙ୍ଗ ଡିଗ୍ରୀ କଲେଜରେ 'ହର ଘର ତ୍ରିରଙ୍ଗା' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ଭୂପତି କୁମାର ମହାନ୍ତଙ୍କ ନେତୃତ୍ୱରେ କଲେଜର ସମସ୍ତ କର୍ମଚାରୀ ଏବଂ ଛାତ୍ରଛାତ୍ରୀ ହାତରେ ଜାତୀୟ ପତାକା ଧରି ଭାରତ ମାତା କୀ ଜୟ ସ୍ଲୋଗାନ ଦେଇ ଏକ ବିଶାଳ ପଦଯାତ୍ରାରେ ବାହାରି ମଣଦା ବଜାର ପରିକ୍ରମା କରିଥିଲେ। ସ୍ୱାଧୀନତା ଦିବସ ଅବସରରେ ପ୍ରତ୍ୟେକେ ନିଜ ଘରେ ଘରେ ତ୍ରିରଙ୍ଗା ଲଗାଇବା ପାଇଁ କଲେଜ ଅଧ୍ୟକ୍ଷ ଶ୍ରୀ ମହାନ୍ତ ଛାତ୍ରଛାତ୍ରୀଙ୍କୁ ଆହ୍ୱାନ କରିଥିଲେ। ଅଧ୍ୟାପକ ସଞ୍ଜୟ ଗିରି, ଜ୍ଞାନରଞ୍ଜନ ମହାପାତ୍ର, ସ୍ନିଗ୍ଧଚନ୍ଦନ ରାଉତ, ସମ୍ବିତ କୁମାର ପତି, ସତ୍ୟବାନ ଗିରି ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।




## ପୋଚ ଓ ମହୁଲି ମଦ ଜବତ; ଜଣେ ଗିରଫ

କରଞ୍ଜିଆ,୧୪।୮ (ସମିସ): କରଞ୍ଜିଆ ବ୍ଲକ ଅନ୍ତର୍ଗତ ରସମତଳା ପଞ୍ଚାୟତର ଜରାସାହିକ ଗ୍ରାମରେ ଅବକାରୀ ବିଭାଗ ଚଢଉ କରି ୧୫ କେଜି ପୋଚ ଓ ୫୫୦ ଲିଟର ମହୁଲି ଜବତ କରିଛି। ଚଢ଼ଉ ପୂର୍ବରୁ ଅଭିଯୁକ୍ତମାନେ ଫେରାର ହୋଇଯାଇଛନ୍ତି। ଘଟଣାସ୍ଥଳରୁ ମଦ ରନ୍ଧା ସାମଗ୍ରୀ ଜବତ ହେବା ସହିତ ପୋଚ ଏବଂ ମହୁଲି ମଦକୁ ନଷ୍ଟ କରିଦିଆଯାଇଛି। ପରେ ଗ୍ରାମର ଦିଲ୍ଲୀପ ବାଙ୍କିରା (୨୮)କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି।

## ମୂଷାମରା ବିଷ ଖାଇ ମହିଳାଙ୍କ ଆତ୍ମହତ୍ୟା

ବହଳଦା, ୧୪।୮ (ସମିସ): ମୂଷାମରା ବିଷ ଖାଇ ଜଣେ ମହିଳାଙ୍କ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଛି। ସୂଚନା ଅନୁସାରେ, ତିରିଂ ଥାନା ଝରାଡିହି ଫାଣ୍ଡି ଅନ୍ତର୍ଗତ ସୁରଦା-ଯଶିପୁର ଗ୍ରାମପଞ୍ଚାୟତ ଯଶିପୁର ଗ୍ରାମର ବାଙ୍ଗି ବାସ୍କେ (୧୯) ରଙ୍ଗାମାଟିଆ ଗାଁର କୁଆଁର ହାଁସଦାଙ୍କୁ ପ୍ରେମ ବିବାହ କରିଥିଲେ। ତେବେ ରକ୍ଷା ବନ୍ଧନ ପର୍ବରେ ସେ ତାଙ୍କ ବାପଘର ଯଶିପୁରରେ ଛାଡି ଆସିଥିଲେ। ତେବେ ୧୩ ତାରିଖ ବାଙ୍ଗି ବାସ୍କେ ମୂଷାମରା ବିଷ ଖାଇ ଦେଇଥିଲେ। ବିଷ ପ୍ରଭାବରେ ସ୍ୱାସ୍ଥ୍ୟବସ୍ଥା ବିଗିଡିବାରୁ ତାଙ୍କୁ ପରିବାର ଲୋକେ ବହଳଦା ଡାକ୍ତରଖାନାକୁ ପହଞ୍ଚିଥିଲେ। ଆଜି ବାଙ୍ଗି ବାସ୍କେଙ୍କ ମୃତ୍ୟୁ ଘଟିଛି।

## ମୋରମ ବୋଝେଇ ହାଇୱା ଜବତ

ବଡସାହି,୧୪।୮ (ସମିସ): ବଡସାହି ଥାନା ଅଧୀନ ଦେଉଳିଆ ପଞ୍ଚାୟତ ପୁରୁଣାପାଣିର ଏକ ପୋଖରୀରୁ ବାହାରିଥିବା ମୋରମକୁ ଖଣି ବିଭାଗ ୬୦ଲକ୍ଷ ଟଙ୍କାରେ ନିଲାମ କରିଥିଲେ। ଏହି ମୋରମକୁ ବୁଧବାର ରାତିରେ ନେଇ ଯାଉଥିବା ଏକ ହାଇୱାକୁ ପୁଲିସ ଅଗାଶୋଳ ନିକଟରେ ଅଟକାଇ ଥାନାକୁ ନେଇ ତଦନ୍ତ ଜାରି ରଖିଛି। ଏ ସଂକ୍ରାନ୍ତରେ ଖବର ପାଇ ମାଇନିଂ ଅଫିସର ଉଦୟଭାନୁ ସାହୁ ଘଟଣାସ୍ଥଳ ପରିଦର୍ଶନ କରି ତଦନ୍ତ କରିଛନ୍ତି। ତାଙ୍କୁ ପଚାରିବାରୁ ନିଲାମଧାରୀଙ୍କ ଗତ ୨୭ ଜୁଲାଇ ପର୍ଯ୍ୟନ୍ତ ମୋରମ ଉଠାଇବାର ଅବଧି ଥିଲା। ମାତ୍ର ବର୍ଷା ପାଇଁ ସେ ଆଉ କିଛି ସମୟର ଅବଧି ମାଗିଥିଲେ। ଯାହାକି ମଞ୍ଜୁର ହୋଇ ନ ଥିବାବେଳେ ବିଚାରାଧୀନ ଥିଲା। ସେ ତାଙ୍କ ଲଗ ଇନରୁ ଟେଣ୍ଡରର ଇ-ପାସ ଖୋଲି ଚାଲାଣ କରୁଥିବା ଜଣାଯାଇଛି। ପେପର ଠିକ୍ ଥିବା ବେଳେ ଅବଧି ସରିଛି। ତେଣୁ ଆଇନ ଅନୁସାରେ ପଦକ୍ଷେପ ନିଆଯିବ ବୋଲି କହିଛନ୍ତି।

## ୨୮ ଛାତ୍ରୀ ପାଇଲେ 'ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର'

ମହୁଲଡିହା,୧୪।୮ (ସମିସ): ସାରା ଭାରତରେ ବ୍ୟାଣ୍ଡ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଠାକୁରମୁଣ୍ଡା ବ୍ଲକ ଦ୍ରୌପଦୀ ଗାର୍ଲସ ହାଇସ୍କୁଲ ଆଉ ଏକ ସଫଳତାର ଫର୍ଦ୍ଦ ଯୋଡ଼ି ହୋଇଛି। ଦ୍ରୌପଦୀ ବାଳିକା ଉଚ୍ଚ ବିଦ୍ୟାଳୟର ୬୦ ଜଣ ଛାତ୍ରୀ ପରୀକ୍ଷା ଦେଇଥିବାବେଳେ ୨୮ ଜଣ ମୁଖ୍ୟମନ୍ତ୍ରୀ ପୁରସ୍କାର ପାଇଁ ଯୋଗ୍ୟ ବିବେଚିତ ହୋଇଛନ୍ତି। ୩ ଜଣ ଜିଲ୍ଲାସ୍ତରୀୟ ପୁରସ୍କାର ପାଇଁ ଯୋଗ୍ୟ ହୋଇଥିବାବେଳେ ୨୫ ଜଣ ବ୍ଲକସ୍ତରୀୟ ପୁରସ୍କାର ପାଇବେ। ଗୋଟିଏ ସ୍କୁଲରୁ ୨୮ ଜଣ ମୁଖ୍ୟମନ୍ତ୍ରୀ ପୁରସ୍କାର ପାଇବା ସମସ୍ତଙ୍କୁ ଆନନ୍ଦିତ କରିଛି ବୋଲି ପ୍ରଧାନ ଶିକ୍ଷକ ମନୋରଞ୍ଜନ ମହାନ୍ତ ନିଜ ପ୍ରତିକ୍ରିୟାରେ କହିଛନ୍ତି।

# ବିଭିନ୍ନ ସ୍ଥାନରେ ତ୍ରିରଙ୍ଗା ଶୋଭାଯାତ୍ରା



କେନ୍ଦୁଝର,୧୪।୮ (ସମିସ): ଧରଣୀଧର ବିଶ୍ୱବିଦ୍ୟାଳୟ ଆନୁକୂଲ୍ୟରେ "ହର୍ ଘର୍ ତିରଙ୍ଗା ଅଭିଯାନ' ନିମନ୍ତେ ବିଶାଳ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ବିଶ୍ୱ ବିଦ୍ୟାଳୟର କୁଳସଚିବ ପ୍ରତିଭା ପୃଷ୍ଟି, ପିଜି କାଉନସିଲ ଚେୟାରମ୍ୟାନ ପ୍ରଭୁପ୍ରସାଦ ଦାସ ଯୋଗଦେଇଥିଲେ। ବିଶ୍ୱବିଦ୍ୟାଳୟର ୧୦୦ରୁ ଅଧିକ କର୍ମଚାରୀ ଓ ୧୫୦୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଯୋଗଦେଇଥିଲେ। ପଦଯାତ୍ରାଟି ବିଶ୍ୱବିଦ୍ୟାଳୟରୁ ଆରମ୍ଭ ହୋଇ ସିରାଜଉଦ୍ଦିନ ଛକ ପର୍ଯ୍ୟନ୍ତ ହୋଇଥିଲା। ଛାତ୍ରଛାତ୍ରୀ ୫୦୦ ମିଟର ତ୍ରିରଙ୍ଗା ପତାକା ଧରି ଶୋଭାଯାତ୍ରା କରିଥିଲେ। କାର୍ଯ୍ୟକ୍ରମକୁ ଜାତୀୟ ସେବା ଯୋଜନା ବ୍ୟୁରୋର ସଂଯୋଜିକା ଡ.ସରିତା ନାୟକ ସଂଯୋଜନା କରି ଥିଲେ।

**ଆନନ୍ଦପୁର:** ଆନନ୍ଦପୁର ମହାବିଦ୍ୟାଳୟ ପରିସରରୁ ହରଘର ତିରଙ୍ଗା କାର୍ଯ୍ୟକ୍ରମ ଉପଲକ୍ଷେ ବିରାଟ ଶୋଭାଯାତ୍ରାକୁ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ନାରାୟଣ ମିଶ୍ର ଉଦଘାଟନ କରିଥିଲେ। ଶୋଭାଯାତ୍ରା ମହାବିଦ୍ୟାଳୟ ପରିସରରୁ ବାହାରି ଶ୍ରୀଶ୍ରୀ ଦଧିବାମନ ଜୀଉ ମନ୍ଦିର ପର୍ଯ୍ୟନ୍ତ ଯାଇ ଥିଲା। ଶତାଧିକ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ଆନନ୍ଦପୁର ଥାନାର ପୁଲିସ କର୍ମଚାରୀ ଥାନା ଅଧିକାରୀ ଫନିନ୍ଦ୍ର ଭୂଷଣ ନାୟକଙ୍କ ନେତୃତ୍ୱରେ ଶାନ୍ତିଶୃଙ୍ଖଳା ରକ୍ଷା କରିଥିଲେ। ଅଧ୍ୟକ୍ଷ ଡ. ନାରାୟଣ ମିଶ୍ର, ଡ. ନିମାଇଁ ଚରଣ ରାଉତ, ଡ. ଶକ୍ତି ପ୍ରସାଦ ମହାପାତ୍ର, ପ୍ରଫୁଲ୍ଲ କୁମାର ପଣ୍ଡା, ରତିକାନ୍ତ ଦାସ, ଡ. ବଶିଷ୍ଠ କୁମାର ବେହେରା, କାହ୍ନୁଚରଣ ଜେନା, ପ୍ରକାଶ କୁମାର ସାହୁ, ସୁବ୍ରତ କୁମାର ପରିଡ଼ା, ସୁବ୍ରତ କୁମାର ସାହାଣୀ, ସଂଘମିତ୍ରା ରାଉତ, ସବୀନା ଆର ବେଗମ, ସ୍ରିଲେଖା ସାହୁ, ଅନିତା ଦାସ, ଭାରତୀ ସାହୁ, ଓଜେଲ୍ ପଟ୍ଟନାୟକ, ନରେଶ ସାହା, ଦେବାଶିଷ ଆଚାର୍ଯ୍ୟ, ବିଶ୍ୱରଂଜନ ସାହୁ, ଦେବବ୍ରତ ରାମ, ବିଶ୍ୱଜିତ୍ ରାଉତ, ପୂର୍ଣ୍ଣାନନ୍ଦ ପାର୍ଥସାରଥୀ ଶଙ୍ଖୁଆ, ମଧୁସ୍ମିତା ସାହୁ, ମିତାଶ୍ରି ବେହେରା, ପ୍ରଦୀପ କୁମାର ପୂର୍ତ୍ତି ତଥା ଅଧ୍ୟାପକ, ଅଧ୍ୟାପିକା ଓ ଛାତ୍ରଛାତ୍ରୀ ଯୋଗଦେଇଥିଲେ।

**ହାଟଡ଼ିହୀ:** ହାଟଡ଼ିହୀ ବ୍ଲକ ଅଧୀନ ହାଟଡ଼ିହୀ ଆଞ୍ଚଳିକ ମହାବିଦ୍ୟାଳୟରେ ସ୍ୱାଧୀନତା ଦିବସ ଅବସରରେ କଲେଜ ଅଧ୍ୟକ୍ଷ ଚିତ୍ତରଞ୍ଜନ ରାଉତଙ୍କ ସଂଯୋଜନାରେ ତ୍ରିରଙ୍ଗା ଶୋଭାଯାତ୍ରା ପାଳିତ ହୋଇଛି। ଶତାଧିକ ଛାତ୍ରଛାତ୍ରୀ ହାତରେ ତ୍ରିରଙ୍ଗା ପତାକା ସହ ୮୦ଫୁଟ୍ ଲମ୍ବ ଓ ୫ଫୁଟ୍ ଓସାରର ଏକ ବିଶାଳ ତ୍ରିରଙ୍ଗା ଧରି ଶୋଭାଯାତ୍ରାରେ ସାମିଲ ହୋଇଥିଲେ। ଛାତ୍ରଛାତ୍ରୀ କଲେଜ କ୍ୟାମ୍ପସରୁ ବାହାରି ଛେନାପଦି ତାରିଣୀ ମନ୍ଦିର ଏବଂ ତାରିଣୀ ମନ୍ଦିର ଠାରୁ ବ୍ଲକ କାର୍ଯ୍ୟାଳୟ ଯାଏଁ ଶୋଭାଯାତ୍ରା କରିଥିଲେ। ଏଥିରେ କଲେଜର ଅଧ୍ୟକ୍ଷଙ୍କ ସମେତ ଜନ୍ମେଞ୍ଜୟ ପ୍ରଧାନ, ପ୍ରଣୟ କୁମାର ନାୟକ, ବୃନ୍ଦାବନ ଓଝା, ପ୍ରିୟଙ୍କା ମହାନ୍ତି, ରବୀନ୍ଦ୍ର ଜେନା, ଚୁମକିରାଣୀ ନାୟକ, ଚକ୍ରଧର ଦାସ, ସ୍ୱାଗତିକା ନାୟକ, ଜଳଧର ଦାଶ ପ୍ରମୁଖ ତ୍ରିରଙ୍ଗା ଶୋଭାଯାତ୍ରାରେ ସାମିଲ ହୋଇଥିଲେ।

**ତୁରୁମୁଙ୍ଗା:** ପାଟଣା ନିର୍ବାଚନ ମଣ୍ଡଳୀ ଅଧୀନ ବ୍ଲକ୍ ମୁଖ୍ୟାଳୟରେ ବିଜେପି ପକ୍ଷରୁ 'ହର୍ ଘର୍ ତିରଙ୍ଗା'ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ପାଟଣା ବିଧାୟକ ଅଖିଳ ଚନ୍ଦ୍ର ନାଏକ, ବ୍ଲକ ଅଧ୍ୟକ୍ଷା ବୀଣାପାଣି ନାୟକ, ରାଜ୍ୟ କୃଷକ ମୋର୍ଚ୍ଚା ଉପସଭାପତି ରାଧାକାନ୍ତ ମହାନ୍ତ, ବିଧାୟକଙ୍କ ପ୍ରତିନିଧି କମଳାକାନ୍ତ ଦାଶ, ରାଜ୍ୟ ପରିଷଦ ସଭ୍ୟା ସୋମବାରି ମୁଣ୍ଡା, ସାହାରପଡା ପୂର୍ବତନ ବ୍ଲକ୍ ଅଧ୍ୟକ୍ଷ ଗୌତମ ନାଏକ, ଆଇନଜୀବୀ ମହେଶ୍ୱର ପୃଷ୍ଟି, ସାହାରପଡା ବ୍ଲକ ବିଧାୟକ ପ୍ରତିନିଧି ନରେନ୍ଦ୍ର କୁମାର ମହାନ୍ତ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ବିଶ୍ୱନାଥ ନାୟକ, ରାଷ୍ଟ୍ରୀୟ ମହିଳା ମୋର୍ଚ୍ଚା ସଦସ୍ୟ ଦାଶମତି ଚାତର, ପ୍ରକାଶ ମଲ୍ଲିକ, ପୂର୍ବତନ ମଣ୍ଡଳ ସଭାପତି ରମେଶ ମହାନ୍ତ, ସାଂସଦ ଥାନା ପ୍ରତିନିଧି ଯୁଧିଷ୍ଠିର ମହାନ୍ତ, ମଧୁସୂଦନ ମହାନ୍ତ ପ୍ରମୁଖ ଓ ଅନ୍ୟାନ୍ୟ କର୍ମକର୍ତ୍ତା ସାମିଲ ଥିଲେ।

**ରାମଚନ୍ଦ୍ରପୁର:** ଘସିପୁରା ନିର୍ବାଚନ ମଣ୍ଡଳୀ ଅଧୀନ ରାମଚନ୍ଦ୍ରପୁର ମଣ୍ଡଳ ସଭାପତି ଅଜୟ ବାରିକ୍‌ଙ୍କ ସଂଯୋଜନାରେ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ବିଜେପି ନେତା ଦୀପକ କୁମାର ଜେନା ଯୋଗଦେଇଥିଲେ। କାର୍ଯ୍ୟକ୍ରମରେ ଦେଓଗାଁ ମଣ୍ଡଳ ସଭାପତି ବାଇଧର ଚିନ୍ଦ୍ରା, ବିଜେପିର ବରିଷ୍ଠ କାର୍ଯ୍ୟକର୍ତ୍ତା ଅନନ୍ତ ଜେନା, ଗଦାଧର ଜେନା, ପ୍ରମୋଦକୁମାର ବେହେରା ସମେତ ଅନେକ କର୍ମି ସାମିଲ ହୋଇଥିଲେ। ସେହିପରି ଦେଓଗାଁ ମଣ୍ଡଳ ସଭାପତି ବାଇଧର ଚିନ୍ଦ୍ରାଙ୍କ ନେତୃତ୍ୱରେ ଆଗର୍ଦ୍ଦା ଶିବମନ୍ଦିର ପରିସରରୁ ତ୍ରିରଙ୍ଗା ଯାତ୍ରା ଶୁଭାରମ୍ଭ ହୋଇ ସାଇଁକୁଳ ବଜାର ପରିକ୍ରମା ପରେ ଶେଷ ହୋଇଛି।

**ବେଲବାହାଳି:** ଆନନ୍ଦପୁର ବିଜେପି ପକ୍ଷରୁ ହର ଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ଓ ବାଇକ୍ ଶୋଭଯାତ୍ରା ଅନୁଷ୍ଠିତ ହୋଇଛି। ବେଲବାହାଳି ମଣ୍ଡଳ ସଭାପତି ଚନ୍ଦ୍ରମଣୀ ସେଠୀଙ୍କ ନେତୃତ୍ୱରେ ମୁଖ୍ୟଅଥିତି ଭାବେ ଆନନ୍ଦପୁର ବିଜେପି ବିଧାୟକ ପାର୍ଥୀ ଆଲୋକ ସେଠୀ ଏବଂ ସମ୍ମାନିତ ଅତିଥି ଭାବେ ୩ନଂ ଜୋନ ଜିଲ୍ଲା ପରିଷଦ ଅସୀମା ମିଶ୍ର, ସାଂସଦ ପ୍ରତିନିଧି ଅନାଦି ଚରଣ ସାହୁ, ବୀରକିଶୋର ସାହୁ, ତାପସ ଜେନା, ସଞ୍ଜୟ ବାରିକ, ପ୍ରାଣକୃଷ୍ଣ ସାହୁ ପ୍ରମୁଖ କାର୍ଯ୍ୟକ୍ରମକୁ ସଫଳ କରିଥିଲେ।

**ତେଲକୋଇ:** କେନ୍ଦୁଝର ଜିଲ୍ଲା ବିଜେପି ତେଲକୋଇ ମଣ୍ଡଳ ପକ୍ଷରୁ ତ୍ରିରଙ୍ଗା ଯାତ୍ରା (ବାଇକ ଶୋଭାଯାତ୍ରା) ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସ୍ଥାନୀୟ ବିଧାୟକ ଡା. ଫକୀର ମୋହନ ନାଏକ ଯୋଗଦେଇ ଥିଲେ। ଅବସରରେ ବିର୍ସା ମୁଣ୍ଡା ଛକ ନିକଟରେ ମୁଖ୍ୟ ଅତିଥି ଚାରାରୋପଣ କରିଥିଲେ। ଏଥିରେ ୨୦ନଂ ଜୋନର ଜିଲ୍ଲା ପରିଷଦ ସଭ୍ୟ ଛଇଳବାଳା ନାଏକ, ବିଧାୟକ ପ୍ରତିନିଧି ପଦ୍ମଲୋଚନ ସାହୁ, ସାଂସଦ ପ୍ରତିନିଧି ହରିହର ପ୍ରଧାନ, ତେଲକୋଇ ମଣ୍ଡଳ ସଭାପତି ବଟକୃଷ୍ଣ ମୁଖୀ, ଜିଲ୍ଲା କାର୍ଯ୍ୟକାରିଣୀ ସଦସ୍ୟ ପ୍ରଫୁଲ୍ଲ କୁମାର ସାହୁ, ପୂର୍ବତନ ମଣ୍ଡଳ ସଭାପତି ପ୍ରମୋଦ କୁମାର ସାହୁ, ଲୋକନାଥ ପ୍ରଧାନ, ଚକ୍ର ପ୍ରଧାନ, ଲମ୍ବୋଦର ମହାନ୍ତ, ଜମ୍ବେଶ୍ୱର ପ୍ରଧାନ ସାମିଲ ହୋଇଥିଲେ।

**ଚମ୍ପୁଆ:** ଚମ୍ପୁଆରେ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଚନ୍ଦ୍ରଶେଖର ମହାବିଦ୍ୟାଳୟର ଅଧ୍ୟକ୍ଷ ରାଜେନ୍ଦ୍ର କରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ତ୍ରିରଙ୍ଗା ଯାତ୍ରାରେ ଅଧ୍ୟାପକ ରାଜକିଶୋର ମହାନ୍ତ, ପ୍ରଶାନ୍ତ ନନ୍ଦ, ଚମ୍ପେଶ୍ୱର ମିଶ୍ର, ସୁନୀଲ ସାହୁ, ଦିପ୍ତିରଞ୍ଜନ ଖଟୁଆ, ଅଧ୍ୟାପିକା ଚିନ୍ମୟୀ ମହାନ୍ତ, ଲିପିକା ପ୍ରଧାନ, ରଶ୍ମି ବେହେରା ପ୍ରମୁଖ ଯୋଗ ଦେଇଥିଲେ। ଚନ୍ଦ୍ରଶେଖର ଓ ମହିଳା ଯୁକ୍ତ ୨ ବିଦ୍ୟାଳୟର ପ୍ରାୟ ୮୦୦ରୁ ଅଧିକ ଛାତ୍ରଛାତ୍ରୀ ଏହି ଯାତ୍ରାରେ ସାମିଲ ହୋଇଥିଲେ।

### ଆଜି ସ୍ୱାଧୀନତା ଦିବସ

# ରାସ୍ତା, ବିଜୁଳି ଓ ପାନୀୟ ଜଳରୁ ବଞ୍ଚିତ ୧୦ଟି ଗାଁ

ଆନନ୍ଦପୁର,୧୪।୮ (ସମିସ):

କେନ୍ଦୁଝର ଜିଲ୍ଲା ଘସିପୁରା ବ୍ଲକ୍ ଶାମୁକାନାଣ୍ଡି ପଞ୍ଚାୟତର ୧୦ରୁ ଅଧିକ ଗ୍ରାମର ଲୋକେ ଶିକ୍ଷା, ସ୍ୱାସ୍ଥ୍ୟ, ପାନୀୟଜଳ, ରାସ୍ତା ଓ ବିଦ୍ୟୁତ୍ ଭଳି ମୌଳିକ ସୁବିଧାରୁ ବଞ୍ଚିତ ହୋଇ ଅଭିଶପ୍ତ ଜୀବନ ବିତାଉଛନ୍ତି। ସରକାରୀ ଅଧିକାରୀଙ୍କ ପାଦ ପଡୁନି ଏବଂ ହାରିଗୁହାରି କେହି ଶୁଣୁନାହାନ୍ତି ବୋଲି ଅଭିଯୋଗ ହେଉଛି। ସାରା ଦେଶ ସାଧାରଣତନ୍ତ୍ର ଦିବସ ପାଳନ କରୁଥିବା ବେଳେ ଏଠାକାର ଜନସାଧାରଣଙ୍କ ପାଇଁ ଏହା ମୂଲ୍ୟହୀନ ହୋଇପଡ଼ିଛି। ଏପରି ଦୟନୀୟ ଚିତ୍ର ଦେଖିବାକୁ ମିଳିଛି ଘସିପୁରା ବ୍ଲକ ଶାମୁକାନାଣ୍ଡି ପଞ୍ଚାୟତର ବରଗୋଠ, ହାଡ଼ିବସା, ପଠାନଡାହି, ମଧୁବନ, ଝାଟିଆ, କୁମପଦା ତଳସାହି, ବାଦୁଡ଼ିବସା, କଣ୍ଡିତଳି, ରାମସିଂଡାହି, କାଳିଆପାଣି, ପାଳିଆଡାହିକୁ ଆଜି ପର୍ଯ୍ୟନ୍ତ ରାସ୍ତା ନିର୍ମାଣ ହୋଇପାରି ନାହିଁ। ଲୋକେ କେଉଁଠି ବିଲ ହୁଡ଼ାରେ ତ କେଉଁଠି ପାହାଡ଼ିଆ ରାସ୍ତାରେ ଯାତାୟାତ କରୁଛନ୍ତି। ପ୍ରସବ ଯନ୍ତ୍ରଣା ହେଲେ ପରିବାର ଲୋକେ ନିଜ ଜୀବନକୁ ବାଜି ଲଗାଇ ରୋଗୀଙ୍କୁ ଏକ ଖଟିଆରେ ବୋହି ନାଳ ପାର କରି ଆମ୍ବୁଲାନ୍ସ ପର୍ଯ୍ୟନ୍ତ ନେଇଥାନ୍ତି। ରୋଗୀଙ୍କୁ ଖଟିଆରେ ବୋହିବା ଏଠାକାର ଲୋକଙ୍କ ପାଇଁ ସାଧାରଣ କଥା ହୋଇଛି। ପଞ୍ଚାୟତର ବରଗୋଠ ଗ୍ରାମଠାରୁ ଶାମୁକାନାଣ୍ଡି ପଞ୍ଚାୟତ କାର୍ଯ୍ୟାଳୟର ଦୂରତା ୫କିମି ଗ୍ରାମର କେହି ବ୍ୟକ୍ତି ପଞ୍ଚାୟତ କାର୍ଯ୍ୟାଳୟକୁ ଚାଉଳ ଆଣିବାପାଇଁ ଗଲେ ଫେରିବା ସମୟରେ ତାଙ୍କର ପତ୍ନୀ କିମ୍ବା ପରିବାର ସଦସ୍ୟ ଖାଦ୍ୟ ନେଇ ପାହାଡ଼ ତଳକୁ ଆସିଥାନ୍ତି। ଖାଇସାରିବା ପରେ ପାହାଡ଼ ଚଢ଼ି ଗ୍ରାମକୁ ଯାଇଥାନ୍ତି। ଏସବୁ ଗ୍ରାମକୁ ଅଦ୍ୟାବଧି ବିଦ୍ୟୁତ୍ ସଂଯୋଗ ହୋଇପାରି ନାହିଁ। ଲୋକେ ଅନ୍ଧାରି ଜୀବନ ବିତାଉଛନ୍ତି। ସନ୍ଧ୍ୟାରେ ଘରୁ ବାହାରିବା ମୁସ୍କିଲ ହେଉଛି। ଜନଜାତିମାନେ ବିଦ୍ୟୁତ୍ ସଂଯୋଗ ପାଇଁ ବିଡିଓଙ୍କଠାରୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀଙ୍କୁ ଭେଟି ଗୁହାରି କରିଥିଲେ ମଧ୍ୟ କେହି ସେମାନଙ୍କ କଥା ଶୁଣୁ ନାହାନ୍ତି ବୋଲି ଅଭିଯୋଗ ହେଉଛି।






Lunching of Zoom 125, Courtesy Soumik Hero, Jajpur Road

## ଠକେଇରେ ଲାଗିବ ଲଗାମ୍

# ୟୁପିଆଇରୁ ପଠାଇହେବନି ଟଙ୍କା ପାଇଁ ଅନୁରୋଧ



### ଅକ୍ଟୋବରରୁ ପି-ଟୁ-ପି କଲେକ୍ଟ ରିକ୍ୱେଷ୍ଟ ବନ୍ଦ କରିବାକୁ ଏନ୍‌ପିସିଆଇର ନିର୍ଦ୍ଦେଶ

ନୂଆଦିଲ୍ଲୀ,୧୪।୮ (ଏଜେନ୍ସି): ଏଣିକି ଆଉ ୟୁପିଆଇରୁ ଟଙ୍କା ପାଇଁ କାହାକୁ ଅନୁରୋଧ ପଠାଇ ହେବନାହିଁ। କାରଣ ଭାରତୀୟ ଜାତୀୟ ପେମେଣ୍ଟ କର୍ପୋରେସନ୍ (ଏନ୍‌ପିସିଆଇ) ଅକ୍ଟୋବର ପହିଲାରୁ ୟୁପିଆଇ ରେ ପିଅର-ଟୁ-ପିଅର (ପି-ଟୁ-ପି) କଲେକ୍‌ସନ୍ ଅନୁରୋଧକୁ ସମ୍ପୂର୍ଣ୍ଣ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛି। ଏହାର ଅର୍ଥ ହେଉଛି ଯେ ଏବେ ଜଣେ ବ୍ୟକ୍ତି ୟୁପିଆଇ ମାଧ୍ୟମରେ ଅନ୍ୟ ବ୍ୟକ୍ତିଙ୍କଠାରୁ ଟଙ୍କା ମାଗିବା ପାଇଁ ଅନୁରୋଧ ପଠାଇପାରିବ ନାହିଁ।

ଏଠାରେ ସୂଚନାଯୋଗ୍ୟ ଯେ ପି-ଟୁ-ପି କଲେକ୍‌ସନ୍ ଅନୁରୋଧ କିମ୍ବା 'ପୁଲ୍ ଟ୍ରାଞ୍ଜାକ୍ସନ୍' ଏକ ସୁବିଧା ଯେଉଁଥିରେ ଜଣେ ୟୁପିଆଇ ବ୍ୟବହାରକାରୀ ଅନ୍ୟ ଜଣେ ବ୍ୟବହାରକାରୀଙ୍କଠାରୁ ଟଙ୍କା ମାଗିବା ପାଇଁ ଅନୁରୋଧ ପଠାଇଥାନ୍ତି। ଅନୁରୋଧ ପାଇବା ପରେ, ଦେୟ ପ୍ରଦାନ କରୁଥିବା ବ୍ୟକ୍ତି ତାଙ୍କ ୟୁପିଆଇ ପାନ୍ ମାଧ୍ୟମରେ ଦେୟ ଅନୁମୋଦନ କରନ୍ତି।ତେବେ ଠକମାନେ ଏହି ବୈଶିଷ୍ଟ୍ୟର ଅପବ୍ୟବହାର କରି ୟୁପିଆଇ ବ୍ୟବହାରକାରୀଙ୍କୁ ଲୁଟୁଥିଲେ। ସେମାନେ ଅଜଣା ଅନୁରୋଧ ପଠାଇ ଲୋକଙ୍କୁ ଭୁଲରେ ଟଙ୍କା ସ୍ଥାନାନ୍ତର କରିବାକୁ ବାଧ କରୁଥିଲେ। ବର୍ଦ୍ଧିତ ସାଇବର ଠକେଇକୁ ରୋକିବା ପାଇଁ ଏନ୍‌ପିସିଆଇ ଏହି ନିଷ୍ପତ୍ତି ନେଇଛି।ଏହି ନିଷେଧାଦେଶ କେବଳ ପି-ଟୁ-ପି କଲେକସନ୍ ଅନୁରୋଧ ଉପରେ ଅର୍ଥାତ୍ ବ୍ୟକ୍ତିଗତ ବ୍ୟବହାରକାରୀଙ୍କ ମଧ୍ୟରେ ଲାଗୁ ହେବ। ଫ୍ଲିପ୍‌କାର୍ଟ, ଆମାଜନ୍, ସ୍ୱିଗୀ ଏବଂ ଆଇଆର୍‌ସିଟିସି ଭଳି ମର୍ଚ୍ଚାଣ୍ଟଙ୍କ କ୍ଷେତ୍ରରେ ବୈଧ ବ୍ୟବସାୟ ପାଇଁ କଲେକ୍‌ସନ୍ ଅନୁରୋଧ ବ୍ୟବହାର କରିପାରିବେ, ଯଦି ବ୍ୟବହାରକାରୀ ପେମେଣ୍ଟକୁ ଅନୁମୋଦନ କରନ୍ତି। ଏଡ୍‌ପିସିଆଇ ସମସ୍ତ ବ୍ୟାଙ୍କ ଏବଂ ୟୁପିଆଇ ଆପ୍ସକୁ ଅକ୍ଟୋବର ପହିଲା ସୁଦ୍ଧା ପି-ଟୁ-ପି ସଂଗ୍ରହ କାରବାର ଆରମ୍ଭ କରିବା, ରାଉଟିଂ କରିବା କିମ୍ବା ପ୍ରକ୍ରିୟାକରଣ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛି।

# ବିକ୍ରି ହେବ ଏଲ୍‌ଆଇସି ଅଂଶଧନ

### ରୋଡ ଶୋ' କରିବେ ସରକାର


### ୧୭ ହଜାର କୋଟିର ରାଜସ୍ୱ ସଂଗ୍ରହ ଲକ୍ଷ୍ୟ

ନୂଆଦିଲ୍ଲୀ,୧୪।୮ (ଏଜେନ୍ସି): ବିକ୍ରି ହେବ ଦେଶର ବୃହତ୍ ଜୀବନ ବୀମା କମ୍ପାନୀ ଭାରତୀୟ ଜୀବନ ବୀମା ନିଗମ(ଏଲ୍‌ଆଇସି)। ସରକାରୀ ଉଦ୍ୟୋଗରୁ ପୁଞ୍ଜି ପ୍ରତ୍ୟାହାରର ଅଂଶସ୍ୱରୂପ କେନ୍ଦ୍ର ସରକାର ଏଲ୍‌ଆଇସିରୁ ଅଂଶଧନ ବିକ୍ରି କରିବେ। ଏଥିପାଇଁ ସରକାର ଆଗାମୀ ଦୁଇ ସପ୍ତାହ ମଧ୍ୟରେ ରୋଡ ଶୋ' ଆରମ୍ଭ କରାଯାଇପାରେ।




ଯୋଜନାନୁଯାୟୀ, ପ୍ରଥମ ପର୍ଯ୍ୟାୟରେ ଏଲ୍‌ଆଇସି ସେୟାରର ୨.୫%ରୁ ୩% ବିକ୍ରି କରାଯାଇପାରିବ। ମୋତିଲାଲ ଓସୱାଲ ଏବଂ ଆଇଡିବିଆଇ କ୍ୟାପିଟାଲକୁ ଏହି ଅଫର ଫର୍ ସେଲ୍ (ଓଏଫ୍‌ଏସ୍)ର ପରିଚାଳକ ନିଯୁକ୍ତ କରାଯାଇଛି। ରିପୋର୍ଟରେ କୁହାଯାଇଛି ଯେ ପ୍ରଥମ ପର୍ଯ୍ୟାୟର ଚୂଡ଼ାନ୍ତ ଆକାର ଏବଂ ମୂଲ୍ୟ ରୋଡ ଶୋ' ପରେ ନିର୍ଣ୍ଣୟ କରାଯିବ। ଏହି ଅଂଶଧନ ବିକ୍ରିରୁ କେନ୍ଦ୍ର ସରକାର ୧୭ ହଜାର କୋଟିର ରାଜସ୍ୱ ସଂଗ୍ରହ ଲକ୍ଷ୍ୟ ରଖିଛନ୍ତି।

ତେବେ ପ୍ରଥମ ପର୍ଯ୍ୟାୟରେ, କେନ୍ଦ୍ର ସରକାର ଏହି ଅଂଶଧନ ବିକ୍ରିରୁ ପ୍ରାୟ ୧୪,୦୦୦ କୋଟି ରୁ ୧୭,୦୦୦ଟଙ୍କା କୋଟି ରୋଜଗାର କରିବାକୁ ଆଶା କରିଛନ୍ତି। ବର୍ତ୍ତମାନ ସରକାରଙ୍କର ଏଲ୍‌ଆଇସିରେ ୯୬.୫% ଅଂଶଧନ ରହିଛି। ଭାରତୀୟ ପ୍ରତିଭୂତି ଏବଂ ବିନିମୟ ବୋର୍ଡ ଏଲ୍‌ଆଇସି କୁ ଏହାର ସାର୍ବଜନୀନ ଅଂଶଧନକୁ ବର୍ତ୍ତମାନର ୩.୫% ରୁ ଅତି କମ୍‌ରେ ୧୦% କୁ ବୃଦ୍ଧି କରିବା ପାଇଁ ୨୦୨୭ ମେ' ୧୬ ପର୍ଯ୍ୟନ୍ତ ସମୟ ଦେଇଛି। ଚଳିତମାସ ମାସର ପ୍ରାରମ୍ଭରେ,ଏଲ୍‌ଆଇସି ୨୦୨୫-୨୬ ଆର୍ଥିକବର୍ଷର ପ୍ରଥମ ତ୍ରୈମାସିକ ପାଇଁ ଏହାର ଫଳାଫଳ ଘୋଷଣା କରିଥିଲା। ଏହି ସମୟରେ ବୀମା କମ୍ପାନୀର ନେଟ୍ ଲାଭ ୫.୦୨% ବୃଦ୍ଧି ପାଇ ୧୦,୯୮୭ କୋଟି ଟଙ୍କାରେ ପହଞ୍ଚିଛି।




# ସେପ୍ଟେମ୍ବରରୁ ରୁପାରେ ବି ଲାଗିବ ହଲ୍‌ମାର୍କିଂ



### ସ୍ୱେଚ୍ଛାକୃତ ଭାବେ ହେବ ଲାଗୁ

### ୬ ଗ୍ରେଡ୍ ରୁପା ଅଳଙ୍କାରରେ ହଲ୍‌ମାର୍କ ଲାଗୁ କରିବାକୁ ନିଷ୍ପତ୍ତି

ନୂଆଦିଲ୍ଲୀ,୧୪।୮ (ଏଜେନ୍ସି): ସୁନା ପରେ ଏବେ ସରକାର ରୁପା ଅଳଙ୍କାରରେ ମଧ୍ୟ ହଲମାର୍କିଂ ନିୟମ ଲାଗୁ କରିବାକୁ ପ୍ରସ୍ତୁତ ହେଉଛନ୍ତି। ଏହା ସେପ୍ଟେମ୍ବର ପହିଲାରୁ ସ୍ୱେଚ୍ଛାକୃତ ଭାବରେ ଲାଗୁ ହେବ। ସୁନା ପରି ଏହି ନିୟମ ୬ ଗ୍ରେଡ୍ ରୂପା ଅଳଙ୍କାର ଉପରେ ଲାଗୁ ହେବ। ରୁପା ଉପରେ ୬ ଅଙ୍କ ବିଶିଷ୍ଟ ଏଚ୍‌ୟୁଆଇଡି ହଲମାର୍କିଂ ଲାଗୁ ହେବ। ଏଠାରେ ସୂଚନାଯୋଗ୍ୟ ଯେ, ୨୦୨୪ ଏପ୍ରିଲ ପହିଲାରୁ ସୁନା ଏବଂ ଏହାର ଅଳଙ୍କାର ଉପରେ ବାଧ୍ୟତାମୂଳକ ହଲମାର୍କିଂ ନିୟମ ଲାଗୁ ହୋଇଥିଲା।

ସୁନାର ୨୨ କ୍ୟାରେଟ୍ କିମ୍ବା ୧୮ କ୍ୟାରେଟ୍‌ରେ ହଲମାର୍କିଂ ଚିହ୍ନ ରହିଛି। ସେହିପରି ଏବେ ରୁପାରେ ମଧ୍ୟ ଏକ ସ୍ୱତନ୍ତ୍ର ହଲ୍‌ମାର୍କିଂ ଚିହ୍ନ ରହିବ, ଯାହା କହିବ ଯେ ଏଥିରେ ରୁପାର କେତେ ଶୁଦ୍ଧତା ଅଛି। ଭାରତୀୟ ମାନକ ବ୍ୟୁରୋ (ବିଆଇଏସ୍) ଏହାକୁ ଯାଞ୍ଚ କରେ, ଯାହା ଦ୍ୱାରା ଆପଣଙ୍କୁ ନକଲି କିମ୍ବା ଠକେଇରୁ ନିସ୍ତାର ମିଳିଥାଏ। ସେପ୍ଟେମ୍ବର ମାସରୁ ଏହି ନିୟମ ଅନୁପାଳନ ପ୍ରାରମ୍ଭରେ ସ୍ୱେଚ୍ଛାକୃତ ହେବ। ଅର୍ଥାତ୍, ଅଳଙ୍କାର ବ୍ୟବସାୟୀମାନେ ଚାହିଁଲେ ଏହାକୁ ଗ୍ରହଣ କରିବେ। କିନ୍ତୁ ପରେ ଏହାକୁ ବାଧ୍ୟତାମୂଳକ ମଧ୍ୟ କରାଯିବ, ଯେପରି ଏହା ସୁନା କ୍ଷେତ୍ରରେ ଲାଗୁ କରାଯାଇଥିଲା। ଅନେକ ସମୟରେ ଲୋକମାନେ କମ୍ ମୂଲ୍ୟରେ ରୂପା କିଣନ୍ତି, କିନ୍ତୁ ପରେ ଜଣାପଡ଼େ ଯେ ଏଥିରେ ରୁପା କମ୍ ଏବଂ ଅନ୍ୟାନ୍ୟ ଧାତୁ ଅଧିକ ଥିଲା। ହଲମାର୍କିଂ ଏହି ଠକେଇକୁ ବନ୍ଦ କରିବ।


# କଟକରେ ଜୟଆଲୁକ୍କାସ୍‌ର ନୂଆ ଶୋ'ରୁମ୍





କଟକ, ୧୪।୮ (ସମିସ) : ଅଗ୍ରଣୀ ଅଳଙ୍କାର ବିକ୍ରେତା ଜୟଆଲୁକ୍କାସ୍‌ର ନୂତନ ସ୍ୱର୍ଣ୍ଣ ଅଳଙ୍କାର ଶୋ' ରୁମ୍ ବୁଧବାର ସନ୍ଧ୍ୟାରେ କଟକ ସ୍ଥିତ କ୍ୟାଣ୍ଟନ୍‌ମେଣ୍ଟ ରୋଡରେ ଉଦ୍‌ଘାଟିତ ହୋଇଯାଇଛି। ଏହି ଉଦ୍‌ଘାଟନୀ ଉତ୍ସବରେ ବିଧାୟିକା ସୋଫିଆ ଫିର୍ଦୋଷ, କଟକ ମେୟର ସୁବାସ ସିଂ, ୨୫ ନମ୍ବର ୱାର୍ଡ କର୍ପୋରେଟର ସତ୍ୟରାମ ସାହୁ ପ୍ରମୁଖ ଯୋଗଦେଇଥିଲେ।

ଚଳଚ୍ଚିତ୍ର ଅଭିନେତ୍ରୀ ତଥା ଜଣାଶୁଣା ମଡେଲ ମାଲ୍‌ଭିକା ଶର୍ମା କାର୍ଯ୍ୟକ୍ରମର ଅନ୍ୟତମ ଆକର୍ଷଣ ସାଜିଥିଲେ। ଏତଦ୍‌ବ୍ୟତୀତ ଜୟଆଲୁକ୍କାସ୍ ଗ୍ରୁପର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଥୋମାସ୍ ମାଥ୍ୟୁ ଭାଇଚାରା ଓ ପରମ୍ପରାର ଏକହଜାର ବର୍ଷର ସହରରେ ଜୟଆଲୁକ୍କାସ୍ ଉପସ୍ଥିତିର ଗୁରୁତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ନୂଆ ସୋ' ରୁମ୍ ଖୋଲିବା ଅବସରରେ ଜୟଆଲୁକ୍କାସ୍ ପକ୍ଷରୁ ହୀରା ଓ ଅନକଟ୍ ହୀରା ଅଳଙ୍କାର ଉପରେ ୨୫% ରିଆତି ଏବଂ ୧ ଲକ୍ଷ ଟଙ୍କା ଓ ତା' ଠାରୁ ଅଧିକ ମୂଲ୍ୟର ସୁନା ଓ ମୂଲ୍ୟବାନ ଷ୍ଟୋନ୍ ଅଳଙ୍କାର ଉପରେ ଗ୍ରାହକଙ୍କ ପାଇଁ ୫ ଗ୍ରାମର ରୁପା ବାର ପ୍ରଦାନ ବ୍ୟବସ୍ଥା ରହିଛି। ପ୍ରତ୍ୟେକ ଗ୍ରାହକ କିଣାକିଣି ଉପରେ ନିଶ୍ଚିତ ମାଗଣା ଉପହାର ପାଇବେ। ଅନ୍ତର୍ଜାତୀୟ ମାନଦଣ୍ଡ ଅନୁସାରେ ନିର୍ମାଣ କରାଯାଇଥିବା ଜୟଆଲୁକ୍କାସ୍ ନୂତନ ସୋ'ରୁମ୍ ଏକ ବି ବିଶ୍ୱସ୍ତରୀୟ ତଥା ବିଳାସପୂର୍ଣ୍ଣ ସପିଂ ଅନୁଭୂତି ପ୍ରଦାନ କରିବ । ଗ୍ରାହକମାନେ ଏକ ଚମତ୍କାର ପରିବେଶରେ ପାରମ୍ପାରିକ ସୁନା, ବିବାହ ଅଳଙ୍କାର, ହୀରା ଓ ମୂଲ୍ୟବାନ ଷ୍ଟୋନ୍ ଆଦି କିଣିପାରିବେ। ଏହି ଅବସରରେ ଜୟଆଲୁକ୍କାସ୍ ଗ୍ରୁପ ଅଧ୍ୟକ୍ଷ ଡଃ ଜୟଆଲୁକ୍କାସ୍ କହିଛନ୍ତି କଟକ ଐତିହ୍ୟ ଓ ପରମ୍ପରାରେ ପରିପୂର୍ଣ୍ଣ ସହରର ସୂକ୍ଷ୍ମ ତାରକସୀ କାରିଗରୀ କୌଶଳ ପାଇଁ ବିଶ୍ୱ ଦରବାର ବାରରେ କଟକ ପ୍ରସିଦ୍ଧି ହାସଲ କରିଥିବାବେଳେ ଏଠାରେ ବ୍ୟବସାୟ ଆରମ୍ଭ କରିବା ଆମ ପାଇଁ ଅତ୍ୟନ୍ତ ଗୌରବ ଓ ସୌଭାଗ୍ୟର ବିଷୟ।








# ଅଭିନେତା ଦର୍ଶନଙ୍କ ଜାମିନ ବାତିଲ୍ କଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ରେଣୁକାସ୍ୱାମୀ ହତ୍ୟା ମାମଲାରେ ମୁଖ୍ୟ ଅଭିଯୁକ୍ତ ତଥା ଅଭିନେତା ଦର୍ଶନ ଓ ଅନ୍ୟ ଲୋକଙ୍କୁ ଦିଆଯାଇଥିବା ଜାମିନକୁ ରଦ୍ଦ କରିଛନ୍ତି ସୁପ୍ରିମକୋର୍ଟ। ଜଷ୍ଟିସ ଜେବି ପାରଦିୱାଲା ଓ ଜଷ୍ଟିସ ଆର ମହାଦେବନଙ୍କୁ ନେଇ ଗଠିତ ଖଣ୍ଡପୀଠ ଏ ସଂକ୍ରାନ୍ତରେ କର୍ଣ୍ଣାଟକ ହାଇକୋର୍ଟଙ୍କ ଆଦେଶକୁ ଖାରଜ କରିବା ସହ ଏଥିରେ ବହୁତ ତ୍ରୁଟି ରହିଛି ବୋଲି କହିଛନ୍ତି। ଅଭିଯୁକ୍ତ ଯେତେ ବଡ଼ ହୁଅନ୍ତୁ ନା କାହିଁକି, ତାଙ୍କ ଲୋକପ୍ରିୟତା ଯେତେ ହେଉ ନା କାହିଁକି ସେ ଆଇନ୍‌ର ଉର୍ଦ୍ଧ୍ୱରେ ନୁହନ୍ତି ବୋଲି ସୁପ୍ରିମ କୋର୍ଟ ସ୍ପଷ୍ଟ କରିଦେଇଛନ୍ତି। ଏହାଦ୍ୱାରା ପୂରା ସମାଜକୁ ଏକ ଗଠନମୂଳକ ବାର୍ତ୍ତା ଯିବ। ତେଣୁ ଯଥାଶୀଘ୍ର ଅଭିଯୁକ୍ତ ଆତ୍ମସମର୍ପଣ କରନ୍ତୁ ବୋଲି କୋର୍ଟ କହିଛନ୍ତି। କୋର୍ଟ ଦର୍ଶନଙ୍କ ସମେତ ସବୁ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏଥିସହ ଜେଲରେ ଅଭିଯୁକ୍ତମାନଙ୍କୁ ବିଶେଷ ସୁବିଧା ସୁଯୋଗ ନ ଦେବାକୁ ତାଗିଦ କରିଛନ୍ତି। କର୍ଣ୍ଣାଟକ ହାଇକୋର୍ଟ ଦର୍ଶନ ଓ ତାଙ୍କ ସହଯୋଗୀଙ୍କୁ ଜାମିନ ପ୍ରଦାନ କରିଥିଲେ। ଏହାକୁ ବିରୋଧ କରି କର୍ଣ୍ଣାଟକ ସରକାର ସୁପ୍ରିମକୋର୍ଟରେ ଆବେଦନ କରିଥିଲେ। ଦର୍ଶନ ଓ ଅନ୍ୟ ଅଭିଯୁକ୍ତମାନଙ୍କୁ ହାଇକୋର୍ଟ ୨୦୨୪ ଡିସେମ୍ବର ୧୩ରେ ଜାମିନ ପ୍ରଦାନ କରିଥିଲେ। ଏବେ ବଲ୍ଲାରୀ ଜେଲ୍‌ରେ ଦର୍ଶନ ଓ ଅନ୍ୟମାନଙ୍କୁ ରଖାଯିବ ଓ ଏଥିପାଇଁ ସେଠାରେ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ଉଲ୍ଲେଖଥାଉ କି ଦର୍ଶନ ଓ ପବିତ୍ର ଗୌଡା ସମେତ ଅନ୍ୟ ଅଭିଯୁକ୍ତମାନେ ୩୩ ବର୍ଷୀୟ ରେଣୁକାସ୍ୱାମୀ ନାମକ ଜଣେ ପ୍ରଶଂସକଙ୍କୁ ଅପହରଣ କରିବା ସହ ନିର୍ଯାତନା ଦେଇଥିଲେ। ତାଙ୍କ ମୃତଦେହ ଏକ ନାଳରୁ ମିଳିଥିଲା।

# ପାଇଲଟ୍‌ଙ୍କ ଡ୍ୟୁଟି ନେଇ ଏୟାର ଇଣ୍ଡିଆକୁ ଡିଜିସିଏର ଚେତାବନୀ

ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ପାଇଲଟମାନଙ୍କ ଡ୍ୟୁଟି ସମୟସୀମା ଉଲ୍ଲଂଘନ ନେଇ ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ (ଡିଜିସିଏ) ଏୟାର ଇଣ୍ଡିଆକୁ ଚେତାବନୀ ଦେଇଛି। ଦୁଇଟି ଅନ୍ତର୍ଜାତୀୟ ଉଡାଣକୁ ନେଇ ଡିଜିସିଏ ଏହି ଚେତାବନୀ ଦେଇଛି। ଗତ ମେ ମାସରେ ବେଙ୍ଗାଲୁରୁ ଓ ଲଣ୍ଡନ ମଧ୍ୟରେ ଚାଲୁଥିବା ଦୁଇଟି ବିମାନରେ ପାଇଲଟମାନେ ୧୦ ଘଣ୍ଟାରୁ ଅଧିକ ସମୟ ବିମାନ ଚଳାଇଥିଲେ। ଏହା ନିୟମର ଘୋର ଉଲ୍ଲଂଘନ ବୋଲି ଡିଜିସିଏ ତରଫରୁ କୁହାଯାଇଛି। ଡିଜିସିଏ ଏସଂକ୍ରାନ୍ତରେ ଏୟାରଲାଇନକୁ କାରଣ ଦର୍ଶାଅ ନୋଟିସ ଜାରି କରିଥିଲେ। କିନ୍ତୁ ଏହାର କୌଣସି ସନ୍ତୋଷଜନକ ଉତ୍ତର ମିଳି ନଥିଲା। ଭବିଷ୍ୟତରେ ଏପରି ନ କରିବାକୁ ଡିଜିସିଏ ଚେତାବନୀ ଦେଇଛି। କିନ୍ତୁ ପାକିସ୍ତାନର ଆକାଶ ସୀମା ବନ୍ଦ କାରଣରୁ ଏଭଳି ସମସ୍ୟା ସୃଷ୍ଟି ହୋଇଥିଲା। କାରଣ ଏଥିପାଇଁ ଅଧିକ ଦୂର ଅତିକ୍ରମ କରିବାକୁ ପଡୁଛି ବୋଲି ଏୟାରଲାଇନ୍ସର ମୁଖପାତ୍ର କହିଛନ୍ତି। କିନ୍ତୁ ପରେ ଏହି ନିୟମକୁ ଠିକ୍ ଭାବେ ପାଳନ କରାଯାଉଛି ବୋଲି ସେ କହିଛନ୍ତି। ଉଲ୍ଲେଖଥାଉ କି ଜଣେ ପାଇଲଟ ଗୋଟିଏ ଦିନରେ ଅତିବେଶିରେ ୧୦ ଘଣ୍ଟା ବିମାନ ଉଡାଇବାର ନିୟମ ରହିଛି। ପାଇଲଟଙ୍କୁ କ୍ଲାନ୍ତିରୁ ମୁକ୍ତି ଦେବା ଓ ବିମାନ ଉଡ଼ାଣକୁ ସୁରକ୍ଷିତ କରିବା ହେଉଛି ଏହାର ଲକ୍ଷ୍ୟ। ପୁଣି ପ୍ରତ୍ୟେକ ଉଡ଼ାଣ ପରେ ଜଣେ ପାଇଲଟଙ୍କୁ ୧୨ ଘଣ୍ଟା ବିଶ୍ରାମ ନେବା ଜରୁରି ବୋଲି କୁହାଯାଇଛି।

# ୭୦ ଦେଶର ଜେଲ୍‌ରେ ଅଛନ୍ତି ୧୦,୫୭୪ ଭାରତୀୟ କଏଦୀ

ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ବର୍ତ୍ତମାନ ବିଶ୍ୱର ୭୦ଟି ଦେଶରେ ୧୦ ହଜାର ୫୭୪ ଜଣ ଭାରତୀୟ କଏଦୀ ରହିଛନ୍ତି। ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ ଲୋକସଭାରେ ଏହି ତଥ୍ୟ ଉପସ୍ଥାପନ କରାଯାଇଛି। ମଧ୍ୟପ୍ରାଚ୍ୟ ଦେଶ ୟେମେନ ସମେତ ୧୧ଟି ଦେଶରେ ୪୩ ଜଣ ଭାରତୀୟ ମୃତ୍ୟୁଦଣ୍ଡର ସମ୍ମୁଖୀନ ହୋଇଛନ୍ତି। ଏହି କଏଦୀମାନଙ୍କ ମଧ୍ୟରେ କେତେଜଣ ବିଚାରାଧୀନ କଏଦୀ ରହିଛନ୍ତି। ଆଉକେତେ ଜଣ ଦଣ୍ଡିତ ହୋଇ ସାରିଛନ୍ତି। ଆଉ କେତେକ ସଜା ପୂରା କରିବା ପରେ ମୁକ୍ତି ଓ ପ୍ରତ୍ୟାର୍ପଣ ଅପେକ୍ଷାରେ ରହିଛନ୍ତି। ଏମାନଙ୍କ ମଧ୍ୟରେ ୧୪ଟି ଦେଶରେ ୧୦୦ରୁ ଅଧିକ ଭାରତୀୟ ଜେଲ୍‌ରେ ଅଛନ୍ତି। କିନ୍ତୁ ଏହି ସଂଖ୍ୟା ଅଧିକ ହୋଇପାରେ ବୋଲି ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। କିଛି କାରଣରୁ ସବୁ ଦେଶ ସବୁ ତଥ୍ୟ ଦେଇ ନଥାନ୍ତି। ୟୁନାଇଟେଡ ଆରବ ଏମିରେଟ୍ସ (ୟୁଏଇ)ରେ ୨୧ ଜଣ ଭାରତୀୟଙ୍କୁ ମୃତ୍ୟୁ ଦଣ୍ଡରେ ଦଣ୍ଡିତ କରାଯାଇଛି। ଗତ ଗୋଟିଏ ଦଶକରେ ବିଦେଶରେ ଭାରତୀୟ କଏଦୀ ସଂଖ୍ୟାରେ ୬୩ ପ୍ରତିଶତ ବୃଦ୍ଧି ପାଇଛି। ୨୦୧୬ରେ ବିଦେଶୀ ଜେଲ୍‌ରେ ୬, ୪୮୯ ଭାରତୀୟ କଏଦୀ ରହିଥିଲେ। ୨୦୧୬ରେ ୬, ୪୮୯ କଏଦୀ ଥିଲେ। ୨୦୨୫ରେ ଏହି ସଂଖ୍ୟା ୧୦, ୫୭୪ରେ ପହଞ୍ଚିଛି ବୋଲି କୁହାଯାଇଛି।

# ଫାଙ୍କା ଗୁଳିଚାଳନାରେ ୩ ମୃତ, ୬୦ରୁ ଉର୍ଦ୍ଧ୍ୱ ଆହତ

କରାଚି, ୧୪।୮(ଏଜେନ୍ସି): ପାକିସ୍ତାନ ସ୍ୱାଧୀନତା ଦିବସ ପାଳନ ଅବସରରେ କରାଚିରେ ଗୁଳିକାଣ୍ଡ ଘଟିଛି। ଗୁଳି ଚାଳନା କରି ଉତ୍ସବ ମନାଯାଉଥିବା ବେଳେ ଜଣେ ୮ ବର୍ଷର ବାଳକଙ୍କ ସମେତ ୩ ଜଣ ମୃତ୍ୟୁବରଣ କରିଛନ୍ତି। ଏମାନଙ୍କ ମଧ୍ୟ ଜଣେ ବରିଷ୍ଠ ନାଗରିକ ମଧ୍ୟ ସାମିଲ ରହିଛନ୍ତି। ଏହି ଘଟଣାରେ ୬୦ରୁ ଉର୍ଦ୍ଧ୍ୱ ଲୋକ ଆହତ ହୋଇଛନ୍ତି। ଅଗଷ୍ଟ ୧୩ ଓ ୧୪ରେ କରାଚିର ଭିନ୍ନ ଭିନ୍ନ ସ୍ଥାନରେ ଲୋକେ ଉତ୍ସବ ପାଳନ କରିଥିଲେ। କେତେକ ସ୍ଥାନରେ ଲୋକେ ଉପରକୁ ଫାଙ୍କା ଗୁଳି ଚାଳନା କରି ଭିନ୍ନ ଢଙ୍ଗରେ ଉତ୍ସବ ମନାଇଥିଲେ। କିନ୍ତୁ ନିରିହ ଲୋକଙ୍କ ଦେହରେ ଗୁଳି ବାଜିଥିଲା। ଏହାପୂର୍ବରୁ କରାଚିରେ ଏକାଧିକବାର ଏଭଳି ଘଟଣା ଘଟିଛି। ୨୦୨୫ ଜାନୁଆରୀରେ କରାଚିର ଅଲଗା ଅଲଗା ସ୍ଥାନରେ ଗୁଳି ଚାଳନା ଘଟଣାରେ ୪୨ ଜଣ ଲୋକ ପ୍ରାଣ ହରାଇଥିଲେ। ଏଥିରେ ୫ ଜଣ ମହିଳା ସାମିଲ ରହିଥିଲେ। ୨୩୩ଜଣ ଲୋକ ଆହତ ହୋଇଥିଲେ।

# ସ୍ମରଣୀୟ ହୋଇରହିବ ଅପରେସନ ସିନ୍ଦୂର: ରାଷ୍ଟ୍ରପତି



ନୂଆଦିଲ୍ଲୀ, ୧୪।୮: ପହଲଗାମରେ ଆତଙ୍କବାଦୀ ଆକ୍ରମଣର ପ୍ରତିଶୋଧ ନେବା ଲାଗି ଭାରତର 'ଅପରେସନ ସିନ୍ଦୂର' ଥିଲା ଆତଙ୍କବାଦ ବିରୋଧରେ ମାନବିକତାର ଲଢ଼େଇ। ଆତଙ୍କବାଦୀଙ୍କ ପହଲଗାମ ଆକ୍ରମଣ ଥିଲା କାପୁରୁଷପଣିଆ ଏବଂ ଅମାନବିକତାର ପରିଚୟ। ଅପରେସନ ସିନ୍ଦୂର ଜରିଆରେ ଭାରତୀୟ ସେନା ଏହାର ମୁହଁତୋଡ଼ ଜବାବ ଦେଇଛନ୍ତି। ଏଭଳି କାର୍ଯ୍ୟାନୁଷ୍ଠାନ ଜରିଆରେ ଆମର ସେନା ଜଣାଇ ଦେଇଛନ୍ତି ଯେ ଯେକୌଣସି ପରିସ୍ଥିତିର ମୁକାବିଲା ଲାଗି ଆମର ଯବାନ ସର୍ବଦା ପ୍ରସ୍ତୁତ ରହିଛନ୍ତି।

ସ୍ୱାଧୀନତା ଦିବସ ଅବ୍ୟବହିତ ପୂର୍ବରୁ ଆଜି ସନ୍ଧ୍ୟାରେ ଜାତି ଉଦ୍ଦେଶ୍ୟରେ ଉଦ୍‌ବୋଧନ ଦେଇ ଏହା କହିଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ। ଭାରତୀୟ ସେନାର ପ୍ରଶଂସା କରି ସେ କହିଛନ୍ତି ଯେ ଆତଙ୍କବାଦ ବିରୋଧରେ ଅପରେସନ ସିନ୍ଦୂର ଥିଲା ମାନବିକତାର ଲଢେଇ ଏବଂ ଇତିହାସରେ ଏହା ଲିପିବଦ୍ଧ ହୋଇରହିବ। ଯେଉଁମାନେ ଆମକୁ ଭାଗ ଭାଗ କରିବାକୁ ଚାହିଁଥିଲେ ସେମାନଙ୍କୁ ଭାରତବାସୀ ଏକ ହୋଇ ଠିକଣା ଜବାବ ଦେଇଛନ୍ତି। ଭାରତ କାହା ଉପରେ ଆକ୍ରମଣ କରିବ ନାହିଁ। କିନ୍ତୁ ଆକ୍ରମଣର ଶିକାର ହେଲେ ଭାରତ କିପରି ଉଚିତ ଜବାବ ଦେଇପାରୁଛି, ଭାରତର ସେହି ଶକ୍ତିକୁ ସାରା ବିଶ୍ୱ ଦେଖିଲା।

ଏହି ଅବସରରେ ଭାରତର ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ସ୍ୱାଧୀନତା ସଂଗ୍ରାମୀଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି। ରାଷ୍ଟ୍ରପତି ତାଙ୍କ ଉଦବୋଧନରେ ଦେଶର ଗଣତାନ୍ତ୍ରିକ ମୂଲ୍ୟବୋଧର ପ୍ରଶଂସା କରିବା ସହିତ ଭାରତର ଅର୍ଥନୈତିକ ବିକାଶ ଉପରେ ଆଲୋକପାତ କରିଛନ୍ତି। ଜିଡିପରେ ୬.୫ ପ୍ରତିଶତ ଅଭିବୃଦ୍ଧି ହୋଇଛି। ମେକ୍ ଇନ୍ ଇଣ୍ଡିଆ ଏବଂ ଆତ୍ମନିର୍ଭର ଭାରତ ସଫଳ ହେଉଛି। ୨୦୪୭ ସୁଦ୍ଧା ଭାରତକୁ ବିକଶିତ ରାଷ୍ଟ୍ରରେ ପରିଣତ କରିବା ଲାଗି ସଂକଳ୍ପ ନେବାକୁ ରାଷ୍ଟ୍ରପତି ଦେଶବାସୀଙ୍କୁ ଆହ୍ୱାନ ଜଣାଇଛନ୍ତି।

# ପାକିସ୍ତାନକୁ ଭାରତର ଚେତାବନୀ



ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ଭାରତ ଓ ପାକିସ୍ତାନ ମଧ୍ୟରେ କୂଟନୈତିକ ସମ୍ପର୍କରେ ତିକ୍ତତା ଶୀର୍ଷରେ ପହଞ୍ଚିଛି। କେତେକ ପାକିସ୍ତାନ ନେତା ଭାରତ ବିରୋଧରେ ଦାୟିତ୍ୱହୀନ ମନ୍ତବ୍ୟ ଦେବା ପରେ ଭାରତ ମଧ୍ୟ ଏହାର ଜବାବ ଦେଇଛି। ନିଜ ଭାଷା ଉପରେ ନିୟନ୍ତ୍ରଣ ରଖିବାକୁ ଭାରତ ପାକିସ୍ତାନକୁ ଚେତାବନୀ ଦେଇଛି। ବୈଦେଶିକ ମନ୍ତ୍ରଣାଳୟ ମୁଖପାତ୍ର ରଣଧୀର ଜୟସ୍ୱାଲ ଗୁରୁବାର ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ, ନିଜର ଅପାରଗତାକୁ ଲୁଚାଇବା ପାଇଁ ପାକିସ୍ତାନ ନେତାମାନେ ଭାରତ ବିରୋଧରେ ଏଭଳି ଦାୟିତ୍ୱହୀନ, ଯୁଦ୍ଧ ପାଇଁ ଉସ୍‌କାଇବା ଓ ଘୃଣା ସୃଷ୍ଟି କଲା ଭଳି ମନ୍ତବ୍ୟ ଦେଉଛନ୍ତି। ପାକ୍ ନେତାମାନେ ନିଜର ଭାଷା ଓ ବକ୍ତବ୍ୟ ଉପରେ ନିୟନ୍ତ୍ରଣ ରଖିବା ଉଚିତ। ଯଦି ପାକିସ୍ତାନ କୌଣସି ଭୁଲ ପଦକ୍ଷେପ ନିଏ, ତେବେ ତା'ର ପରିଣତି ପାକିସ୍ତାନ ପାଇଁ ବହୁତ ଯନ୍ତ୍ରଣାଦାୟକ ହେବ ବୋଲି ଜୟସ୍ୱାଲ ଚେତାଇଛନ୍ତି। ସିନ୍ଧୁ ନଦୀ ଚୁକ୍ତିରୁ ଭାରତ ଓହରିଯିବା ପରେ ଗତ ୪୮ ଘଣ୍ଟା ମଧ୍ୟରେ ପାକିସ୍ତାନର ତିନି ଜଣ ନେତା ଭାରତ ବିରୋଧରେ ପରମାଣୁ ଆକ୍ରମଣ ଧମକ ଦେଇଥିଲେ।

## ନିଜ ଭାଷା ଉପରେ ନିୟନ୍ତ୍ରଣ ରଖ
## ନଚେତ ପରିଣାମ ଯନ୍ତ୍ରଣାଦାୟକ ହେବ

ଏମାନଙ୍କ ମଧ୍ୟରେ ପାକ୍ ସେନାମୁଖ୍ୟ ଆସିମ ମୁନୀର, ପ୍ରଧାନମନ୍ତ୍ରୀ ଶାହବାଜ ସରିଫ ଓ ପୂର୍ବତନ ବୈଦେଶିକ ମନ୍ତ୍ରୀ ବିଲାୱଲ ଭୁଟ୍ଟୋ ସାମିଲ ରହିଛନ୍ତି।

ଯଦି ସିନ୍ଧୁ ନଦୀରେ ଭାରତ କୌଣସି ବନ୍ଧ ନିର୍ମାଣ କରେ ତେବେ ପାକିସ୍ତାନ ।।କ୍ଷେପଣାସ୍ତ୍ର ମାଡ କରି ତାକୁ ଧ୍ୱଂସ କରିଦେବ ବୋଲି ମୁନୀର ଧମକ ଦେଇଥିଲେ। ସେହିପରି ଭାରତ ସହ ଯୁଦ୍ଧ କରି ଆମେ ସବୁ ୬ଟି ନଦୀକୁ ଫେରାଇ ଆଣିବୁ ବୋଲି ବିଲାୱଲ କହିଥିଲେ। ଯଦି ଶତ୍ରୁ ପାଣି ରୋକେ ତେବେ ଆମେ ଏଭଳି ଶାସ୍ତି ଦେବୁ ଯେ, ତାହାକୁ ସାରା ଜୀବନ ଭୁଲି ପାରିବ ନାହିଁ ବୋଲି ଶାହବାଜ ସରିଫ କହିଥିଲେ। ସିନ୍ଧୁ ଚୁକ୍ତି ନେଇ ପାକିସ୍ତାନର ଦାବିକୁ ଜୟସ୍ୱାଲ ପ୍ରତ୍ୟାଖାନ କରିଛନ୍ତି। ପହଲଗାମ ଆକ୍ରମଣ ସହିତ ସୀମାରେ ପାକିସ୍ତାନ ପ୍ରାୟୋଜିତ ଆତଙ୍କବାଦୀ କାର୍ଯ୍ୟକଳାପ ଜବାବରେ ଭାରତ ସିନ୍ଧୁ ଚୁକ୍ତିକୁ ସ୍ଥଗିତ ରଖିଛି ବୋଲି ସେ ସ୍ପଷ୍ଟ କରିଛନ୍ତି। ୨୦୨୫ ଜୁନ୍ ୨୭ରେ ଏକ ପ୍ରେସ ବିବୃତି ।।ରେ ଭାରତ ଏନେଇ ସ୍ପଷ୍ଟ କରିଥିଲା ବୋଲି ସେ କହିଛନ୍ତି।

# ଅପରେସନ ସିନ୍ଦୂରରେ ପାକିସ୍ତାନକୁ ଧୂଳି ଚଟାଇଥିବା ୯ ପାଇଲଟଙ୍କୁ ବୀର ଚକ୍ର

ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ଅପରେସନ ସିନ୍ଦୂରରେ ସାହସିକତା ପ୍ରଦର୍ଶନ କରିଥିବା ସଶସ୍ତ୍ର ବଳର ୮୬ ଜଣ ଯବାନଙ୍କୁ ଗାଲଣ୍ଟ୍ରି ପୁରସ୍କାର ଦେବାକୁ ଘୋଷଣା କରାଯାଇଛି। ବାୟୁସେନାର ୫୨ ଜଣ ଯବାନଙ୍କୁ ବୀରତା ପୁରସ୍କାରରେ ସମ୍ମାନିତ କରାଯିବ। ସ୍ୱାଧୀନତା ଦିବସ ଅବ୍ୟବହିତ ପୂର୍ବରୁ ଆଜି ସନ୍ଧ୍ୟାରେ ଏହା ଘୋଷଣା କରାଯାଇଛି। ଅପରେସନ ସିନ୍ଦୂରରେ ପାକିସ୍ତାନକୁ ଧୂଳି ଚଟାଇଥିବା ବାୟୁସେନାର ୯ ଜଣ ପାଇଲଟଙ୍କୁ ବୀରଚକ୍ର ପୁରସ୍କାର ପ୍ରଦାନ କରାଯିବ। ଅପରେସନ ସିନ୍ଦୂରରେ ପାକିସ୍ତାନର ଆତଙ୍କୀ ଠିକଣାକୁ ଧ୍ୱଂସ କରିଥିବା ପାଇଲଟ ଏଥିରେ ସାମିଲ ରହିଛନ୍ତି। ପରମବୀର ଚକ୍ର ଓ ମହାବୀର ଚକ୍ର ପରେ ବୀର ଚକ୍ରଙ୍କୁ ତୃତୀୟ ସ।।ର୍ବୋଚ୍ଚ ସାମରିକ ପୁରସ୍କାର ରୂପେ ବିବେଚନା କରାଯାଇଥାଏ। ଅପରେସନ ସିନ୍ଦୂର ପାଇଁ ଭାରତୀୟ ବାୟୁ ସେନାର ୱିଙ୍ଗ କମାଣ୍ଡର ଅଭିମନ୍ୟୁ ସିଂଙ୍କୁ ସୌର୍ଯ୍ୟ ଚକ୍ରରେ ସମ୍ମାନିତ କରାଯାଇଛି। ସେହିପରି ୯ ଜଣ ରଞ୍ଜିତ ସିଂ



ସିଦ୍ଧୁ, ମନୀଷ ଅରୋଡା, ଅନିମେଷ ପାଟନୀ, କୃଣାଳ କାଲରା (ସମସ୍ତେ ଗ୍ରୁପ୍ କ୍ୟାପଟେନ), ସାର୍ଥକ କୁମାର, ସିଦ୍ଧାନ୍ତ ସିଂ, ରିଜୱାନ ମଲିକ (ସମସ୍ତେ ସ୍କ୍ୱାଡ୍ରନ ଲିଡର) ଏବଂ ଫ୍ଲାଇଟ୍ ଲେପଟନାଣ୍ଟ ଅର୍ଶବୀର ସିଂ ଠାକୁରଙ୍କୁ ବୀର ଚକ୍ର ପ୍ରଦାନ କରାଯାଇଛି।

ସଶସ୍ତ୍ର ବଳର ୭ ଜଣ ଅଧିକାରୀଙ୍କୁ ସର୍ବୋତ୍ତମ ଯୁଦ୍ଧ ସେବା ପଦକ ପ୍ରଦାନ କରାଯାଇଛି। ଏମାନଙ୍କ ମଧ୍ୟରେ ବାୟୁସେନାର ୩ ଓ ସେନାର ୨ ଓ ନୌସେନାର ଜଣେ ଅଧିକାରୀ ସାମିଲ ରହିଛନ୍ତି। ଏହାପୂର୍ବରୁ ଏହି ପୁରସ୍କାର କାରିଗିଲ ଯୁଦ୍ଧ ସମୟରେ ଶେଷଥର ପାଇଁ ଦିଆଯାଇଥିଲା। ସେହିପରି ଭାରତୀୟ ସେନାର ୧୮ ଜଣ ଯବାନଙ୍କୁ ବୀରତା ମେଡାଲରେ ସମ୍ମାନିତ କରାଯାଇଛି। ଦୁଇଜଣ ବରିଷ୍ଠ ସେନା ଅଧିକାରୀଙ୍କୁ ସର୍ବୋତ୍ତମ ଯୁଦ୍ଧ ସେବା ପଦକରେ ମଧ୍ୟ ସମ୍ମାନିତ କରାଯାଇଛି। ସେହିପରି ୪ କୀର୍ତ୍ତି ଚକ୍ର, ୪ ବୀର ଚକ୍ର ଓ ୮ ସୌର୍ଯ୍ୟ ଚକ୍ର ପୁରସ୍କର ମଧ୍ୟ ଭାରତୀୟ ସେନା ଅଧିକାରୀଙ୍କୁ ପ୍ରଦାନ କରାଯାଇଛି। ସେହିପରି ବିଏସ୍‌ଏଫ୍‌ର ୧୬ ଯବାନଙ୍କୁ ବୀରତା ମେଡାଲରେ ସମ୍ମାନିତ କରାଯାଇଛି।

## ଜମ୍ମୁ-କଶ୍ମୀରକୁ ପୁଣିଥରେ ରାଜ୍ୟର ମର୍ଯ୍ୟାଦା ଦେବା ମାମଲା

# କେନ୍ଦ୍ରଠାରୁ ଜବାବ ମାଗିଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଫେରାଇବା ଦାବିରେ ଗୁରୁବାର ସୁପ୍ରିମକୋର୍ଟରେ ଶୁଣାଣି ହୋଇଛି। କେନ୍ଦ୍ର ସରକାରଙ୍କୁ ୮ ସପ୍ତାହ ମଧ୍ୟରେ ଏ ନେଇ ଲିଖିତ ଭାବେ ଉତ୍ତର ଦେବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଗତ ଏପ୍ରିଲରେ ପହଲଗାମ୍‌ରେ ହୋଇଥିବା ଆତଙ୍କବାଦୀ ଆକ୍ରମଣ କଥା ମଧ୍ୟ କୋର୍ଟ ଉଲ୍ଲେଖ କରିଛନ୍ତି। ଏଭଳି ଆକ୍ରମଣକୁ ଅଣଦେଖା କରିହେବନାହିଁ ବୋଲି କୋର୍ଟ ସ୍ପଷ୍ଟ କରିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ଜଷ୍ଟିସ ବିଆର ଗଭାଇ ଓ ଜଷ୍ଟିସ କେ ବିନୋଦ ଚନ୍ଦ୍ରନଙ୍କୁ ଗଠିତ ଖଣ୍ଡପୀଠ ଏହାକୁ ଚନ୍ତାଜନକ ବୋଲି କହିଛନ୍ତି। ଜମ୍ମୁ-କଶ୍ମୀରରେ ତୃଣମୂଳ ସ୍ତରରେ ଥିବା ସମସ୍ୟା, ବାସ୍ତବ ସ୍ଥିତି ଓ ପହଲଗାମ ଭଳି ଆତଙ୍କବାଦୀ ଘଟଣାକୁ ଆଦୌ ଅଣଦେଖା କରିହେବ ନାହିଁ ବୋଲି ଶୁଣାଣି ବେଳେ ଖଣ୍ଡପୀଠ ସ୍ପଷ୍ଟ କରିଛନ୍ତି।

ଉଲ୍ଲେଖଥାଉ କି ୨୦୧୯ ଅଗଷ୍ଟ ୫ରେ ସମ୍ବିଧାନର ୩୭୦ ଧାରାକୁ ଉଚ୍ଛେଦ କରାଯାଇଥିଲା। ଏହାପରେ କେନ୍ଦ୍ର ସରକାର ଜାମ୍ମୁ-କଶ୍ମୀରକୁ ଏକ କେନ୍ଦ୍ର ଶାସିତ ଅଞ୍ଚଳରେ ପରିଣତ କରିଥିଲେ। ଏହା ବିରୋଧରେ କେନ୍ଦ୍ର ସରକାରଙ୍କ ନିଷ୍ପତ୍ତିକୁ ସୁପ୍ରିମକୋର୍ଟରେ ଚ୍ୟାଲେଞ୍ଜ କରାଯାଇଥିଲା। ତେବେ ୨୦୨୩ରେ ସୁପ୍ରିମକୋର୍ଟ କେନ୍ଦ୍ର ସରକାରଙ୍କ ଏହି ନିଷ୍ପତ୍ତିକୁ ଠିକ୍ ବୋଲି କହିଥିଲେ। ସେତେବେଳେ ସଲିସିଟର ଜେନେରାଲ ତୁଷାର ମେହେଟା କେନ୍ଦ୍ର ସରକାର ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଦେବାକୁ ଅଶ୍ୱାସନା ଦେଇଥିଲେ। ତେବେ ଜମ୍ମୁ-କଶ୍ମୀରକୁ ରାଜ୍ୟର ମର୍ଯ୍ୟାଦା ଦେବାକୁ କୋର୍ଟ କୌଣସି ସମୟସୀମା ଧାର୍ଯ୍ୟ କରିନଥିଲେ।

ଜମ୍ମୁ-କଶ୍ମୀର ସ୍ଥିତିକୁ ବିଚାର କଲେ ବର୍ତ୍ତମାନ ଏନେଇ କୌଣସି କଥା ଉଠାଯିବା କଥା ନୁ।।ହେଁ। ଆମେ ସବୁ କଥା ମାନିବୁ ଓ ଏଥିପାଇଁ ୮ ସପ୍ତାହ ସମୟ ଦିଆଯାଉ ବୋଲି ତୁଷାର କୋର୍ଟଙ୍କୁ କହିଥିଲେ। ଆଠ ସପ୍ତାହ ପରେ ଏ ନେଇ ଶୁଣାଣି ହେବ। ୩୭୦ ଧାରା ହଟାଯିବା ପରେ ଜମ୍ମୁ-କଶ୍ମୀରରେ ୨୦୨୪ ସେପ୍ଟେମ୍ବରରେ ବିଧାନସଭା ନିର୍ବାଚନ ଅନୁଷ୍ଠିତ ହୋଇଥିଲା। ୩ଟି ପର୍ଯ୍ୟାୟରେ ହୋଇଥିବା ନିର୍ବାଚନ ଫଳାଫଳ ଅକ୍ଟୋବର ୮ରେ ପ୍ରକାଶିତ ହୋଇଥିଲା। କିନ୍ତୁ ରାଜ୍ୟର ମର୍ଯ୍ୟାଦା ନ ମିଳିବା ପର୍ଯ୍ୟନ୍ତ ନିର୍ବାଚିତ ସରକାରଙ୍କ ମହତ୍ତ୍ୱ ପ୍ରାୟ ନାହିଁ ବୋଲି ଆବେଦନକାରୀଙ୍କ ତରଫରୁ ଯୁକ୍ତି କରାଯାଇଥିଲା।

# ପୁତିନଙ୍କୁ ପୁଣି ଧମକ ଦେଲେ ଟ୍ରମ୍ପ

ୱାଶିଂଟନ, ୧୪।୮(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରୁଷିଆ ରାଷ୍ଟ୍ରପତି ଭ୍ଲାଦିମିର ପୁତିନଙ୍କୁ ପୁଣି ଧମକ ଦେଇଛନ୍ତି। କହିଛନ୍ତି ଯେ ଶୁକ୍ରବାର ଆଲାସ୍କାରେ ପୁତିନଙ୍କ ସହିତ ହେବାକୁ ଥିବା ଶିଖର ବୈଠକ ବିଫଳ ହେଲେ ରୁଷକୁ ଭୟଙ୍କର ପରିଣାମ ଭୋଗିବାକୁ ପଡ଼ିବ।

## ଯୁଦ୍ଧ ବନ୍ଦ ନକଲେ ପରିଣତି ଭୟଙ୍କର ହେବ



ଟ୍ରମ୍ପ କହିଛନ୍ତି ଯେ ୟୁକ୍ରେନରେ ଯୁଦ୍ଧ ସମାପ୍ତ ପାଇଁ ସେ ପୁତିନଙ୍କୁ ବୁଝାଇବେ। ଯୁଦ୍ଧ ଶେଷ କରିବାକୁ ପୁତିନ ରାଜି ନହେଲେ ତାଙ୍କୁ ଗମ୍ଭୀର ପରିଣତି ଭୋଗିବାକୁ ହେବ। ଅଗଷ୍ଟ ୧୫ ଅର୍ଥାତ ଶୁକ୍ରବାର ଟ୍ରମ୍ପ ଓ ପୁତିନ ଆଲାସ୍କାରେ ଶିଖର ବୈଠକ କରିବେ। ୟୁକ୍ରେନରେ ଗତ ସାଢ଼େ ୩ ବର୍ଷ ହେବ ଚାଲିଥିବା ଯୁଦ୍ଧକୁ ରୋକିବା ହେଉଛି ଏହି ବୈଠକର ମୂଳ ଲକ୍ଷ୍ୟ। ଦୁଇ ନେତା ପ୍ରଥମଥର ପାଇଁ ଆମେରିକା ମାଟିରେ ପରସ୍ପରକୁ ଭେଟିବାକୁ ଯାଉଛନ୍ତି। ପୂର୍ବରୁ ବୁଧବାର ଟ୍ରମ୍ପ ୟୁକ୍ରେନ ରାଷ୍ଟ୍ରପତି ଭୋଲୋଦିମିର ଜେଲେଁସ୍କି ଓ ଅନ୍ୟ ୟୁରୋପୀୟ ନେତାଙ୍କ ସହ ଆଭାସୀ ବୈଠକରେ ମିଳିତ ହୋଇଥିଲେ। ଯୁଦ୍ଧ ଶେଷ କରିବାକୁ ହେଲେ ଦୁଇ ଦେଶକୁ ଜମି ଅଦଳବଦଳ କରିବାକୁ ହେବ ବୋଲି ଟ୍ରମ୍ପ କହିଥିଲେ। କିନ୍ତୁ ଏଥିରେ ୟୁକ୍ରେନ କ୍ଷତିଗ୍ରସ୍ତ ହେବ ବୋଲି ୟୁରୋପୀୟ ନେତାମାନେ ଟ୍ରମ୍ପଙ୍କୁ ଅବଗତ କରାଇଥିଲେ। ଅପରପକ୍ଷରେ ଯୁଦ୍ଧ ଶେଷ କରିବାକୁ ନିଜ ଦେଶର ଜମି ଛାଡିବାକୁ ଜେଲେଁସ୍କି ମନା କରି ଦେଇଛନ୍ତି। ତେଣୁ ଆଲାସ୍କା ବୈଠକ ଉପରେ ଏବେ ସାରା ବିଶ୍ୱର ନଜର ରହିଛି ଓ ଏହି ବୈଠକ ଫଳାଫଳ କ'ଣ ହେବ ସେ ନେଇ ବିଭିନ୍ନ ଆକଳନ କରାଯାଉଛି। ପୁଣି ଯଦି ଟ୍ରମ୍ପ ଓ ପୁତିନଙ୍କ ମଧ୍ୟରେ ଏହି ବୈଠକ ବିଫଳ ହୁଏ, ତେବେ ଭାରତ ଉପରେ ମଧ୍ୟ ଏହାର ନକାରାତ୍ମକ ପ୍ରଭାବ ପଡ଼ିବ। ଭାରତ ଉପରେ ଆହୁରି ଶୁଳ୍କ ଲାଗୁ କରାଯିବ ବୋଲି ଆମେରିକାର ଅର୍ଥ ସଚିବ ସ୍କଟ ବେସେଣ୍ଟ କହିଛନ୍ତି। ରୁଷିଆଠାରୁ ଭାରତ ତୈଳ କ୍ରୟ କରୁଥିବାରୁ ଆମେରିକାର ପୂର୍ବରୁ ୨୫ ଓ ପରେ ଆଉ ୨୫ ପ୍ରତିଶତ ଶୁଳ୍କ ଲାଗୁ କରିଥିଲା। ତେଣୁ ଆଲସ୍କା ବୈଠକ ସଫଳତା ଉପରେ ସବୁ କିଛି ନିର୍ଭର କରୁଛି।

ବିଧାୟିକା ପୂଜା ପାଲଙ୍କୁ ପାର୍ଟିରୁ ବହିଷ୍କାର କଲେ ଅଖିଳେଶ

# ଯୋଗୀଙ୍କୁ ପ୍ରଶଂସା କରିବା ମହଙ୍ଗା ପଡ଼ିଲା



ନୂଆଦିଲ୍ଲୀ, ୧୪।୮(ଏଜେନ୍ସି): ସମାଜବାଦୀ ପାର୍ଟି ସୁପ୍ରିମୋ ଅଖିଳେଶ ଯାଦବ ବିଧାୟିକା ପୂଜା ପାଲଙ୍କୁ ପାର୍ଟିରୁ ଗୁରୁବାର ବହିଷ୍କାର କରିଛନ୍ତି। ତାଙ୍କ ସ୍ୱାମୀ ରାଜୁ ପାଲଙ୍କୁ ଗ୍ୟାଙ୍ଗଷ୍ଟର ଅତିକ ଅହମ୍ମଦ ହତ୍ୟା କରିଥିଲା। ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ ଏହି ହତ୍ୟାକାଣ୍ଡ ପାଇଁ ତାଙ୍କୁ ନ୍ୟାୟ ପ୍ରଦାନ କରିଛନ୍ତି ବୋଲି ପୂଜା ବିଧାନସଭାରେ କହିଥିଲେ। ଅପରାଧୀଙ୍କ ବିରୋଧରେ ରାଜ୍ୟ ସରକାରଙ୍କ ଶୂନ୍ୟ ସହନଶୀଳତା ନୀତି ଯୋଗୁଁ ଏହା ସମ୍ଭବ ହୋଇଥିଲା ବୋଲି ସେ କହିଥିଲେ।

ଦଳୀୟ ବିଚାରଧାରା ବିରୋଧରେ ଯାଇ ବିଧାୟିକା ପୂଜା ହିଂସା ପାଇଁ ଯୋଗୀ ଆଦିତ୍ୟନାଥଙ୍କୁ ପ୍ରଶଂସା କରିଥିବାରୁ ତାଙ୍କୁ ପାର୍ଟିରୁ ବହିଷ୍କାର କରିଛନ୍ତି ଦଳର ସୁପ୍ରିମୋ ଅଖିଳେଶ ଯାଦବ। ବିଧାୟିକା ପୂଜା ପାଲ ହେଉଛନ୍ତି ରାଜୁ ପାଲଙ୍କ ପତ୍ନୀ। ୨୦୦୫ରେ ଅତିକ ରାଜୁ ପାଲଙ୍କୁ ହତ୍ୟା କରିଥିଲା। ପରେ ଅତିକ ଓ ତା ଭାଇ ଆଶ୍ରଫଙ୍କୁ ପୁଲିସ ଉପସ୍ଥିତିରେ ହତ୍ୟା କରାଯାଇଥିଲା। ଏଥିପାଇଁ ପୂଜା ମୁଖ୍ୟମନ୍ତ୍ରୀ ଯୋଗୀଙ୍କୁ ଧନ୍ୟବାଦ ଜଣାଇଥିଲେ। 'ମୋତେ ଯାହା ଠିକ୍ ଲାଗିଲା ତାହା ହିଁ କହିଛି। ମୁଁ ସମାଜବାଦୀ ପାର୍ଟିର କିମ୍ବା ଅଖିଳେଶଙ୍କ ନାମ ନେଇ ନଥିଲି। ମୁଁ କେବଳ ଅତିକ ଅହମ୍ମଦର ନାଁ ନେଇଥିଲି ଓ ଯୋଗୀଙ୍କୁ ଧନ୍ୟବାଦ ଜଣାଇଥିଲି। ତେଣୁ କୌଣସି ଅପରାଧ କରିନାହିଁ ବୋଲି ପୂଜା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି। କିନ୍ତୁ ତାଙ୍କ ମନ୍ତବ୍ୟର ନିନ୍ଦ କରିଛି ସମାଜବାଦୀ ପାର୍ଟି।

# 'ବୁଲା କୁକୁର ମାମଲାରେ ନିୟମର ପାଳନ ହେଉନି'




ନୂଆଦିଲ୍ଲୀ, ୧୪।୮ (ଏଜେନ୍ସି): ବୁଲା କୁକୁର ମାମଲାରେ ଆଜି ସୁପ୍ରିମକୋର୍ଟରେ ଶୁଣାଣି ହୋଇଛି। ଜଷ୍ଟିସ ବିକ୍ରମ ନାଥ, ଜଷ୍ଟିସ ସନ୍ଦୀପ ମେହେଟା ଓ ଜଷ୍ଟିସ୍ ଏନ୍‌ବି ଅଞ୍ଜାରିଆଙ୍କୁ ନେଇ ଗଠିତ ସ୍ୱତନ୍ତ୍ର ଖଣ୍ଡପୀଠ ଏହି ମମାଲାରେ ସବୁ ପକ୍ଷରୁ ଦଲିଲ ଶୁଣିବା ପରେ ରାୟ ସଂରକ୍ଷିତ ରଖିଛନ୍ତି। କୋର୍ଟ କହିଛନ୍ତି ଯେ ନିୟମ ପ୍ରସ୍ତୁତ ହେଉଛି, କିନ୍ତୁ ପ୍ରଶାସନ ଏହା ପାଳନ କରୁନାହିଁ।

ସରକାରଙ୍କ ତରଫରୁ ସଲିସିଟର ଜେନେରାଲ ତୁଷାର ମେହେଟା ଦଲିଲ ଦେଇ କହିଥିଲେ ଯେ, ଏଭଳି ମାଂସାହାରୀ ବ୍ୟକ୍ତି ଅଛନ୍ତି ଯେଉଁମାନେ ନିଜକୁ ପଶୁପ୍ରେମୀ ଭାବେ ଉପସ୍ଥାପନ କରୁଛନ୍ତି। ଅନ୍ୟପଟେ ବରିଷ୍ଠ ଓକିଲ କପିଲ ସିବଲ ମାମଲାର ସମାଧାନ ହେଉ ବୋଲି କହିଥିଲେ। ଦିଲ୍ଲୀ- ଏନ୍‌ସିଆର ସବୁ ବୁଲା କୁକୁରଙ୍କୁ ଏକାଠି କରି ଏକ ଆଶ୍ରୟସ୍ଥଳୀରେ ରଖିବା ଏବେ ସମ୍ଭବ ନୁହଁ। କାରଣ ବର୍ତ୍ତମାନ ଏଭଳି ଆଶ୍ରୟସ୍ଥଳୀ ନାହିଁ ବୋଲି ସିବଲ କହିଥିଲେ।

ସମସ୍ତ ବୁଲା କୁକୁରଙ୍କୁ ଉଠାଇ ଆଣି ଆଶ୍ରୟସ୍ଥଳୀରେ ରଖିବା ସହ ବନ୍ଧ୍ୟାକରଣ କରିବାକୁ ସୋମବାର ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ ଓ ଏ ନେଇ ବିବାଦ ସୃଷ୍ଟି ହୋଇଥିଲା। ଏହି କାର୍ଯ୍ୟରେ ବାଧା ସୃଷ୍ଟି କରୁଥିବା ବ୍ୟକ୍ତିଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ କୋର୍ଟ ନିର୍ଦ୍ଦେଶ ଦେଇଥିଲେ। ତେ।।ବେ ବିବାଦ ହେବା ପରେ ଗୁରୁବାର ଏହି ୩ ଜଣ ବିଚାରପତିଙ୍କୁ ନେଇ ଗଠିତ ଏହି ଖଣ୍ଡପୀଠ ଶୁଣାଣି କରିଥିଲେ। କିଛି ଲୋକ ଦିଲ୍ଲୀ-ଏନ୍‌ସିଆର ରାସ୍ତାଗୁଡିକୁ କୁକୁରମୁକ୍ତ କରିବା ନିର୍ଦ୍ଦେଶକୁ ସ୍ୱାଗତ କରିଥିବା ବେଳେ ଆଉ କେତେକ ଏହାର ବିରୋଧ କରିଥିଲେ। ଏହାଦ୍ୱାରା ମଣିଷ ଓ କୁକୁର ମଧ୍ୟରେ ସଂଘର୍ଷ ଉଗ୍ରରୂପ ନେବ ବୋଲି ସେମାନେ ଯୁକ୍ତି କରିଥିଲେ।

# ଭାରତ-ଅଷ୍ଟ୍ରେଲିଆ ହକି ସିରିଜ ଆଜିଠୁ



ପର୍ଥ, ୧୪।୮ (ଏଜେନ୍ସି):

ଘରୋଇ ଅଷ୍ଟ୍ରେଲିଆ ଓ ଭାରତୀୟ ପୁରୁଷ ହକି ଦଳ ମଧ୍ୟରେ ଶୁକ୍ରବାରଠାରୁ ୪ ମ୍ୟାଚ୍‌ବିଶିଷ୍ଟ ସିରିଜ ଆରମ୍ଭ ହେବାକୁ ଯାଉଛି। ସିରିଜର ସମସ୍ତ ମ୍ୟାଚ୍ ପର୍ଥ ହକି ଷ୍ଟାଡିୟମରେ ଖେଳାଯିବ। ଅଗଷ୍ଟ ୧୬, ୧୯ ଓ ୨୧ ତାରିଖରେ ପରବର୍ତ୍ତୀ ୩ଟି ମ୍ୟାଚ୍ ଅନୁଷ୍ଠିତ ହେବ। ହରମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ବର୍ତ୍ତମାନ ଏଫ୍ଆଇଏଚ୍ ର୍‌ୟାଙ୍କିଙ୍ଗରେ ୮ମ ସ୍ଥାନରେ ରହିଛି। ସେହିଭଳି ଘରୋଇ ଅଷ୍ଟ୍ରେଲିଆ ବିଶ୍ୱ ମାନ୍ୟତାର ୫ମ ସ୍ଥାନରେ ଥିବାରୁ ଏହି ସିରିଜ ରୋମାଞ୍ଚକ ହେବ ବୋଲି ଆଶା କରାଯାଉଛି। ସେହିଭଳି ଅଗଷ୍ଟ ୨୯ରୁ ବିହାରରେ ଏସିଆ କପ୍ ହକି ଖେଳାଯିବ। ତେଣୁ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ ଭାରତୀୟ ଦଳ ଲାଗି ଏକ ଭଲ ପ୍ରସ୍ତୁତି ସଦୃଶ ହେବ ବୋଲି ମୁଖ୍ୟ ପ୍ରଶିକ୍ଷକ କ୍ରେଗ ଫୁଲଟନ୍ କହିଛନ୍ତି।

ନିକଟରେ ଏଫ୍ଆଇଏଚ୍ ପ୍ରୋ ଲିଗ୍‌ରେ ଉଭୟ ଦଳ ପରସ୍ପର ବିପକ୍ଷରେ ଦୁଇଥର ଖେଳିଥିଲେ। ଉଭୟ ମ୍ୟାଚରେ ଅଷ୍ଟ୍ରେଲିଆ ୩-୨ ଗୋଲରେ ବିଜୟୀ ହୋଇଥିଲା। କିନ୍ତୁ ୨୦୨୪ ପ୍ୟାରିସ ଅଲିମ୍ପିକ୍ସରେ ଭାରତ ୩-୨ ଗୋଲରେ ଅଷ୍ଟ୍ରେଲିଆକୁ ମାତ୍ ଦେଇଥିଲା। ୧୯୭୨ ମ୍ୟୁନିକ ଗେମ୍ସ ପରେ ଅଲିମ୍ପିକ୍ସରେ ଅଷ୍ଟ୍ରେଲିଆ ବିପକ୍ଷରେ ଭାରତର ଏହା ପ୍ରଥମ ବିଜୟ ଥିଲା। ୨୦୧୩ ପରଠାରୁ ଯଦି ଦୁଇ ଦଳର ରେକର୍ଡ ଉପରେ ନଜର ପକାଇବା ତେବେ ଅଷ୍ଟ୍ରେଲିଆର ପଲା ଭାରି ରହିଛି। ଗତ ୧୨ ବର୍ଷ ମଧ୍ୟରେ ଦୁଇ ଦଳ ୫୧ଟି ମ୍ୟାଚରେ ସାମ୍ନାସାମ୍ନି ହୋଇଛନ୍ତି। ସେଥିମଧ୍ୟରୁ ୩୫ ମ୍ୟାଚରେ ଅଷ୍ଟ୍ରେଲିଆ ବିଜୟୀ ହୋଇଛି। ଅଷ୍ଟ୍ରେଲିଆ ସିରିଜ ଲାଗି ଘୋଷିତ ୨୪ ଜଣିଆ ଭାରତୀୟ ଦଳରେ ଓଡ଼ିଶାରୁ ୩ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ଅମିତ ରୋହିଦାସ, ନୀଲମ ସଞ୍ଜୀପ ଖେସ୍ ଓ ଶିଳାନନ୍ଦ ଲାକ୍ରା।

**ଭାରତୀୟ ଦଳ**

**ଗୋଲରକ୍ଷକ:** କ୍ରିଷାନ ବାହାଦୂର ପାଠକ, ସୂରଜ କେରକେରା


**ଡିଫେଣ୍ଡର:** ସୁମିତ, ଜରମନପ୍ରୀତ୍ ସିଂହ, ହରମନପ୍ରୀତ୍ ସିଂହ (ଅଧିନାୟକ), ସଞ୍ଜୟ, ଅମିତ ରୋହିଦାସ, ନୀଲମ ସଞ୍ଜୀପ ଖେସ, ଯୁଗରାଜ ସିଂହ, ସିବି ପୁଭାନ୍ନା।

**ମିଡ୍‌ଫିଲ୍ଡର:** ରାଜିନ୍ଦର ସିଂହ, ରାଜ କୁମାର ପାଲ୍, ହାର୍ଦ୍ଦିକ ସିଂହ, ମନପ୍ରୀତ୍ ସିଂହ, ବିବେକ ସାଗର ପ୍ରସାଦ, ରବିଚନ୍ଦ୍ରନ ସିଂ ମୋଇରଙ୍ଗଥେମ, ବିଷ୍ଣୁ କାନ୍ତ ସିଂ।

**ଫରୱାର୍ଡ:** ମନଦୀପ୍ ସିଂହ, ଶିଳାନନ୍ଦ ଲାକ୍ରା, ଅଭିଷେକ, ସୁଖଜିତ୍ ସିଂହ, ଦିଲପ୍ରୀତ୍ ସିଂହ, ସେଲଭାମ କାର୍ଥିଓ ଆଦିତ୍ୟ ଲାଲାଗେ।

# ଲିଆଣ୍ଡରଙ୍କ ପିତା ଅଲିମ୍ପିଆନ ଭେସ୍ ପେସ୍‌ଙ୍କ ବିୟୋଗ

କୋଲକାତା, ୧୪।୮: ଭାରତର ମହାନ ଟେନିସ ଖେଳାଳି ଲିଆଣ୍ଡର ପେସ୍‌ଙ୍କ ପିତା ତଥା ଅଲିମ୍ପିକ ପଦକ ବିଜେତା ଭେସ୍ ପେସଙ୍କ ବିୟୋଗ ଘଟିଛି। ମୃତ୍ୟୁବେଳକୁ ତାଙ୍କୁ ୮୦ ବର୍ଷ ବୟସ ହୋଇଥିଲା। ଭେସ୍ କିଛିଦିନ ଧରି ଅସୁସ୍ଥ ଥିଲେ। ଚିକିତ୍ସାଧୀନ ଅବସ୍ଥାନରେ ଗୁରୁବାର ସକାଳେ କୋଲକାତାର ଏକ ହସ୍ପିଟାଲରେ ସେ ଶେଷ ନିଶ୍ୱାସ ତ୍ୟାଗ କରିଥିଲେ।



ଭେସ୍ ୧୯୪୫ ମସିହା ଏପ୍ରିଲ ୩୦ରେ ଗୋଆରେ ଜନ୍ମଗ୍ରହଣ କରିଥିଲେ। ସେ ଏକାଧାରାରେ ବହୁ ପ୍ରତିଭାର ଅଧିକାରୀ ଥିଲେ। ୧୯୬୬ରେ କୋଲକାତାର ପ୍ରେସିଡେନ୍ସି କଲେଜରେ ମେଡିକାଲ ପଢୁଥିବାବେଳେ ଭେସ୍ ଭାରତୀୟ ହକି ଦଳରେ ଖେଳିବାର ସୁଯୋଗ ପାଇଥିଲେ। ହମବର୍ଗ ଇଣ୍ଟରନ୍ୟାସନାଲ କପ୍ ଖେଳି ସେ ଜାତୀୟ ହକି ଦଳରୁ ପଦାର୍ପଣ କରିଥିଲେ। ମଧ୍ୟକ୍ରମରେ ଜଣେ ଦକ୍ଷ ଖେଳାଳି ଥିବା ଭେସ୍ ୧୯୭୧ରେ ବାର୍ସିଲୋନାରେ ଅନୁଷ୍ଠିତ ହକି ବିଶ୍ୱକପ୍ ଖେଳିଥିଲେ। ଏହି ବିଶ୍ୱକପ୍‌ରେ ଭାରତ କାଂସ୍ୟ ପଦକ ଜିତିଥିଲା। ଏହା ପରବର୍ଷ ମ୍ୟୁନିକ ଅଲିମ୍ପିକ୍ସରେ କାଂସ୍ୟ ବିଜୟୀ ଭାରତୀୟ ଦଳର ସେ ପ୍ରମୁଖ ସଦସ୍ୟ ଥିଲେ। ଏହାବାଦ୍ ସେ କ୍ରିକେଟ୍, ଫୁଟବଲ ଓ ରଗବୀରେ ଡିଭିଜନ ଲେଭଲ ମ୍ୟାଚ୍ ଖେଳିଛନ୍ତି। ସେ ମଧ୍ୟ ସ୍ପୋର୍ଟ୍ସ ମେଡିସନରେ ଜଣେ ସାର୍ଟିଫାଏଡ୍ ଡାକ୍ତର ଥିଲେ। ଏସିଆନ କ୍ରିକେଟ କାଉନସିଲ ଓ ବିସିସିଆଇର ଆଣ୍ଟି-ଡୋପିଂ ପ୍ରୋଗ୍ରାମରେ ମଧ୍ୟ ଭେସ୍ କାମ କରିଥିଲେ। ସେହିଭଳି ୧୯୯୬ରୁ ୨୦୦୨ ପର୍ଯ୍ୟନ୍ତ ଭାରତୀୟ ରଗବୀ ଫୁଟବଲ ୟୁନିୟନର ସେ ସଭାପତି ଭାବେ ଦାୟିତ୍ୱରେ ରହିଥିଲେ। କଲକତା କ୍ରିକେଟ୍ ଓ ଫୁଟବଲ କ୍ଲବର ସଭାପତି ଭାବେ ମଧ୍ୟ କିଛି ବର୍ଷ ଦାୟିତ୍ୱ ତୁଲାଇଥିଲେ। ଭେସ୍ ଜେନିଫର ପେସ୍‌ଙ୍କୁ ବିବାହ କରିଥିଲେ। ଜେନିଫର୍ ଭାରତୀୟ ମହିଳା ବାସ୍କେଟବଲ୍ ଦଳର ଅଧିନାୟିକା ଥିଲେ। ତାଙ୍କ ପୁଅ ଲିଆଣ୍ଡର ପେସ୍ ଭାରତୀୟ ଟେନିସର ଜଣେ ମହାନ ଖେଳାଳି।

**ଅଲିମ୍ପିକ୍ସ ଇତିହାସରେ ପ୍ରଥମଥର**

## ବିକ୍ରି ହେବେ ଭେନ୍ୟୁ ନେମିଂ ରାଇଟ୍

ଲସ୍ ଏଞ୍ଜେଲ୍ସ,୧୪।୮ (ଏଜେନ୍ସି): ଅଲିମ୍ପିକ୍ସ ଓ ପାରା ଅଲିମ୍ପିକ୍ସ ଇତିହାସରେ ପ୍ରଥମଥର ପାଇଁ ଭେନ୍ୟୁ ନେମିଂ ରାଇଟ୍ ଅର୍ଥାତ କ୍ରୀଡ଼ା ଆୟୋଜନସ୍ଥଳର ନାମକରଣ ଅଧିକାର ବିକ୍ରି ହେବ। ଆମେରିକାର ଲସ୍ ଏଞ୍ଜେଲ୍ସରେ ୨୦୨୮ରେ ଆୟୋଜନ ହେବାକୁ ଥିବା ଅଲିମ୍ପିକ୍ସରେ ଏହି ଅଧିକାର ବିକ୍ରି କରିବାକୁ ଆୟୋଜକମାନେ ନିଷ୍ପତ୍ତି ନେଇଛନ୍ତି। ଏହାଦ୍ୱାରା ବିପୁଳ ପରିମାଣରେ ଅର୍ଥ ଉପାର୍ଜନ ହେବ। ଏହି ଲକ୍ଷ୍ୟରେ ହିଁ ପ୍ରଥମଥର ପାଇଁ ଏଭଳି ନିଷ୍ପତ୍ତି ନିଆଯାଇଛି ବୋଲି ଆୟୋଜକଙ୍କ ପକ୍ଷରୁ କୁହାଯାଇଛି। ଏହାକୁ ଅନ୍ତର୍ଜାତୀୟ ଅଲିମ୍ପିକ କମିଟି (ଆଇଓସି) ମଧ୍ୟ ସମର୍ଥନ ଜଣାଇଛି। ଏହିକ୍ରମରେ 'କମକାଷ୍ଟ' ଓ 'ହୋଣ୍ଡା' ଭଳି କମ୍ପାନୀ ପ୍ରାରମ୍ଭିକ ଦୁଇଟି ଭେନ୍ୟୁର ନାମକରଣ ଅଧିକାର ହାସଲ କରିଛନ୍ତି। ଆଗକୁ ଆହୁରି କେତୋଟି କର୍ପୋରେଟ୍ ହାଉସ୍ ମଧ୍ୟ ଏହି ନାକମରଣ ଅଧିକାର ହାସଲ କରିବେ ବୋଲି ଆଶା କରାଯାଉଛି। ଏହି ପ୍ରକ୍ରିୟାରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିଥିବାରୁ ଆଇଓସିକୁ ଆୟୋଜକମାନେ କୃତଜ୍ଞତା ଜଣାଇଛନ୍ତି।




# ଆଜି କିସ୍‌ର ୩ ଖୋ ଖୋ ଖେଳାଳିଙ୍କୁ ସମ୍ବର୍ଦ୍ଧିତ କରିବେ ପ୍ରଧାନମନ୍ତ୍ରୀ



ଭୁବନେଶ୍ୱର, ୧୪।୮ (ସମିସ): ସାଧାରଣତନ୍ତ୍ର ଦିବସ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶୁକ୍ରବାର ନୂଆଦିଲ୍ଲୀର ଲାଲ୍ କିଲ୍ଲାରେ ଜାତୀୟ ପତାକା ଉତ୍ତୋଳନ କରିବେ। ଏହି ଅବସରରେ ପ୍ରଧାନମନ୍ତ୍ରୀ ବିଶ୍ୱକପ୍ ବିଜୟୀ ଭାରତୀୟ ପୁରୁଷ ଓ ମହିଳା ଖୋ ଖୋ ଦଳକୁ ସମ୍ବର୍ଦ୍ଧିତ କରିବାର କାର୍ଯ୍ୟକ୍ରମ ରହିଛି। ସମ୍ବର୍ଦ୍ଧିତ ହେବାକୁ ଥିବା ଭାରତୀୟ ପୁରୁଷ ଓ ମହିଳା ଖୋ ଖୋ ଦଳରେ କିସ୍ ବିଶ୍ୱବିଦ୍ୟାଳୟର ୩ଜଣ ଖେଳାଳି ରହିଛନ୍ତି। ସେମାନେ ହେଲେ ପବନୀ ଶବର, ଶୁଭଶ୍ରୀ ସିଂ ଓ ମଗାଇ ମାଝୀ। ଏହି ଅବସରରେ କିଟ୍ ଓ କିସର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମ୍ବର୍ଦ୍ଧିତ ହେବାକୁ ଥିବା ୩ ଖେଳାଳିଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ସେମାନଙ୍କ ସଫଳତା ଆମ ସମସ୍ତଙ୍କ ପାଇଁ ଗର୍ବର ବିଷୟ ବୋଲି ସେ ତାଙ୍କ ଶୁଭେଚ୍ଛା ବାର୍ତ୍ତାରେ ଉଲ୍ଲେଖ କରିଛନ୍ତି। ଉଲ୍ଲେଖଯୋଗ୍ୟ, ଚଳିତ ବର୍ଷ ପ୍ରାରମ୍ଭରେ ଖୋ ଖୋ ବିଶ୍ୱକପ୍‌ର ପ୍ରଥମ ସଂସ୍କରଣ ନୂଆଦିଲ୍ଲୀରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଆୟୋଜକ ଭାରତର ଉଭୟ ପୁରୁଷ ଓ ମହିଳା ଦଳ ଚାମ୍ପିଅନ ହୋଇ ସ୍ୱର୍ଣ୍ଣ ପଦକ ଜିତିଥିଲା। ଦୁଇ ମହାରାଷ୍ଟ୍ର ଖେଳାଳି ପ୍ରତୀକ ୱାଇକର ଓ ପ୍ରିୟଙ୍କା ଇଙ୍ଗଲେ ଯଥାକ୍ରମେ ଭାରତୀୟ ପୁରୁଷ ଓ ମହିଳା ଦଳର ନେତୃତ୍ୱ ନେଉଥିଲେ।

**■ ସିନ୍‌ସିନ୍ନାଟି ଓପନ**

## କ୍ୱାର୍ଟରରେ ସିନ୍ନର, ସାବାଲେଙ୍କା

ନ୍ୟୁୟର୍କ, ୧୪।୮ (ଏଜେନ୍ସି): ଡିଫେଣ୍ଡିଂ ଚାମ୍ପିଅନ ଜାନ୍ନିକ ସିନ୍ନର ଓ ଆରିନା ସାବାଲେଙ୍କା ଏଠାରେ ଚାଲିଥିବା ସିନ୍‌ସିନ୍ନାଟି ଓପନ୍‌ର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ପୁରୁଷ ସିଙ୍ଗଲ୍ସ ରାଉଣ୍ଡ-୧୬ ମୁକାବିଲାରେ ସିନ୍ନର ୬-୪, ୭-୬ (୭/୪) ସେଟରେ ଆଡ୍ରିଆନ ମାନ୍ନାରିନୋଙ୍କୁ ପରାସ୍ତ କରିଥିଲେ। କ୍ୱାର୍ଟର ଫାଇନାଲରେ ସିନ୍ନରଙ୍କ ମୁକାବିଲା କାନାଡାର ଫେଲିକ୍ସ ଆଗର ଆଲିଆସିମେଙ୍କ ସହ ହେବ। ସେହିଭଳି ୨ୟ ସିଡ୍ ତଥା ସ୍ପାନିଶ ତାରକା କାର୍ଲୋସ ଆଲ୍‌କାରାଜ ୬-୧, ୬-୪ ସିଧାସଳଖ ସେଟ୍‌ରେ ଇଟାଲୀର ଲୁକା ନାର୍ଦ୍ଦିଙ୍କୁ ମାତ୍ ଦେଇ ରାଉଣ୍ଡ-୮ରେ ପହଞ୍ଚିଛନ୍ତି। ଅପରପକ୍ଷରେ ମହିଳା ବିଭାଗରେ ଟପ୍ ସିଡ୍ ସାବାଲେଙ୍କା ୬-୧, ୭-୫ ସେଟ୍‌ରେ ସ୍ପେନର ଜେସିକା ବୌଜାସ ମାନେଇରୋ ହରାଇଥିଲେ। ଶୁକ୍ରବାର କ୍ୱାର୍ଟର ଫାଇନାଲରେ ସାବାଲେଙ୍କା କାଜାଖସ୍ତାନର ଏଲିନା ରିବାକିନାଙ୍କୁ ଭେଟିବେ।








**ପୁରୀରେ ଟି-୨୦ ଟେନିସ୍ ବଲ୍ କ୍ରିକେଟ**

# ସିଂହଦ୍ୱାରରେ ଟ୍ରଫି ଓ ବ୍ରୋଚର ଉନ୍ମୋଚନ

ପୁରୀ,୧୪।୮ (ସମିସ): ସର୍ବଭାରତୀୟ ଟି-୨୦ ଟେନିସ ବଲ୍ କ୍ରିକେଟ ଚାମ୍ପିଅନସିପ୍‌ର ୩ୟ ସଂସ୍କରଣ ସେପ୍ଟେମ୍ବର ୧୧ରୁ ପୁରୀରେ ଆରମ୍ଭ ହେବ। ଗୁରୁବାର ଏହାର ବ୍ରୋଚର ଉନ୍ମୋଚନ କରିଛନ୍ତି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ। ସିଂହଦ୍ୱାରରେ ସେବକମାନଙ୍କ ଉପସ୍ଥିତିରେ ଟୁର୍ଣ୍ଣାମେଣ୍ଟର ଟ୍ରଫି ମଧ୍ୟ ଉନ୍ମୋଚିତ ହୋଇଛି। ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ଦେବାଶିଷ ମହାନ୍ତି ପ୍ରତିଯୋଗିତାର ଅଫିସିଆଲ୍ ବ୍ରାଣ୍ଡ ଆମ୍ବାସଡର ରହିଛନ୍ତି। ଏହି ପ୍ରତିଯୋଗିତାରେ ୨୫ ରାଜ୍ୟର ୩୨ ଦଳ ଭାଗନେବେ। ଟି-୨୦ ଫର୍ମାଟ୍ ବା ୨୦ ଓଭର ବିଶିଷ୍ଟ ଏହି ଟୁର୍ଣ୍ଣାମେଣ୍ଟ ପୁରୀର ଜଗନ୍ନାଥ କ୍ରିକେଟ ଷ୍ଟାଡିୟମ୍‌ରେ ଖେଳାଯିବ। ଟି-୨୦ ଟେନିସ ବଲ୍ କ୍ରିକେଟ ଆସୋସିଏସନ ଅଫ୍ ଇଣ୍ଡିଆର ସଭାପତି ତଥା ଶ୍ରୀମନ୍ଦିର ସେବକ ଭବାନୀ ଦାସ ମହାପାତ୍ର ଏହି ସୂଚନା ଦେଇଛନ୍ତି। ପୂର୍ବରୁ ଏହି ଚାମ୍ପିଅନସିପ୍ ଉତ୍ତର ପ୍ରଦେଶ ଓ ଗୋଆରେ ଅନୁଷ୍ଠିତ ହୋଇସାରିଛି। ଚାରିଦିନ ଧରି ଆୟୋଜିତ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୩୨ ଦଳକୁ ୪ଟି ଗ୍ରୁପ୍‌ରେ ବିଭକ୍ତ କରାଯାଇଛି। ଆୟୋଜକ ଓଡ଼ିଶା ଗ୍ରୁପ୍ 'ଏ'ରେ ପଶ୍ଚିମବଙ୍ଗ, ଆସାମ, ୟୁପି, ବିହାର ଦଳ ସ୍ଥାନ ପାଇଛି। ଉଦ୍‌ଘାଟନୀ ଉତ୍ସବରେ ବଲିଉଡ୍ ସେଲିବ୍ରିଟିମାନେ ପ୍ରଦର୍ଶନ କରିବା କାର୍ଯ୍ୟକ୍ରମ ରହିଛି।






PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS